• RNI REGD NO: 42041/83
• www.sakalaepaper.com
• /sakalanews
• /sakalanews
• www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-139 •SATURDAY •15 NOVEMBER 2025 •PAGE-12 •₹ 6.00 | BHUBANESWAR | •ବର୍ଷ-୪୩ •ସଂଖ୍ୟା-୧୩୯ •ଶନିବାର •୧୫ ନଭେମ୍ବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦





୩୨ ବଲ୍‌ରେ
ସୂର୍ଯ୍ୟବଂଶୀଙ୍କ ଶତକ
▶ପୃଷ୍ଠା ୧୨ ଦେଖନ୍ତୁ...

# ବିହାରରେ 'ନୀମୋ' ସୁନାମି

## ଏନ୍‌ଡିଏକୁ ୨୦୨, ମହାମେଣ୍ଟକୁ ୩୫ ଆସନ

■ ପାଟନା, ୧୪।୧୧ (ଏଜେନ୍ସି): ଭୁଲ ସାବ୍ୟସ୍ତ ହୋଇଛି ସବୁ ଏକ୍‌ଜିଟ୍ ପୋଲ୍ ରିପୋର୍ଟ। ବିହାର ବିଧାନସଭା ଫଳାଫଳରେ ଖେଳିଯାଇଛି ନୀମୋ (ନୀତୀଶ-ମୋଦୀ) ସୁନାମି। ପ୍ରଚଣ୍ଡ ବିଜୟ ସହ ବିହାରରେ କ୍ଷମତା ବଜାୟ ରଖିବାରେ ସଫଳ ହୋଇଛି ଏନ୍‌ଡିଏ। ୨୪୩ ଆସନ ମଧ୍ୟରୁ ୨୦୨ରେ ଏନ୍‌ଡିଏ ଏକ ବିଶାଳ ବିଜୟ ଦିଗକୁ ଅଗ୍ରସର ହୋଇଛି। ଅନ୍ୟପକ୍ଷରେ ଗତ ନିର୍ବାଚନରେ ଏକ ଶକ୍ତ ବିରୋଧୀଦଳ ଭାବରେ ଉଭା ହୋଇଥିବା 'ମହାଗଠବନ୍ଧନ'କୁ ଶକ୍ତ ଆଘାତ ଦେଇଛନ୍ତି ବିହାରବାସୀ। ଗତ ନିର୍ବାଚନରେ ମହାଗଠବନ୍ଧନ ୧୧୪ ଆସନରେ ବିଜୟୀ ହୋଇଥିବା ବେଳେ ଚଳିତ ନିର୍ବାଚନରେ ୭୯ଟି ଆସନ ହରାଇ ମାତ୍ର ୩୫ ମଧ୍ୟରେ ସୀମିତ ହୋଇଯାଇଛି। ଅନ୍ୟ ଦଳ ଓ ସ୍ୱାଧୀନ ପ୍ରାର୍ଥୀମାନଙ୍କୁ ମିଳିଛି ମାତ୍ର ୬ଟି ଆସନ।

ଚଳିତ ନିର୍ବାଚନରେ ବିଜେପିର ଷ୍ଟ୍ରାଇକ୍‌ରେଟ୍ ବିହାରରେ ସବୁଠାରୁ ଚମତ୍କାର ରହିଛି। ୧୦୧ ଆସନରେ ପ୍ରତିଦ୍ୱନ୍ଦ୍ୱିତା କରିଥିବା ବିଜେପି ଚଳିତ ନିର୍ବାଚନରେ ୮୯ ଆସନ ସହ ସବୁଠାରୁ ବଡ଼ ଦଳ ଭାବରେ ଉଭା ହୋଇଛି।






"ବିକାଶ ଓ ସୁଶାସନର ବିଜୟ: ମୋଦୀ

ନିରପେକ୍ଷ ନ ଥିଲା ନିର୍ବାଚନ: ରାହୁଲ୍

- ୮୯ ଆସନ ସହ ବିଜେପି ସବୁଠାରୁ ବଡ଼ ଦଳ
- ଜେଡିୟୁର ଆସନ ସଂଖ୍ୟା ୮୫କୁ ବଢ଼ିଲା
- ୨୫କୁ ଖସିଲା ଆର୍‌ଜେଡି, କଂଗ୍ରେସକୁ ୬
- ୨୮ ଆସନରୁ ୧୯ରେ ଏଲ୍‌ଜେପିର ବିଜୟ

ଅନୁରୂପ ଭାବରେ ୨୦୨୦ ମସିହାରେ ଜେଡିୟୁ ମାତ୍ର ୪୩ଟି ଆସନ ପାଇଥିବାବେଳେ ଚଳିତ ନିର୍ବାଚନରେ ୮୫ଟି ଆସନରେ ବିଜୟୀ ହୋଇଛି। ଅନ୍ୟପକ୍ଷରେ ଏନ୍‌ଡିଏର ସହଯୋଗୀ ଲୋକ ଜନଶକ୍ତି ପାର୍ଟି (ରାମବିଳାସ) ମଧ୍ୟ ନିର୍ବାଚନରେ ଚମତ୍କାର ପ୍ରଦର୍ଶନ ▶ପୃଷ୍ଠା-୭

## ନୂଆପଡ଼ା ଉପନିର୍ବାଚନ

# ବିଜେପି ମଥାରେ 'ଜୟ' ତିଳକ



୮୩୪୭୮ ବିଶାଳ ବ୍ୟବଧାନରେ ବିଜେପି ବିଜୟୀ

୨ୟ ସ୍ଥାନରେ କଂଗ୍ରେସର ଘାସିରାମଙ୍କୁ ୪୦୧୨୧ ଭୋଟ

ବିଜେଡି ପ୍ରାର୍ଥୀ ସ୍ନେହାଙ୍ଗିନୀ ପାଇଲେ ୩୮୪୦୮ ଭୋଟ

■ ଭୁବନେଶ୍ୱର/ନୂଆପଡା, ୧୪।୧୧ (ସମିସ): ନୂଆପଡା ଉପର୍ବାଚନରେ ବିପୁଳ ବିଜୟ ହାସଲ କରିଛନ୍ତି ବିଜେପି ପ୍ରାର୍ଥୀ ଜୟ ଢୋଲକିଆ। ଗତ ନିର୍ବାଚନରେ ତାଙ୍କ ବାପା ରାଜେନ୍ଦ୍ର ଢୋଲକିଆ ପାଇଥିବା ଭୋଟଠାରୁ ପ୍ରାୟ ୫୦ ହଜାର ଊର୍ଦ୍ଧ୍ୱ ଭୋଟ ପାଇଛନ୍ତି ଜୟ। ତାଙ୍କୁ ୧,୨୩,୮୬୯ ଖଣ୍ଡ ଭୋଟ୍ ମିଳିଥିବା ବେଳେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝିଙ୍କୁ ୪୦୧୨୧ ଖଣ୍ଡ ଭୋଟ୍ ମିଳିଛି। ସେହିପରି ବିଜେଡି ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆ ୩୮୪୦୮ ଖଣ୍ଡ ଭୋଟ୍ ପାଇ ଏଠାରେ ତୃତୀୟ ସ୍ଥାନରେ ରହିଛନ୍ତି।

ଜୟଙ୍କ ବିଜୟ ସହ ଦୀର୍ଘ ଏକ ଦଶନ୍ଧି ପରେ ପୁଣିଥରେ ନୂଆପଡ଼ାରେ ପଦ୍ମ ଫୁଟିଛି। ୨୦୧୪ରେ ଏଠାରୁ ବସନ୍ତ ପଣ୍ଡା ବିଜୟୀ ହୋଇଥିଲେ, ଏବେ ପୁନର୍ବାର ପଦ୍ମ ଦଳର ପ୍ରାର୍ଥୀ ଭାବରେ ଜୟ ଢୋଲକିଆ ବିଜୟୀ ହୋଇଛନ୍ତି। ଏହି ବିଜୟ ପରେ ବ୍ୟବସାୟୀରୁ ଜୟଙ୍କ ▶ପୃଷ୍ଠା-୭



# ଓଡ଼ିଶାବାସୀଙ୍କ ଅଧିକାର ପାଇଁ ଲଢ଼େଇ ଜାରି ରହିବ: ନବୀନ

## ଜୟଙ୍କୁ ଅଭିନନ୍ଦନ, ନୂଆପଡ଼ାବାସୀଙ୍କୁ ଦେଲେ ଧନ୍ୟବାଦ


## ମୂଲ୍ୟବୋଧ ଓ ଲୋକଙ୍କ ବିଶ୍ୱାସକୁ ସମ୍ମାନ ଦେବାକୁ ପରାମର୍ଶ

■ ଭୁବନେଶ୍ୱର, ୧୪।୧୧ (ସମିସ): ନୂଆପଡ଼ା ଉପ-ନିର୍ବାଚନରେ ଏକଜୁଟ ଭାବରେ ଉତ୍ସର୍ଗୀକୃତ ଭାବରେ ବିଜେଡି ପାଇଁ ଅକ୍ଳାନ୍ତ ପରିଶ୍ରମ କରିଥିବା ବିଜେଡିର ପ୍ରତ୍ୟେକ ନେତା, କର୍ମୀ ଓ ସମର୍ଥକଙ୍କୁ ହୃଦୟରୁ କୃତଜ୍ଞତା ଜଣାଇଛନ୍ତି ଦଳର ସଭାପତି ନବୀନ ପଟ୍ଟନାୟକ। ନୂଆପଡ଼ା ଉପନିର୍ବାଚନ ଫଳ ପ୍ରକାଶ ପରେ ନବୀନ 'ଏକ୍ସ'ରେ ବିଜେପି ପ୍ରାର୍ଥୀ ଜୟ ଢୋଲକିଆଙ୍କୁ ଶୁଭେଚ୍ଛା ସହ ବିଜେଡିର ନେତା ଓ କର୍ମୀଙ୍କ ପରିଶ୍ରମ ପାଇଁ ଧନ୍ୟବାଦ ଜଣାଇଛନ୍ତି। ନବୀନ କହିଛନ୍ତି ଯେ ବିଜେଡିର ପ୍ରତ୍ୟେକ ନେତା, କର୍ମୀ, ସମର୍ଥକଙ୍କ ପ୍ରତିବଦ୍ଧତା ଓ ଉତ୍ସାହ ହିଁ ବିଜେଡିର ପ୍ରକୃତ ଶକ୍ତି। ନିର୍ବାଚନ ଆସେ ଏବଂ ଯାଏ; କିନ୍ତୁ ମୂଲ୍ୟବୋଧ ଓ ଲୋକଙ୍କ ବିଶ୍ୱାସ ପ୍ରତି ସର୍ବଦା ସମ୍ମାନ ରହିବା ଆବଶ୍ୟକ। ମୁକ୍ତ ଏବଂ ନିରପେକ୍ଷ ▶ପୃଷ୍ଠା-୭

## ୮ ରାଜ୍ୟରେ ଉପନିର୍ବାଚନ

# ବିଜେପି, କଂଗ୍ରେସକୁ ଦୁଇଟି ଲେଖାଏଁ ଆସନ

■ ନୂଆଦିଲ୍ଲୀ, ୧୪।୧୧ (ଏଜେନ୍ସି): ଗତ ୧୧ ତାରିଖରେ ୬ଟି ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳର ୮ଟି ବିଧାନସଭା ନିର୍ବାଚନମଣ୍ଡଳୀ ପାଇଁ ଅନୁଷ୍ଠିତ ଉପନିର୍ବାଚନରେ ବିଜେପି ଏବଂ କଂଗ୍ରେସକୁ ଦୁଇଟି ଲେଖାଏଁ ଆସନ ମିଳିଛି। ରାଜସ୍ଥାନର ଆଣ୍ଟା ନିର୍ବାଚନମଣ୍ଡଳୀରେ କଂଗ୍ରେସ ପ୍ରାର୍ଥୀ ବିଜୟୀ ହୋଇଥିବା ବେଳେ ପଞ୍ଜାବର ତରନ ତାରନ ଆସନରେ କ୍ଷମତାସୀନ ଆପ୍ ପ୍ରାର୍ଥୀ ନିର୍ବାଚିତ ହୋଇଛନ୍ତି। ବିଜେପି ପ୍ରାର୍ଥୀ ଓଡ଼ିଶାର ନୂଆପଡ଼ା ଏବଂ ଜମ୍ମୁ-କଶ୍ମୀରର ନୋଗ୍ରାଟାରେ ବିଜୟ ଲାଭ କରିଛନ୍ତି। ଜମ୍ମୁ-କଶ୍ମୀରର ବଡ଼ଗାମ ଆସନରେ କ୍ଷମତାସୀନ ନେସନାଲ କନପେରେନ୍ସ ପ୍ରାର୍ଥୀଙ୍କୁ ହରାଇଛନ୍ତି ମେହବୁବା ମୁଫତିଙ୍କ ପିଡିପି ପ୍ରାର୍ଥୀ। ବଡଗାମକୁ ନେସନାଲ କନଫେରେନ୍ସର ଗଡ଼ କୁହାଯାଏ। ଗତ ନିର୍ବାଚନରେ ମୁଖ୍ୟମନ୍ତ୍ରୀ ଓମାର ଅବଦୁଲ୍ଲା ଏଠାରୁ ନିର୍ବାଚିତ ହୋଇଥିଲେ। ସେହିଭଳି ତେଲେଙ୍ଗାନାର ଜୁବିଲି ହିଲ୍ସରେ କଂଗ୍ରେସ ପ୍ରାର୍ଥୀ ବିଜୟୀ ହୋଇଛନ୍ତି। ଝାଡ଼ଖଣ୍ଡର ଘାଟଶୀଳା ନିର୍ବାଚନମଣ୍ଡଳୀରେ ଜେଏମଏମ୍ ପ୍ରାର୍ଥୀ ନିର୍ବାଚିତ ହୋଇଥିବା ବେଳେ ମିଜୋରାମର ଡାମ୍ପା ନିର୍ବାଚନମଣ୍ଡଳୀରେ ମିଜୋ ନେସନାଲ ଫ୍ରଣ୍ଟ ପ୍ରାର୍ଥୀଙ୍କୁ ବିଜୟୀ ଘୋଷଣା କରାଯାଇଛି।




## ବିହାର ବିଧାନସଭା ଆସନ-୨୪୩



| ଏନ୍‌ଡିଏ-୨୦୨ | |
|---|---|
| ବିଜେପି | ୮୯ |
| ଜେଡିୟୁ | ୮୫ |
| ଏଲଜେପି | ୧୯ |
| ଅନ୍ୟାନ୍ୟ | ୦୯ |



| ମହାମେଣ୍ଟ-୩୫ | |
|---|---|
| ଆରଜେଡି | ୨୫ |
| କଂଗ୍ରେସ | ୦୬ |
| ଅନ୍ୟାନ୍ୟ | ୦୪ |

ଏଏମ୍‌ଆଇଏମ୍ ୦୫



## ଅମାନତ ହରାଇଲେ ପ୍ରଶାନ୍ତ କିଶୋର

ନିର୍ବାଚନ ରଣନୀତିକାରରୁ ରାଜନେତା ପାଲଟି ଥିବା ଜନସୁରାଜ ଦଳର ପ୍ରତିଷ୍ଠାତା ପ୍ରଶାନ୍ତ କୁମାର ପ୍ରଥମ ପରୀକ୍ଷାରେ ଅମାନତ ହରାଇଛନ୍ତି। ଗତ ତିନି ବର୍ଷ ହେଲା ବିହାରରେ ବୁଲି ବୁଲି ପ୍ରଚାର କରି ବଡ଼ ବଡ଼ ଦାବି କରୁଥିବା ପ୍ରଶାନ୍ତଙ୍କ ଦଳ ମୁହଁ ମାଡ଼ି ପଡ଼ିଯାଇଛି। ୬ ବର୍ଷରେ ୬ ମୁଖ୍ୟମନ୍ତ୍ରୀ କରିଥିବା ଏହି ବ୍ୟକ୍ତିଙ୍କ ଦଳ ଗୋଟିଏ ହେଲେ ବି ଆସନରେ ଜିତିପାରି ନାହିଁ। କୋଟିଏରୁ ଅଧିକ ସଦସ୍ୟ ନେଇ ଦାବି କରୁଥିବା ଜନସୁରାଜ ପାର୍ଟି ୧୦ ଲକ୍ଷ ଭୋଟ ବି ହାତେଇ ପାରିନାହିଁ। ୨୩୮ ଆସନରେ ପ୍ରାର୍ଥୀ ଦେଇ ୨୩୩ (୯୮ ପ୍ରତିଶତ) ରେ ଅମାନତ ହରାଇଛନ୍ତି। ଏହି ଦଳର ପ୍ରାର୍ଥୀ ଗୋଟିଏ ଆସନରେ ଦ୍ୱିତୀୟ ସ୍ଥାନରେ ବି ରହିପାରି ନାହାନ୍ତି। ୧୨୮୦ ଦିନରେ ୬ ହଜାର କିମି ପଦଯାତ୍ରା କରିବା ସତ୍ତ୍ୱେ ବି ତାଙ୍କ ଦଳ ସଫଳତା ପାଇ ପାରିନାହିଁ। ପୂର୍ବରୁ ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ୨୫ରୁ କମ୍ ସିଟ୍ ଜିତିବେ ବୋଲି ପ୍ରଶାନ୍ତ ଦାବି କରିଥିଲେ। ଯଦି ଅଧିକ ଆସନରେ ଜିତିବେ ତେବେ ରାଜନୀତି ଛାଡିଦେବେ ବୋଲି କହିଥିବା ପ୍ରଶାନ୍ତଙ୍କ ଉପରେ ଏବେ ସମସ୍ତଙ୍କ ନଜର ରହିଛି। ସେ ଆଗାମୀ ଦିନରେ କି ପଦକ୍ଷେପ ନେବେ ତାହା ଦେଖିବା ବାକି ରହିଛି। ସେ ରାଜନୀତି କରିବେ ନା ରଣନୀତିକୁ ଫେରିବା ତାହା ଜାଣିବା ପାଇଁ ଲୋକେ ବ୍ୟଗ୍ର।



## ଆରଜେଡିର ଭୋଟ ସେୟାରିଂ ଅଧିକ

ଏହି ନିର୍ବାଚନରେ ଆଶ୍ଚର୍ଯ୍ୟଜନକ ଭାବେ ସବୁଦଳଠାରୁ ଆରଜେଡିର ଭୋଟ ସେୟାର ଅଧିକ ରହିଛି। ଅର୍ଥାତ୍ ଏହି ଦଳ କିଛି ଆସନରେ ଉଲ୍ଲେଖନୀୟ ବ୍ୟବଧାନରେ ବିଜୟୀ ହୋଇଛି। ଏହି ଦଳ ଦୃଢ଼ ପ୍ରତିଦ୍ୱନ୍ଦ୍ୱିତା କରିଥିବା ସତ୍ତ୍ୱେ ବିଜୟୀ ହୋଇପାରି ନାହିଁ। ସନ୍ଧ୍ୟା ସୁଦ୍ଧା ତେଜସ୍ୱୀଙ୍କ ଦଳର ଭୋଟ ସେୟାର ୨୨.୭୯ ପ୍ରତିଶତ ରହିଛି। ଏହା ବିଜେପିଠାରୁ ୨.୨୭ ପ୍ରତିଶତ ଏବଂ ଜେଡିୟୁଠାରୁ ୩.୮ ପ୍ରତିଶତ ଅଧିକ।

## ବିହାରରେ ବିଜେପିର ଉତ୍ଥାନ

ବିହାର ବିଧାନସଭା ନିର୍ବାଚନରେ ବିଜେପି ଐତିହାସିକ ସଫଳତା ଆଡ଼କୁ ଅଗ୍ରସର ହେବାରେ ଲାଗିଛି। ଏଥର ୮୯ ଆସନ ଜିତିଥିବା ବିଜେପି ୨୦୧୦ ନିର୍ବାଚନରେ ୯୧ଟି ଆସନ ଜିତିଥିଲା। ୧୯୮୦ରେ ପ୍ରଥମ ଥର ନିର୍ବାଚନ ଲଢ଼ିଥିବା ବିଜେପି ପାଇଁ ଏହି ଯାତ୍ରା ସଂଘର୍ଷପୂର୍ଣ୍ଣ ରହିଛି। ୧୯୮୦ ନିର୍ବାଚନରେ ବିଜେପିକୁ ୨୧ଟି ଆସନ ମିଳିଥିବା ବେଳେ ୧୯୮୫ରେ ୧୬, ୧୯୯୦ରେ ୩୯, ୧୯୯୫ରେ ୪୧, ୨୦୦୦ରେ ୬୭, ୨୦୦୫ରେ ୩୭, ୨୦୧୫ରେ ୫୩, ୨୦୨୦ରେ ୯୧ ଏବଂ ୨୦୨୦ରେ ୭୪ଟି ଆସନ ପାଇଥିଲା।

# କାମ ଦେଲାନି ରାହୁଲ-ତେଜସ୍ୱୀଙ୍କ ରଣନୀତି

ପାଟନା, ୧୪।୧୧ (ଏଜେନ୍ସି): ବିହାର ନିର୍ବାଚନରେ ମହାମେଣ୍ଟକୁ ଶକ୍ତ ଝଟ୍‌କା ଲାଗିଛି। ଏଥିରେ ଆରଜେଡିର ନେତୃତ୍ୱାଧୀନ କଂଗ୍ରେସ, ଭିଆଇପି ଏବଂ ବାମଦଳର ମହାମେଣ୍ଟ ଇଣ୍ଡିଆ ନିରାଶ ହୋଇଛି। ଏହା ପଛରେ ପ୍ରମୁଖ ୫ଟି କାରଣ ରହିଛି। ସେଗୁଡିକ ହେଲା ନେତାଙ୍କ ମଧ୍ୟରେ ସମନ୍ୱୟର ଅଭାବ, ଆସନ ବୁଝାମଣା ଚୂଡ଼ାନ୍ତ ନ ହେବା, ମୁଖ୍ୟମନ୍ତ୍ରୀ-ଉପମୁଖ୍ୟମନ୍ତ୍ରୀ ପଦବୀକୁ ନେଇ ଟଣାଓଟରା, ପରସ୍ପର ବିରୋଧରେ ପ୍ରାର୍ଥୀ ଦେବା ଆଦି ରହିଛି। ନିର୍ବାଚନ କମିଶନ (ଇସି) ଅକ୍ଟୋବର ୬ରେ ବିହାର ନିର୍ବାଚନ ନେଇ ଘୋଷଣା କରିଥିଲେ। ଏହାର ୬ ଦିନ ପରେ ଏନ୍‌ଡିଏର ଆସନ ବୁଝାମଣା ହୋଇ ଯାଇଥିଲା। ମାତ୍ର ନିର୍ବାଚନ ଶେଷ ହୋଇ ସାରିଥିଲେ ବି ମହାମେଣ୍ଟ ଆନୁଷ୍ଠାନିକ ଭାବେ ଆସନ ବୁଝାଣା ସୂତ୍ର ବିଷୟରେ ଘୋଷଣା କରି ନ ଥିଲା। ନିଜ ପସନ୍ଦର ଆସନକୁ ନେଇ ମହାମେଣ୍ଟରେ ଟଣାଓଟରା ଜାରି ରହିଥିଲା। ସ୍ଥିତି ଏଭଳି ହୋଇଥିଲା ଯେ ୧୩ ଆସନରେ ମହାମେଣ୍ଟର ଅଲଗା ଅଲଗା ଦଳ ପରସ୍ପର ବିରୋଧରେ ଲଢ଼ିଥିଲେ। ଶେଷରେ କିଛି ପ୍ରାର୍ଥୀପତ୍ର ପ୍ରତ୍ୟାହାର କରିବାରୁ ଏହି ଆସନ ସଂଖ୍ୟା ୮କୁ ହ୍ରାସ ପାଇଥିଲା। ଅର୍ଥାତ ମହାମେଣ୍ଟରେ ସାମିଲ ଦଳ ନିଜ ନିଜ ବିରୋଧରେ ଏଠାରେ ଲଢ଼େଇ କରିଥିଲେ। ପ୍ରାରମ୍ଭରେ ମୁଖ୍ୟମନ୍ତ୍ରୀ ଏବଂ ଉପ-ମୁଖ୍ୟମନ୍ତ୍ରୀ ପଦବୀକୁ ନେଇ କଳି ଲାଗିଥିଲା। ତେଜସ୍ୱୀ ମୁଖ୍ୟମନ୍ତ୍ରୀ ଏବଂ ମୁକେସ ସାହାନୀ ଉପମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ହେବା ଜିଦ୍‌ରେ ଅଟଳ ରହିଥିଲେ। କିନ୍ତୁ କଂଗ୍ରେସ ଏଥିରେ ରାଜି ନ ଥିଲା। ସ୍ଥିତି ଅଧିକ ବିଗୁଡୁଥିବା ଦେଖି କଂଗ୍ରେସ ହାଇକମାଣ୍ଡଙ୍କୁ ସ୍ୱତନ୍ତ୍ର ପ୍ରତିନିଧି ପଠାଇବାକୁ ପଡ଼ିଥିଲା। ଶେଷରେ ପାଟନା ସ୍ଥିତି ଏକ ହୋଟେଲରେ ବିବାଦର ସମାଧାନ କରାଯାଇଥିଲା ଏବଂ କଂଗ୍ରେସକୁ ନଇଁବାକୁ ପଡ଼ିଥିଲା। ଅକ୍ଟୋବର ୨୩ରେ ତେଜସ୍ୱୀଙ୍କୁ ମୁଖ୍ୟମନ୍ତ୍ରୀ ଏବଂ ସାହାନୀଙ୍କୁ ଉପ-ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଘୋଷଣା କରାଯାଇଥିଲା। କିନ୍ତୁ ଏନ୍‌ଡିଏରେ ମୁଖ୍ୟମନ୍ତ୍ରୀ ପଦକୁ ନେଇ ସଂଶୟ ରହିଥିଲା।

### କାହାର ବଢ଼ିଲା, କାହାର ଛିଡ଼ିଲା

| ଦଳ | ୨୦୨୫ | ୨୦୨୦ | ପରିବର୍ତ୍ତନ |
|---|---|---|---|
| ଏନ୍‌ଡିଏ | ୨୦୨ | ୧୨୫ | +୭୭ |
| ବିଜେପି | ୮୯ | ୭୪ | +୧୫ |
| ଜେଡିୟୁ | ୮୫ | ୪୩ | +୪୨ |
| ଅନ୍ୟାନ୍ୟ | ୨୮ | ୦୮ | +୨୦ |
| ମହାମେଣ୍ଟ | ୩୫ | ୧୧୦ | -୭୫ |
| ଆରଜେଡି | ୨୫ | ୭୫ | -୫୦ |
| କଂଗ୍ରେସ | ୦୬ | ୧୯ | -୧୩ |
| ଅନ୍ୟାନ୍ୟ | ୦୪ | ୧୬ | -୧୨ |


- ମହାମେଣ୍ଟ ପାଇଁ କାଳ ହେଲା ଆସନ କଳି
- ମୁହଁ ମାଡ଼ି ପଡ଼ିଗଲା ମହାମେଣ୍ଟ;
- ଆର୍‌ଜେଡିର ବୃହତ ପରାଜୟ; ଅବନତିର ଧାରାରେ କଂଗ୍ରେସ

ତେବେ ନୀତୀଶ କୁମାରଙ୍କ ନେତୃତ୍ୱରେ ନିର୍ବାଚନ ଲଢ଼ିବୁ ବୋଲି ବିଜେପି ନେତାମାନେ କହିଥିଲେ। ମହାମେଣ୍ଟରେ ଝଗଡ଼ା ଯୋଗୁଁ ମତଦାନ ପୂର୍ବରୁ ଏନଡିଏ ଆଗରେ ରହିଥିଲା। ପ୍ରଥମେ ଏନ୍‌ଡିଏରେ ମଧ୍ୟ କଳି ଲାଗି ରହିଥିଲା। କିନ୍ତୁ ସମୟପୂର୍ବରୁ ଏହାର ସମାଧାନ କରିଦିଆଯାଇଥିଲା। ଉପେନ୍ଦ୍ର କୁଶ୍ୱାହଙ୍କୁ ରାଜ୍ୟସଭା ପଠାଇବାକୁ କହି ବିବାଦର ଅନ୍ତ କରିଦିଆଯାଇଥିଲା। ତେଣୁ ପ୍ରଥମେ ଏନ୍‌ଡିଏରେ ସବୁ କିଛି ଠିକ୍ ନ ଥିବା କହିଥିବା ଉପେନ୍ଦ୍ର ପରେ ଶାନ୍ତ ରହିଥିଲେ।

ବିହାର ନିର୍ବାଚନରେ ଆରଜେଡି ନୈରାଶ୍ୟଜନକ ପ୍ରଦର୍ଶନ କରିଛି। ବିହାରର ଏହି ମୁଖ୍ୟ ବିରୋଧୀ ଧଳ ବୃହତ ଦଳରୁ ତଳ ଆଡୁ ଦ୍ୱିତୀୟ ଦଳରେ ପରିଣତ ହୋଇଯାଇଛି। ମାତ୍ର ୫ ବର୍ଷ ଭିତରେ ଆରଜେଡିର ଏଭଳି ଅବସ୍ଥା ହୋଇଛି। ତେଜସ୍ୱୀ ଯାଦବଙ୍କ ନେତୃତ୍ୱାଧୀନ ଆରଜେଡି ୧୪୩ଟି ଆସନରେ ଲଢ଼ି ମାତ୍ର ୨୫ଟିରେ ବିଜୟୀ ହୋଇଛି। ଏହା ଦଳ ପାଇଁ ସବୁଠାରୁ ବଡ଼ ଝଟ୍‌କା ସାବ୍ୟସ୍ତ ହୋଇଛି। ଏହି ଫଳାଫଳ ସହିତ ଆରଜେଡି ସବୁଠାରୁ ଖରାପ ପ୍ରଦର୍ଶନ କରିବା ଥିବା ଦ୍ୱିତୀୟ ଦଳ ହୋଇଯାଇଛି। ୨୦୦୫ ବିଧାନସଭା ନିର୍ବାଚନରେ ଆରଜେଡି ୫୫ଟି ଆସନ ପାଇଥିଲା। ସେ ସମୟରେ ଜଙ୍ଗଲରାଜକୁ ନେଇ ଆରଜେଡିକୁ ଚାରିଆଡେ ସମାଲୋଚନା କରାଯାଉଥିଲା। ସେତେବେଳେ ଜନ ବିରୋଧୀ ଆକ୍ରୋଶ, ରାବ୍ରୀ ଦେବୀଙ୍କ ନେତୃତ୍ୱକୁ ତୀବ୍ର ବିରୋଧ ସତ୍ତ୍ୱେ ଆରଜେଡି ୫୫ଟି ଆସନ ଜିତିଥିଲା। ତେବେ ୨୦୧୦ରେ ଏହି ଦଳ ମୋଟ ୨୨ଟି ଆସନ ପାଇଥିଲା। ୨୦ ବର୍ଷ ବିତିଯିବା ପରେ ଏବଂ ଅନେକ ଥର ନୀତୀଶ କୁମାରଙ୍କ ପଟ ପରିବର୍ତ୍ତନ ସତ୍ତ୍ୱେ ବିଜେପି ଏବଂ ଜେଡିୟୁ ପୁଣିଥରେ ବିଜୟୀ ହୋଇଛନ୍ତି। ୧୯୯୭ରେ ଆରଜେଡି ପ୍ରତିଷ୍ଠା ହେବା ପରେ ଚଳିତ ଥର ତେଜସ୍ୱୀଙ୍କ ନେତୃତ୍ୱରେ ଏହି ଦଳ ନିର୍ବାଚନ ଲଢ଼ିଥିଲା। କିନ୍ତୁ ସେ ଦଳ ପାଇଁ କୌଣସି ଚମତ୍କାର କରିପାରି ନାହାନ୍ତି।

## ମହାମେଣ୍ଟରୁ ୮୫ ଆସନ ଛଡ଼ାଇ ଆଣିଲା ଏନ୍‌ଡିଏ

ପାଟନା, ୧୪।୧୧ (ଏଜେନ୍ସି): ବିହାରରେ ୨୦ ବର୍ଷର ସରକାର ବିରୋଧୀ ଭାବନାକୁ ଭାଙ୍ଗି ପୁଣି ଥରେ ଏନ୍‌ଡିଏ ସରକାର ଗଠନ କରିବାକୁ ଯାଉଛି। ବିଜେପି ୧୦୧ଟି ଆସନରେ ଲଢ଼ି ୮୯ଟିରେ ବିଜୟୀ ହୋଇଛି।



ଏହି ଦଳର ଷ୍ଟ୍ରାଇକ୍ ରେଟ ୯୦ ପ୍ରତିଶତ ରହିଛି। ଏହା ସହିତ ବିଜେପି ବିହାରରେ ବଡ଼ ଭାଇ ହୋଇଯାଇଛି। ଏହି ଦଳ ନୀତୀଶଙ୍କ ଜେଡିୟୁର ବିନା ସମର୍ଥନରେ ବି ସରକାର ଗଢ଼ିବାକୁ ସକ୍ଷମ। ସେହିପରି ଜେଡିୟୁ ୮୫ ଆସନରେ ବିଜୟୀ ହୋଇ ଦୁଇ ନମ୍ବର ସ୍ଥାନରେ ରହିଛି। ରାତି ସୁଦ୍ଧା ଏନ୍‌ଡିଏ ମେଣ୍ଟ ୨୦୨ଟି ଆସନରେ ଆଗୁଆ ରହିଛି। ଏହା ଗତ ଥର ତୁଳନାରେ ୭୭ ଅଧିକ। ସେହିପରି ମହାମେଣ୍ଟ ୧୧୦ରୁ ହ୍ରାସ ପାଇ ୩୫କୁ ଖସି ଆସିଛି। କଂଗ୍ରେସ ନେତା ରାହୁଲ ଗାନ୍ଧୀ ଏବଂ ଆରଜେଡି ନେତା ତେଜସ୍ୱୀ ଯାଦବଙ୍କ ୧୨ରୁ ୫ଟି ଗଡ଼କୁ ଏନ୍‌ଡିଏ ଭୁଶୁଡ଼ାଇ ଦେଇଛି। ଗତ ୧୫ ବର୍ଷ ହେଲା ଏହି ୧୨ଟି ଆସନରେ କ୍ରମାଗତ ଭାବେ ଆରଜେଡି ଏବଂ କଂଗ୍ରେସ ବିଜୟୀ ହୋଇ ଆସୁଥିଲେ। ଚଳିତ ଥର ମହାମେଣ୍ଟ ଜିତିଥିବା ୮୫ଟି ଆସନକୁ ଏନ୍‌ଡିଏ ଛଡ଼େଇ ନେଇଛି। ଏନ୍‌ଡିଏ ୮୬ଟି ନୂଆ ଆସନ ହାତେଇଥିବାବେଳେ ନିଜର ୯୩ ପ୍ରତିଶତ ସିଟ୍‌କୁ ବଜାୟ ରଖିଛି।

ବିହାରର ସବୁ ୬ କ୍ଷେତ୍ରରେ ଏନ୍‌ଡିଏ ନିଜ କ୍ଷମତା ବଢ଼ାଇଛି। ତିରହୁତ-ମଗଧରୁ ଅଧିକ ୪୦ଟି ଆସନ ଜିତିଛି। ତିରହୁତର ୬୪ରୁ ୫୫ଟି, ମିଥିଳାଞ୍ଚଳର ୪୬ରୁ ୩୯ଟି, ମଗଧର ୪୯ରୁ ୩୯ଟି, ଶାହାବାଦର ୨୨ରୁ ୧୯ଟି, ଅଙ୍ଗ ପ୍ରଦେଶର ୨୫ରୁ ୨୪ଟି ଏବଂ ଗୁରୁତ୍ୱପୂର୍ଣ୍ଣ ସୀମାଞ୍ଚଳ ଓ କୋସିର ୩୭ଟି ଆସନରୁ ୨୬ଟି ହାତେଇଛି। ଗତ ନିର୍ବାଚନରେ ଏହି କ୍ଷେତ୍ରରେ ଏନ୍‌ଡିଏ ୨୨ଟି ଆସନ ଜିତିଥିଲା।

## ସାନ ଭାଇ ଜିତିଲେ; ବଡ଼ ହାରିଲେ

ପାଟଣା, ୧୪।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନରେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ସୁନାମୀରେ ବହୁ ନାମୀଦାମୀ, ହେଭିୱେଟ୍ ତଥା ହାଇପ୍ରୋଫାଇଲ ନେତା ଭାସି ଯାଇଛନ୍ତି। ଏମାନଙ୍କ ମଧ୍ୟରେ ରହିଛନ୍ତି ଆରଜେଡି ସୁପ୍ରିମୋ ଲାଲୁ ଯାଦବଙ୍କ ବଡ଼ ପୁଅ ତେଜପ୍ରତାପ ଯାଦବ। ସେ ମହୁଆ ଆସନରୁ ଜନଶକ୍ତି ଜନତା ଦଳ ତରଫରୁ ନିବାଚନରେ ଅବତୀର୍ଣ୍ଣ ହୋଇ ୩୫, ୭୦୩ ଭୋଟ୍ ପାଇଁ ଚିରାଗ ପାଶ୍ୱାନଙ୍କ ଲୋକ ଜନଶକ୍ତି ପାର୍ଟି (ରାମ ବିଳାଶ) ପ୍ରାର୍ଥୀ ସଞ୍ଜୟ କୁମାର ସିଂଙ୍କଠାରୁ ୫୧, ୯୩୮ ଭୋଟରେ ପରାସ୍ତ ହୋଇ ତୃତୀୟ ସ୍ଥାନରେ ରହିଛନ୍ତି। ସଞ୍ଜୟ ୮୭, ୬୪୧ ଭୋଟ ପାଇଛନ୍ତି। ଆରଜେଡିର ମୁକେଶ କୁମାର ରୋଶନ ୪୨, ୬୪୪ ଭୋଟି ପାଇ ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ଅନ୍ୟପଟେ ଲାଲୁଙ୍କ ସାନ ପୁଅ ତଥା ମହାମେଣ୍ଟର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ତେଜସ୍ୱୀ ରାଧେପୁର ଆସନରେ ବିଜୟୀ ହୋଇଛନ୍ତି। ସେ ୧୪, ୫୩୨ ଭୋଟ୍‌ରେ ନିକଟତମ ପ୍ରତିଦ୍ୱନ୍ଦ୍ୱୀ ବିଜେପିର ସତୀଶ କୁମାରଙ୍କୁ ପରାସ୍ତ କରିଛନ୍ତି।

ସେହିପରି ବାହୁବଳୀ ତଥା ଜେଲ୍‌ରେ ଥିବା ଜେଡିୟୁର ଅନନ୍ତ କୁମାରୀ ସିଂ ୨୮, ୨୦୬ ଭୋଟ୍‌ରେ ମୋକାମା ଆସନରେ ନିକଟତମ ପ୍ରତିଦ୍ୱନ୍ଦ୍ୱୀ ଆରଜେଡିର ବିଣା ଦେବୀଙ୍କୁ ପରାସ୍ତ କରି ବିଜୟୀ ହୋଇଛନ୍ତି। ଜମୁଇରେ ବିଜେପିର ଶ୍ରେୟାସୀ ସିଂ ୫୪, ୪୯୮ ଭୋଟ୍‌ରେ ଆରଜେଡିର ମହମ୍ମଦ ସମସାଦ ଆଲମଙ୍କୁ ପରାସ୍ତ କରି ବାଜି ମାରିଛନ୍ତି। ବିଜେପିର ହେଭିୱେଟ୍ ନେତା ସମ୍ରାଟ ଚୌଧୁରୀ ବୃହତ ୪୫, ୮୪୩ ଭୋଟ୍‌ରେ ଆରଜେଡିର ଅରୁଣ କୁମାରଙ୍କୁ ପରାସ୍ତ କରିଛନ୍ତି। ସେହିପରି ବହୁ ଚର୍ଚ୍ଚିତ ଭୋଜପୁରୀ ସିନେମା ତାରକା ଖେସାରୀ ଲାଲ ଯାଦବ ମଧ୍ୟ ଛପରା ଆସନରେ ବିଜେପିର ଛୋଟି କୁମାରୀଙ୍କଠାରୁ ପରାସ୍ତ ହୋଇଛନ୍ତି। ଜଣାଶୁଣା ତାରକା ଗାୟିକା ମୈଥିଳି ଠାକୁର ଅଲିନଗର ଆସନରେ ୧୧, ୭୩୦ ଭୋଟ୍‌ରେ ଆରଜେଡି ବିନୋଦ ମିଶ୍ରାଙ୍କୁ ପରାସ୍ତ କରିଛନ୍ତି। ବିଜପିର ବିଜୟ କୁମାର ସିହ୍ନା ଲକ୍ଷ୍ମୀସରାୟ ଆସନରେ କଂଗ୍ରେସର ଅମରେଶ କୁମାରଙ୍କୁ ପରାସ୍ତ କରିଛନ୍ତି। ଚନପଟିଆ ଆସନରେ ମନୀଷ କାଶ୍ୟପ ଜନସୁରାଜ ପାର୍ଟିରୁ ଲଢ଼ି ପରାସ୍ତ ହୋଇଛନ୍ତି। ବିଜେପିର ମଙ୍ଗଲ ପାଣ୍ଡେ ସବାନ ଆସନରୁ ଆରଜେଡିର ଅବଧବିହାରୀ ଚୌଧୁରୀଙ୍କୁ ୯, ୩୭୦ ଭୋଟ୍‌ରେ ପରାସ୍ତ କରିଛନ୍ତି। ଅଭିନେତା ପବନ ସିଂହଙ୍କ ପତ୍ନୀ ଜ୍ୟୋତି ସିଂହ କାରାକଟରୁ ସ୍ୱାଧୀନ ଭାବେ ଲଢ଼ି ପରାସ୍ତ ହୋଇଛନ୍ତି। ସେହିପରି ମହମ୍ମଦ ଶାହବୁଦ୍ଦିନଙ୍କ ପୁଅ ଓସାମା ଶହାବ ରଘୁନାଥପୁର ଆସନରେ ୯, ୨୪୮ ଭୋଟ୍‌ରେ ଜେଡିୟୁର ବିକାଶ କୁମାର ସିଂଙ୍କୁ ପରାସ୍ତ କରିଛନ୍ତି।



## ଲାଲ୍‌କିଲ୍ଲା ବିସ୍ଫୋରଣ: ମାଟିରେ ମିଶାଇ ଦିଆଗଲା ଆତଙ୍କବାଦୀ ଉମର୍‌ର ଘର

ନୂଆଦିଲ୍ଲୀ, ୧୪।୧୧(ଏଜେନ୍ସି): ରାଜଧାନୀ ଦିଲ୍ଲୀର ଲାଲ୍‌କିଲ୍ଲାରେ ହୋଇଥିବା ବିସ୍ଫୋରଣ ସହ ଏବେ ହରିୟାଣାର ନୁହ (ମେବାତ) ଜିଲ୍ଲାର ପିନଗବାଁ ଅଞ୍ଚଳ ଜଡିତ ହୋଇଛି। ବିସ୍ଫୋରଣ ମାମଲାରେ ଯାଞ୍ଚ କରୁଥିବା ଦିଲ୍ଲୀର ଏଜେନ୍ସିଗୁଡିକ ନୁହର ସାର ବିକ୍ରେତା ଦୀନେଶ ସିଙ୍ଗଲା ଉରଫ୍ ଡବୁକୁ ପଚରାଉଚରା କରିବା ସହ ତାକୁ ଗିରଫ କରିଛି। ଡବୁ ଅଲ ଫଲାହ ବିଶ୍ୱ ବିଦ୍ୟାଳୟର ଡାକ୍ତର ମୁଜାମ୍ମିଲ ସକିଲକୁ ବିନା କୌଣସି ରେକର୍ଡରେ ଆମୋନିୟମ ନାଇଟ୍ରେଟ୍ ଭଳି ବିସ୍ଫୋରକ ପଦାର୍ଥ ଉପଲବ୍ଧ କରାଇଥିଲେ। ଏହାପୂର୍ବରୁ ଜମ୍ମୁ-କଶ୍ମୀର କର୍ତ୍ତୃପକ୍ଷ ଡା ଉମର ନବୀର ପୁଲବାମାସ୍ଥିତ ବାସଗୃହକକୁ ଭାଙ୍ଗି ମାଟିରେ ମିଶାଇ ଦେଇଛନ୍ତି। ଉମର ଲାଲ୍‌କିଲ୍ଲା ବିସ୍ଫୋରଣରେ ମୃତ୍ୟୁବରଣ କରିଥିଲା। ଡିଏନ୍‌ଏ ପରୀକ୍ଷା ମାଧ୍ୟମରେ ଏହା ସ୍ପଷ୍ଟ ହୋଇଛି। ସୁରକ୍ଷାବଳ ଉମରର ଘରକୁ ଆଇଇଡି ଦ୍ୱାରା ବିସ୍ଫୋରଣରେ ଉଡାଇ ଦେଇଛି। ତା ପାଖରେ ଆମୋନିୟମ ନାଇଟ୍ରେଟ ରଖିବାର ଲାଇସେନ୍ସ ନ ଥିଲା। ଏହାକୁ ବିସ୍ଫୋରଣ ଘଟାଇବାରେ ବ୍ୟବହାର କରାଯାଇଥିଲା ବୋଲି କୁହାଯାଉଛି। ଉମର ବିସ୍ଫୋରଣ ବେଳେ କାର୍‌ରେ ଥିଲା। ସେ ପୁଲୱାମାର କୋଇଲ ଅଞ୍ଚଳରେ ରହୁଥିଲା। ଏପର୍ଯ୍ୟନ୍ତ ୫୦୦ ସ୍ଥାନରେ ଚଢ଼ାଉ କରାଯାଇଥିବା ବେଳେ ୬୦୦ରୁ ଉର୍ଦ୍ଧ୍ୱ ଲୋକଙ୍କୁ ପଚରା ଉଚରା କରାଯାଇଛି। ସେପଟେ ନୁହର ଜଣେ ଡାକ୍ତରଙ୍କୁ ମଧ୍ୟ ଏହି ମାମଲାରେ ଗିରଫ କରାଯାଇଛି। ଫଳରେ ମୁଖ୍ୟ ଅଭିଯୁକ୍ତଙ୍କ ସଂଖ୍ୟା ଏବେ ୯ରେ ପହଞ୍ଚିଛି।

## ୧୫୦ କିମି ବେଗରେ ଖାଇକୁ ଖସିଲା କାର୍; ୫ ମୃତ

ରତଲାମ, ୧୪।୧୧(ଏଜେନ୍ସି): ମଧ୍ୟପ୍ରଦେଶର ରତଲାମ୍‌ରେ ନିୟନ୍ତ୍ରଣ ହରାଇ ଏକ କାର୍ ଖାଇକୁ ଖସିପଡ଼ିବା ଫଳରେ ଏକ ବଡ଼ ଧରଣର ଦୁର୍ଘଟଣା ଘଟିଛି। ଏଥିରେ ୫ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ଏମାନଙ୍କ ମଧ୍ୟରେ ୧୫ ବର୍ଷର ପିଲା ଓ ୬୦ ବର୍ଷର ଜଣେ ବରିଷ୍ଠ ନାଗରିକ ସାମିଲ ଅଛନ୍ତି। ସିସିଟିଭି କ୍ୟାମେରାରେ ଏହି ମର୍ମନ୍ତୁଦ ଦୁର୍ଘଟଣାର ଦୃଶ୍ୟ ରେକର୍ଡ ହୋଇଛି। ରତଲାମ ଜିଲ୍ଲାର ରାବଟି ଥାନା ଅନ୍ତର୍ଗତ ଭୀମପୁରା ଗାଁ ନିକଟରେ ମାହି ନଦୀ ପୋଲ ପୂର୍ବରୁ ଶୁକ୍ରବାର ସକାଳ ୭ଟାରେ ଏହି ଦୁର୍ଘଟଣା ଘଟିଥିଲା। ଦିଲ୍ଲୀ-ମୁମ୍ବାଇ ଏକ୍ସପ୍ରେସ ୱେରେ ରେଲିଂ ଭାଙ୍ଗି ଏହି ମହିନ୍ଦ୍ରା ଏସ୍‌ୟୁଭି ୭୦୦ ଗାଡି ଯାଇ ତଳେ ପଡ଼ିଥିଲା। ଡ୍ରାଇଭରଙ୍କୁ ହାଲ୍‌କା ନିଦ ଆସିବା ଫଳରେ ଏହି ଦୁର୍ଘଟଣା ଘଟିଥିଲା ବୋଲି ପୁଲିସ କହିଛି। କାର୍‌ରେ ବସିଥିବା ୪ ଜଣ ମୁମ୍ବାଇର ଓ ଜଣେ ଗୁଜରାଟ ଭଦୋଦରାର ବାସିନ୍ଦା। ସମସ୍ତେ ଦିଲ୍ଲୀରୁ ମୁମ୍ବାଇ ଯାଉଥିଲେ। ସମସ୍ତଙ୍କ ମୃତଦେହ ରତଲାମ ମେଡିକାଲ କଲେଜରେ ରଖାଯାଇଛି। ଦୁର୍ଘଟଣା ସ୍ଥଳିର ୧୦ ଫୁଟ୍ ଦୂରରେ ସ୍ପିଡ୍ ଗନ୍ ଲଗାଯାଇଛି ବୋଲି ନ୍ୟାସନାଲ ହାଇୱେ ଅଥରିଟି ଅଫ୍ ଇଣ୍ଡିଆ (ଏନ୍‌ଏଚ୍‌ଏଆଇ) ନିର୍ଦ୍ଦେଶକ ସନ୍ଦୀପ ପଟିଦାର କହିଛନ୍ତି। କାର୍‌ର ଗତି ଘଣ୍ଟାପ୍ରତି ୧୫୦ କିମି ଥିଲା ବୋଲି ଏଥିରୁ ସ୍ପଷ୍ଟ ହେଉଥିବା ସେ କହିଛନ୍ତି।



ବିହାର ବିଜୟ ପରେ ବିଜେପି ମୁଖ୍ୟାଳୟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ସମ୍ବର୍ଦ୍ଧିତ କରାଯାଉଛି।

## ବିକାଶ ଓ ସୁଶାସନର ବିଜୟ: ମୋଦୀ

ବିହାର ଲୋକମାନେ ବିଜୟ ବାନା ଉଡ଼ାଇଛନ୍ତି। ରାଜ୍ୟରେ ସୁଶାସନ, ବିକାଶ, ଜନକଲ୍ୟାଣ ଭାବନା ଏବଂ ସାମାଜିକ ନ୍ୟାୟର ବିଜୟ ହୋଇଛି। ବିହାର ଲୋକେ ଏନଡିଏକୁ ଅଭୂତପୂର୍ବ ଏବଂ ଐତିହାସିକ ବିଜୟର ଆଶୀର୍ବାଦ ଦେଇଛନ୍ତି। ଆଉ କେବେ ବି ରାଜ୍ୟକୁ ଜଙ୍ଗଲରାଜର ସରକାର ଫେରିବ ନାହିଁ। ଯେଉଁମାନେ ଛଟ୍ ପୂଜାକୁ ଡ୍ରାମା କହୁଥିଲେ, ସେମାନଙ୍କୁ ଜବାବ ମିଳିଛି। ବିଜେପି ମୁଖ୍ୟାଳୟରେ ଆୟୋଜିତ ବିଜୟ ଉତ୍ସବରେ ସାମିଲ ହୋଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏହି ଟିପ୍ପଣୀ ଦେଇଛନ୍ତି। ସେ କହିଛନ୍ତି ଯେ ଗଙ୍ଗା ମାତା ବିହାରରୁ ପ୍ରବାହିତ ହୋଇ ପଶ୍ଚିମବଙ୍ଗ ଯାଉଛନ୍ତି। ପଶ୍ଚିମବଙ୍ଗରେ ବିଜେପିର ବିଜୟ ମାର୍ଗକୁ ବିହାର ପ୍ରଶସ୍ତ କରିଦେଇଛି। ବିଜେପି ଆପଣଙ୍କ ସହ ମିଶି ପଶ୍ଚିମବଙ୍ଗର ଜଙ୍ଗଲରାଜ ସରକାରକୁ ଭୁଶୁଡ଼ାଇ ଦେବ।

## ନିର୍ବାଚନ ନିରପେକ୍ଷ ନ ଥିଲା: ରାହୁଲ

ମହାମେଣ୍ଟ ଉପରେ ବିଶ୍ୱାସ ପ୍ରକଟ କରିଥିବା କୋଟି କୋଟି ମତଦାତାଙ୍କୁ ଗଭୀର କୃତଜ୍ଞତା ଜଣାଉଛି। ବିହାର ବିଧାନସଭା ନିର୍ବାଚନ ଫଳାଫଳ ଚକିତ କରିଦେଇଛି। ଆମେ ଏଭଳି ଏକ ନିର୍ବାଚନରେ ବିଜୟୀ ହୋଇପାରିଲୁ ନାହିଁ, ଯାହା ପ୍ରାରମ୍ଭରୁ ନିରପେକ୍ଷ ନ ଥିଲା। ଏହି ଲଢ଼େଇ ଗଣତନ୍ତ୍ର ଏବଂ ସମ୍ବିଧାନର ସୁରକ୍ଷା ପାଇଁ ଥିଲା। କଂଗ୍ରେସ ଏବଂ ମହାମେଣ୍ଟ 'ଇଣ୍ଡିଆ' ଏହି ଫଳାଫଳର ସମୀକ୍ଷା କରିବ ଏବଂ ଗଣତନ୍ତ୍ରକୁ ବଞ୍ଚାଇବା ପାଇଁ ଚାଲିଥିବା ପ୍ରୟାସକୁ ଅଧିକ ପ୍ରଭାବୀ କରାଯିବ ବୋଲି ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ କହିଛନ୍ତି।

# ବାଂଲାଦେଶରେ ପୁଣି ତେଜିଲା ହିଂସା

ଢ଼ାକା, ୧୪।୧୧(ଏଜେନ୍ସି): ବାଂଲାଦେଶର ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ ହସିନାଙ୍କ ବିରୋଧରେ କୋର୍ଟ ରାୟ ଦେବା ପୂର୍ବରୁ ସାରା ଦେଶରେ ହିଂସା ବୃଦ୍ଧି ପାଇଛି। ହାସିନାଙ୍କ ପାର୍ଟି ଅୱାମୀ ଲିଗ୍ କୋର୍ଟଙ୍କ ସମ୍ଭାବ୍ୟ ରାୟକୁ ବିରୋଧ କରି ସାରା ଦେଶରେ ଲକ୍‌ଡାଉନ୍ ପାଇଁ ଆହ୍ୱାନ ଦେଇଛି। କିନ୍ତୁ ଅୱାମୀ ଲିଗ୍‌କୁ ବିରୋଧ କରି ବାଂଲାଦେଶ ନ୍ୟାସନାଲ ପାର୍ଟି (ବିଏନ୍‌ପି) ଓ ବାଂଲାଦେଶ ଜମାତ-ଇ-ଇସ୍‌ଲାମୀ କାର୍ଯ୍ୟକର୍ତ୍ତାମାନେ ରାଜଧାନୀ ଢ଼ାକାର କିଛି ଅଞ୍ଚଳରେ ସଡ଼କକୁ ଓହ୍ଲାଇ ବିକ୍ଷୋଭ ପ୍ରଦର୍ଶନ କରିଥିଲେ।

ଏହାକୁ ନେଇ ବାଂଲାଦେଶ ପୁଣି ଅଶାନ୍ତ ହୋଇପଡ଼ିଛି। ଦେଶର ବିଭିନ୍ନ ସ୍ଥାନରେ ଆଜି ଦିନକେ ୩୨ଟି ସ୍ଥାନରେ ବୋମା ବିସ୍ଫୋରଣ ହୋଇଥିବା ବେଳେ ଉତ୍ତ୍ୟକ୍ତ ଲୋକେ ୧୨ଟି ବସ୍‌ରେ ନିଆଁ ଲଗାଇ ଦେଇଛନ୍ତି। ମିଳିଥିବା ସୂଚନା ଅନୁସାରେ ଢ଼ାକା ବିମାନ ବନ୍ଦର ନିକଟରେ ଦୁଇଟି ବୋମା ବିସ୍ଫୋରଣ ହୋଇଥିଲା। କିନ୍ତୁ ଏଥିରେ କେହି ମୃତାହତ ହୋଇ ନାହାନ୍ତି। ଢାକା ସମେତ କେତୋଟି ବଡ଼ ସ୍କୁଲରେ କ୍ଲାସକୁ ଅନଲାଇନ୍ କରାଯାଇଛି। ସାଧାରଣ ଗମନାଗମନକୁ ସମ୍ପୂର୍ଣ୍ଣ ଭାବେ ବନ୍ଦ କରାଯାଇଛି। ରାଜଧାନୀ ଢାକାରେ ୪୦୦ ପାରା ମିଲିଟାରୀ ଯବାନଙ୍କୁ ନିୟୋଜିତ କରାଯାଇଛି।

### ୩୨ଟି ସ୍ଥାନରେ ବୋମା ବିସ୍ଫୋରଣ
### ୧୨ଟି ବସ୍‌ରେ ନିଆଁ ଲଗାଇଦେଲେ

ଉଲ୍ଲେଖଥାଉ କି ସୁପ୍ରିମକୋର୍ଟ ନଭେମ୍ବର ୧୭ରେ ହସିନାଙ୍କ ବିରୋଧରେ ଚାଲିଥିବା ମାନବୀୟ ଅପରାଧ ମାମଲା ବିରୋଧରେ ରାୟ ଶୁଣାଇବେ। ୨୦୨୪ରେ ଛାତ୍ର ଆନ୍ଦୋଳନ ଅବସରରେ ହସିନା ହିଂସା ପାଇଁ ଉସ୍‌କାଇଥିବାର ଅଭିଯୋଗ ହୋଇଥିଲା। ଅନ୍ୟପକ୍ଷରେ ହସିନା ଏହି ମାମଲାଗୁଡିକୁ ମିଥ୍ୟା ବୋଲି କହି ଆସିଛନ୍ତି। ଏହି ହିଂସା ପରେ ହସିନାଙ୍କୁ ଶାସନରୁ ଛାତ୍ର ଆନ୍ଦୋଳନ ମାଧ୍ୟମରେ ହଟାଇ ଦିଆଯାଇଥିଲା। ସେ ଏବେ ଭାରତରେ ଆଶ୍ରୟ ନେଇଛନ୍ତି।

## ନୂଆପଡ଼ା ଉପନିର୍ବାଚନ

# ଏ ବିଜୟ ସମୃଦ୍ଧ ଓଡ଼ିଶା ଗଠନରେ ସହାୟକ ହେବ: ମୋହନ

**ଭୁବନେଶ୍ୱର, ୧୪ ।୧୧ (ସମିସ):** ନୂଆପଡ଼ା ଓ ବିହାରରେ ବଡ଼ ବିଜୟ ପରେ ବିଜୟ ଉତ୍ସବ ପାଳିଛି ବିଜେପି। ଶୁକ୍ରବାର ଭୁବନେଶ୍ୱରସ୍ଥିତ ରାଜ୍ୟ କାର୍ଯ୍ୟାଳୟରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ବିଜେପି ରାଜ୍ୟ ସଭାପତି ମନମୋହନ ସାମଲଙ୍କ ସମେତ ଦଳୀୟ ନେତା ଓ କର୍ମୀ ଏକାଠି ହୋଇ ବିଜୟ ଉତ୍ସବ ପାଳନ କରିଛନ୍ତି।

ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ଆଜି ଏକ ଐତିହାସିକ ଦିନ ଓ ସ୍ମରଣୀୟ ମୁହୂର୍ତ୍ତ।

### ରାଜ୍ୟ ବିଜେପି କାର୍ଯ୍ୟାଳୟରେ ବିଜୟ ଉତ୍ସବ



ବିହାର ବିଧାନସଭା ନିର୍ବାଚନ ଏବଂ ନୂଆପଡ଼ା ଉପନିର୍ବାଚନରେ ବିଜେପି ଇତିହାସ ସୃଷ୍ଟି ହୋଇଛି। ନୂଆପଡ଼ା ଉପନିର୍ବାଚନରେ ବିଜେପିକୁ ବିପୁଳ ସମର୍ଥନ ଜଣାଇଥିବା ଅଂଶୀଦାରମାନଙ୍କୁ ଧନ୍ୟବାଦ ଜଣାଇ ମୁଖ୍ୟମନ୍ତ୍ରୀ କହିଛନ୍ତି, ଏହି ନିର୍ବାଚନ ଓଡ଼ିଶା ରାଜନୀତି ପାଇଁ ଐତିହାସିକ। ଏହା ଆଗାମୀ ଦିନରେ ସମୃଦ୍ଧ ଓଡ଼ିଶା ଓ ବିକଶିତ ଭାରତ ଗଠନ ପାଇଁ ସହାୟକ ହେବ। ବିଜେପି ରାଜନୈତିକ ଉଦ୍ଦେଶ୍ୟ ନୁହେଁ; ସେବା ମନୋଭାବ ନେଇ ଆଗକୁ ବଢୁଛି। ଏହି କାରଣରୁ ନୂଆପଡ଼ାବାସୀ ସମର୍ଥନ ଦେଇଛନ୍ତି। ନୂଆପଡ଼ାର ବିକାଶ ନିଶ୍ଚୟ ହେବ ବୋଲି ପ୍ରତିଶ୍ରୁତି ଦେବା ସହ ବିହାରରେ ବିଜେପିର ବିଜୟ ପାଇଁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ଗୃହମନ୍ତ୍ରୀ ଅମିତ ଶାହ, ନିର୍ବାଚନ ପ୍ରଭାରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

ଅନ୍ୟପଟେ ନୂଆପଡ଼ା ଉପନିର୍ବାଚନରେ ବିଜେପିର ଐତିହାସିକ ଏବଂ ବିଶାଳ ବିଜୟ ପାଇଁ ରାଜ୍ୟ ସଭାପତି ମନମୋହନ ସାମଲ ନୂଆପଡ଼ାର ଜନସାଧାରଣ ଏବଂ ବିଜେପି କାର୍ଯ୍ୟକର୍ତ୍ତାଙ୍କୁ ଧନ୍ୟବାଦ ଜଣାଇଛନ୍ତି। ସେ କହିଛନ୍ତି ଏହି ବିଜୟ କେବଳ ଏକ ନିର୍ବାଚନୀ ସଫଳତା ନୁହେଁ; ବରଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ନେତୃତ୍ୱ, ବିକାଶର ଏଜେଣ୍ଡା ଏବଂ ସୁଶାସନ ପ୍ରତି ଜନସାଧାରଣଙ୍କ ଅଟଳ ବିଶ୍ୱାସର ଏକ ପ୍ରମାଣ। ଏହି ବିଜୟ ଦଳର ସମସ୍ତ କର୍ମୀ, ପଦାଧିକାରୀ ଏବଂ ଜନସାଧାରଣଙ୍କ ନିରନ୍ତର ପରିଶ୍ରମ ଓ ଆସ୍ଥାର ଫଳ। ବିଜୟୀ ପ୍ରାର୍ଥୀ ଜୟ ଢୋଲକିଆଙ୍କୁ ଅଭିନନ୍ଦନ ସହ ନୂଆପଡ଼ାବାସୀଙ୍କ ଆଶା-ଆକାଂକ୍ଷା ପୂରଣ କରିବା ପାଇଁ ଶ୍ରୀ ସାମଲ ତାଙ୍କୁ ଆହ୍ୱାନ ଦେଇଛନ୍ତି।

# ଜନମତକୁ ଏପଟସେପଟ କରାଯାଇଛି: ଦେବୀ ମିଶ୍ର

**ଭୁବନେଶ୍ୱର,୧୪।୧୧(ସମିସ):** ସରକାରୀ କଳ ଏବଂ ବଳ ଦ୍ୱାରା ବିଜେପି ନିର୍ବାଚନ ବିଜୟ ହାସଲ କରିଛି। ଅନେକ ସମସ୍ୟା ନେଇ ନୂଆପଡ଼ାବାସୀ ମୁହଁ ଖୋଲୁଥିଲେ। ହେଲେ ୯ ତାରିଖ ସକାଳ ପର୍ଯ୍ୟନ୍ତ ବିଜେଡି ସପକ୍ଷରେ ଥିବା ଜନାଦେଶ ପରିବର୍ତ୍ତନ ସମସ୍ତଙ୍କୁ ବ୍ୟଥିତ କରିଛି ବୋଲି ବିଜେଡି ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର କହିଛନ୍ତି। ସେ କହିଛନ୍ତି ଯେ, ବିଜେଡି ଅନେକ ଉପନିର୍ବାଚନ ସାମ୍ନା କରିଛି।



ଏଥିରେ ଦଳ ଅନେକ ଉପନିର୍ବାଚନ ଜିତିଛି ଓ ହାରିଛି। ହେଲେ ନୂଆପଡା ଉପନିର୍ବାଚନ ଫଳାଫଳ କିଛି ଅଲଗା ଆଭାସ ଦେଉଛି। ସେ କହିଛନ୍ତି ଦଳ ତରଫରୁ ଯାହା ଆମେ ଆଶଙ୍କା କରିଥିଲୁ, ତାହା ସତ ପ୍ରମାଣିତ ହୋଇଛି। ଜନମତକୁ ଏପଟସେପଟ କରାଯାଇଛି। ସାଇଲେଣ୍ଟ ପିରିଅଡରେ ଶାସକ ଦଳ ପକ୍ଷରୁ ବ୍ୟବହାର ହୋଇଛି। ଶାସକ ଦଳ ଓ ସରକାରୀ କଳ ସାଇଲେଣ୍ଟ ପିରିଅଡକୁ ମ୍ୟାନୁପୁଲେସନ କରିଛନ୍ତି। ଏହାର ପ୍ରତିଫଳନ ଫଳାଫଳରେ ଦେଖିବାକୁ ମିଳିଛି। ଲୋକଙ୍କ ଭାବନା ଏତେ ବଡ଼ ପରିବର୍ତ୍ତନ ଚକିତ କରିଛି। ୯ ତାରିଖ ସକାଳ ଯାଏ ଯେଉଁ ମତ ଥିଲା, ତାହା ପରିବର୍ତ୍ତନ ହୋଇଛି। ଏହା ହିଁ ଚକିତ କରୁଛି। ଜନସାଧାରଣ ଜାଣିଛନ୍ତି ନବୀନ ବାବୁ ଓଡ଼ିଶାର ପ୍ରିୟତମ ନେତା। ନୂଆପଡାରେ ଅନୁକମ୍ପା ଅପେକ୍ଷା ଟ୍ରିପଲ ଇଞ୍ଜିନ ସରକାରର ମାଇକ୍ରୋ ମ୍ୟାନେଜମେଣ୍ଟ ଫଳାଫଳକୁ ପ୍ରଭାବିତ କରିଛି। ଓଡିଶାର ବିଜେପି ସରକାର, ଛତିଶଗଡ଼ର ବିଜେପି ସରକାର ଓ କେନ୍ଦ୍ରର ବିଜେପି ସରକାରଙ୍କ କଳ ଓ ବଳ ଲାଗିଥିଲା। ନିର୍ବାଚନ ପର୍ଯ୍ୟବେକ୍ଷକ ମଧ୍ୟ ନିରବଦ୍ରଷ୍ଟା ସାଜିଥିଲେ। ଛତିଶଗଡ଼କୁ ଲାଗି ରହିଥିବା ନୂଆପଡାର ଅଞ୍ଚଳରେ ପୂର୍ବରୁ ମଧ୍ୟ ପଛରେ ରହୁଥିଲା। ଉପନିର୍ବାଚନରେ ଏତେ ସଂଖ୍ୟକ ଭୋଟ ପଡ଼ିବା ନଜିର ନାହିଁ। ଉପନିର୍ବାଚନରେ ୮୩ ପ୍ରତିଶତରୁ ଅଧିକ ଭୋଟିଂ ହେବା ସନ୍ଦେହ ସୃଷ୍ଟି କରୁଛି। ୪୧ ବୁଥରେ ହାରାହାରି ୯୧ରୁ ୯୪ ପ୍ରତିଶତ ଭୋଟିଂ ହୋଇଛି। ଭୋଟିଂ ବୁଥକୁ ସିଜ କରିବା ଅଭିଯୋଗ ମଧ୍ୟ ଆସିଛି। ଦାଦନ ଭାବରେ କାମ କରୁଥିବା ଲୋକଙ୍କ ନାଁରେ ଭୋଟ ଦିଆଯାଇଥିବା ସନ୍ଦେହ ହେଉଛି। ନହେଲେ ଏତେ ପରିମାଣର ଭୋଟିଂ ହୋଇନଥାନ୍ତା। ଏହାକୁ ତଦନ୍ତ କଲେ ଜଣାପଡିବ। ଗଣତାନ୍ତ୍ରିକ ପ୍ରକ୍ରିୟାରେ ଅଧିକ ଭୋଟ ଦେଲେ ଭଲ। ମାତ୍ର ଲୋକ ନଆସି ଭୋଟ ପଡିଲେ ଭୟଙ୍କର ହୁଏ ବୋଲି ଶ୍ରୀ ମିଶ୍ର କହିଛନ୍ତି।

# ଅର୍ଥ ବଳର ନଗ୍ନ ପ୍ରଦର୍ଶନ କରି ଶାସକ ଦଳ ନିର୍ବାଚନ ଜିତିଲା: କଂଗ୍ରେସ

**ଭୁବନେଶ୍ୱର,୧୪।୧୧(ସମିସ):** ନୂଆପଡ଼ା ଉପନିର୍ବାଚନରେ ବିଜେପିର ବିଜୟ ହୋଇଛି। ବିଜୟୀ ପ୍ରାର୍ଥୀ ଦଳକୁ କଂଗ୍ରେସ ଅଭିନନ୍ଦନ ଜଣାଇଥିଲେ ମଧ ଏହି ବିଜୟକୁ ଦଳ ସହଜରେ ଗ୍ରହଣ କରିପାରୁ ନାହିଁ। ଦଳ ପକ୍ଷରୁ ଏକ ପ୍ରେସ୍‌ବାର୍ତ୍ତାରେ କୁହାଯାଇଛି, ନୂଆପଡ଼ା ଉପନିର୍ବାଚନରେ ଶାସକ ଦଳ ଯେପରି ଅର୍ଥ ବଳର ନଗ୍ନ ପ୍ରଦର୍ଶନ କଲା, ତାହା ଭାରତୀୟ ନିର୍ବାଚନୀ ଇତିହାସରେ ସମସ୍ତ ରେକର୍ଡକୁ ଅତିକ୍ରମ କରିଯାଇଛି। ନିର୍ବାଚନ ଆୟୋଗ ଓ ଅଧିକାରୀମାନଙ୍କ ବ୍ୟାପକ ପକ୍ଷପାତିତା ବଳରେ ଶାସକ ଦଳ ପ୍ରାର୍ଥୀ ପୁଲିସ ଓ ପ୍ରଶାସନକୁ ବ୍ୟବହାର କରି ଭୋଟରମାନଙ୍କୁ ପ୍ରଲୋଭିତ କରାଇବାରେ ସକ୍ଷମ ହେଲେ। ଆଦର୍ଶ ଆଚରଣ ବିଧି ବାରମ୍ବାର ଖୋଲାଖୋଲି ଉଲଂଘନ ହେଉଥିବା ସତ୍ତ୍ୱେ କର୍ତ୍ତୃପକ୍ଷ ନିରବଦ୍ରଷ୍ଟା ସାଜିଲେ।

ଅନ୍ୟପଟେ ପୂର୍ବରୁ ନିକଟ ଅତୀତରେ ରାଜ୍ୟରେ ଅନୁଷ୍ଠିତ ଉପନିର୍ବାଚନଗୁଡିକରେ କଂଗ୍ରେସର ପ୍ରଦର୍ଶନ ନୈରାଶ୍ୟଜନକ ରହିଥିବା ବେଳେ ସମସ୍ତ ପ୍ରତିକୂଳ ପରିସ୍ଥିତି ସତ୍ତ୍ୱେ ଏ ଥରର ନିର୍ବାଚନରେ କଂଗ୍ରେସ ଦ୍ୱିତୀୟ ସ୍ଥାନରେ ରହିଛି। ଏହା କଂଗ୍ରେସର କ୍ରମବର୍ଦ୍ଧିଷ୍ଣୁ ଲୋକପ୍ରିୟତାର ପ୍ରମାଣ ବୋଲି ଦଳର ମିଡିଆ ସେଲ୍ ଅଧ୍ୟକ୍ଷ ଅରବିନ୍ଦ ଦାସ କହିଛନ୍ତି। ସେ କହିଛନ୍ତି, ଏହା ଆଗାମୀ ଦିନରେ ଓଡ଼ିଶା ରାଜନୀତିକୁ ଯେ ପ୍ରଭାବିତ କରିବ ଏଥିରେ ସନ୍ଦେହ ନାହିଁ। ସମସ୍ତଙ୍କ



ମଧ୍ୟରୁ ଯୋଗ୍ୟତମ ପ୍ରାର୍ଥୀ ଘାସିରାମ ମାଝୀ ଏଥର କଳାହାଣ୍ଡିର ପୂର୍ବତନ ସାଂସଦ ତଥା ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ନେତୃତ୍ୱରେ କଂଗ୍ରେସ ପ୍ରାର୍ଥୀ ହୋଇଥିବାରୁ ମୂଳରୁ ହିଁ ତାଙ୍କ ବିଜୟ ଆଶା ଉଜ୍ଜ୍ୱଳ ଥିଲା। ତେବେ ନୂଆପଡ଼ାରେ ସ୍ପଷ୍ଟ ଦିବାଲୋକରେ ଗଣତନ୍ତ୍ରର ହତ୍ୟା ହେବା ଯୋଗୁଁ ଏଠାରେ ବିଜେପି ଜିତିଲା। ପ୍ରତିକୂଳ ପରିସ୍ଥିତିରେ କଂଗ୍ରେସ ସପକ୍ଷରେ ରହିଥିବା ଭୋଟର ଓ ନିର୍ବାଚନରେ ଅକ୍ଳାନ୍ତ ପରିଶ୍ରମ କରିଥିବା କଂଗ୍ରେସର ନେତୃବୃନ୍ଦ ଓ କର୍ମୀଙ୍କୁ ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ପକ୍ଷରୁ ଶ୍ରୀ ଦାସ ଧନ୍ୟବାଦ ଜଣାଇଛନ୍ତି।

# ୬ ଡିଗ୍ରୀକୁ ଖସିଲା ପାରଦ

### ସେମିଳିଗୁଡ଼ା ସବୁଠୁ ଥଣ୍ଡା

**ଭୁବନେଶ୍ୱର, ୧୪।୧୧ (ସମିସ):** ରାଜ୍ୟର ଅଧିକାଂଶ ସ୍ଥାନରେ ଥଣ୍ଡା ଜାରି ରହିଛି। କ୍ରମାଗତ ଭାବେ ତାପମାତ୍ରା ହ୍ରାସ ପ୍ରଭାବରେ ଚଳିତବର୍ଷ ରାଜ୍ୟରେ ପ୍ରଥମଥର ପାଇଁ କିଛି ସ୍ଥାନରେ ଶୀତ ଲହରୀ ଅନୁଭୂତ ହୋଇଛି। ଲଗାତାର ଦୁଇ ଦିନ ହେବ, ଭୁବନେଶ୍ୱର ଓ ଫୁଲବାଣୀରେ ତାପମାତ୍ରା ସ୍ୱାଭାବିକ ତୁଳନାରେ ୫ଡିଗ୍ରୀ ତଳେ ରହିଥିବା ହେତୁ ଏଠାରେ ଶୀତ ଲହରୀ ସୃଷ୍ଟି ହୋଇଛି। ଏହାବ୍ୟତୀତ, ଗତ ୨୪ ଘଣ୍ଟା ମଧ୍ୟରେ ରାଜ୍ୟରେ ପ୍ରଥମଥର ପାଇଁ ପାରଦ ୬ ଡିଗ୍ରୀ ଛୁଇଁଛି। କୋରାପୁଟର ସେମିଳିଗୁଡ଼ାଠାରେ ତାପମାତ୍ରା ସର୍ବନିମ୍ନ ୬.୩ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ୧୦ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରେକର୍ଡ ହୋଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ଜି. ଉଦୟଗିରିରେ ୭, ଦାରିଙ୍ଗବାଡ଼ିରେ ୭.୫, ଫୁଲବାଣୀରେ ୮.୨, ଝାରସୁଗୁଡ଼ା ଓ ଚିପିଲିମାରେ ୧୧ ଡିଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ସେହିପରି ଭୁବନେଶ୍ୱର ଓ କଟକରେ ତାପମାତ୍ରା ୧୪.୮ଡିଗ୍ରୀ ରହିଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଆସନ୍ତା ୩ ଦିନ ମଧ୍ୟରେ ତାପମାତ୍ରାରେ ବିଶେଷ ପରିବର୍ତ୍ତନ ହେବ ନାହିଁ। ଏହା ପରେ କିଛି କିଛି ସ୍ଥାନରେ ତାପମାତ୍ରାରେ ସାମାନ୍ୟ ବୃଦ୍ଧି ଘଟିପାରେ।

# ଯୁବକଙ୍କୁ ହତ୍ୟା କରି ପୋଖରୀରେ ଫିଙ୍ଗିଦେଲେ

**କାମାକ୍ଷାନଗର, ୧୪।୧୧(ସମିସ):** ଯୁବକଙ୍କୁ ହତ୍ୟା କରି ପୋଖରୀରେ ଫିଙ୍ଗିଦେଲେ। କାମାକ୍ଷାନଗର ଥାନାରେ ଏପରି ଏକ ଅଭିଯୋଗ ହୋଇଛି। ମୃତ ଯୁବକଜଣଙ୍କ ହେଲେ, ପରଜଙ୍ଗ ଥାନା ସାଆନ୍ଦା ଗ୍ରାମର ରାଜେଶ କୁମାର ପାଣି। ପୁଲିସ୍ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

### ନିର୍ବନ୍ଧରେ ଭିଡିଓ ସୁଟିଂ କରିବାକୁ ଆସିଥିଲେ

ସୂଚନାନୁଯାୟୀ, ରାଜେଶ ତାଙ୍କ ଗାଁ ଛକରେ ଏକ ଭିଡିଓ ସୁଟିଂ ଦୋକାନ କରିଛନ୍ତି। ବିବାହ, ବ୍ରତ ଇତ୍ୟାଦିରେ ସୁଟିଂ କରି ସେ ପରିବାର ପ୍ରତିପୋଷଣ କରୁଥିଲେ। ଗତକାଲି ସକାଳେ ଏକ ନିର୍ବନ୍ଧର ଭିଡିଓ ସୁଟିଂ ପାଇଁ ସେ ମୁକ୍ତାପଶି ଗ୍ରାମକୁ ଆସିଥିଲେ। ତେବେ ସଂଧ୍ୟା ପର୍ଯ୍ୟନ୍ତ ଘରକୁ ନଫେରିବାରୁ ପରିବାରଲୋକଙ୍କ ଚିନ୍ତା ବଢ଼ିଥିଲା। ସବୁଆଡ଼େ ଖୋଜାଖୋଜି କରି ନିରାଶ ହେବା ପରେ ଏନେଇ ପରଜଙ୍ଗ ଥାନାରେ ଅଭିଯୋଗ କରିଥିଲେ। ମାତ୍ର ଆଜି ମୁକ୍ତାପଶି ଗାଁ ନିକଟରେ ଥିବା ମଠ ପୋଖରୀରୁ ରାଜେଶଙ୍କ ମୃତଦେହ ଭାସମାନ ଅବସ୍ଥାରେ ଦେଖିବାକୁ ମିଳିଥିଲା। ଖବର ପାଇ ପରିବାରଲୋକ ଘଟଣାସ୍ଥଳରେ ପହଞ୍ଚି ରାଜେଶଙ୍କୁ ଚିହ୍ନଟ କରିବା ସହ ତାଙ୍କୁ ହତ୍ୟା କରାଯାଇଛି ବୋଲି ଅଭିଯୋଗ କରିଛନ୍ତି। କେହି ଦୁର୍ବୃତ୍ତ ତାଙ୍କୁ ହତ୍ୟା କରିବା ପରେ ଏହାକୁ ଅଘଟଣ ଦର୍ଶାଇବା ପାଇଁ ଶବ ପୋଖରୀକୁ ଫିଙ୍ଗି ଦେଇଛି ବୋଲି ସେମାନେ କହିଛନ୍ତି। ଖବର ପାଇ କାମାକ୍ଷାନଗର ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅଗ୍ନିଶମ ବାହିନୀ ସହାୟତାରେ ମୃତଦେହକୁ ପୋଖରୀ ଭିତରୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲା। ସବୁ ଦିଗକୁ ନେଇ ତଦନ୍ତ ଚାଲିଛି ଏବଂ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି ପୁଲିସ କହିଛି।

### ତାରତମ୍ୟର ଶିକାର ମାଧ୍ୟମିକ ବିଦ୍ୟାଳୟ ଛାତ୍ରଛାତ୍ରୀ

# ପୋଷାକ, ମଧ୍ୟାହ୍ନଭୋଜନ, ସାଇକଲ୍ ଓ ବହିରୁ ବଞ୍ଚିତ

**ଭୁବନେଶ୍ୱର,୧୪ ।୧୧(ସମିସ):** ଅନୁଦାନଯୋଗ୍ୟ ବିଦ୍ୟାଳୟରେ ପଢୁଥିବା ଛାତ୍ରଛାତ୍ରୀମାନେ ବୈମାତୃକ ମନୋଭାବର ଶିକାର ହେଉଛନ୍ତି। ସରକାରୀ ବିଦ୍ୟାଳୟର ପିଲାମାନେ ବହି, ପୋଷାକ, ମଧ୍ୟାହ୍ନଭୋଜନ, ସାଇକେଲ ଆଦି ପାଉଥିବାବେଳେ ଅନୁଦାନଯୋଗ୍ୟ ବିଦ୍ୟାଳୟର ପିଲାମାନେ ତହିଁରୁ ବଞ୍ଚିତ ହେଉଛନ୍ତି। ସେହିପରି ଶିକ୍ଷକ, ଶିକ୍ଷୟିତ୍ରୀ ଓ ଶିକ୍ଷା କର୍ମଚାରୀମାନେ ମଧ୍ୟ ଅବହେଳିତ ଅବସ୍ଥାରେ ରହିଛନ୍ତି। ଏଣୁ ଶିକ୍ଷାକୁ ପ୍ରୋତ୍ସାହିତ କରି ଶୈକ୍ଷିକ ପରିବେଶ ସୃଷ୍ଟି କରିବା ପାଇଁ ସରକାରୀ ବିଦ୍ୟାଳୟ ପରି ସମାନ ସୁବିଧାସୁଯୋଗ ପ୍ରଦାନ କରିବାକୁ ଓଡ଼ିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ(ଓଷ୍ଟା) ପକ୍ଷରୁ ଦାବି କରାଯାଇଛି।

ସଂଘର ସାଧାରଣ ସଂପାଦକ ରଞ୍ଜନ କୁମାର ଦାଶ କହିଛନ୍ତି ଯେ ଅନୁଦାନଯୋଗ୍ୟ ବିଦ୍ୟାଳୟର ଓବିସି ଓ ଏସ୍‌ଇବିସି ଛାତ୍ରଛାତ୍ରୀଙ୍କୁ ଛାତ୍ରବୃତ୍ତି ମିଳୁନାହିଁ। ପାଠ ପଢ଼ିବା ପାଇଁ ବହି ମଧ୍ୟ ପାଉ ନାହାନ୍ତି। ଶିକ୍ଷକ ଓ କର୍ମଚାରୀ ବିନା ପାରିଶ୍ରମିକରେ ଶିକ୍ଷାଦାନ କରୁଛନ୍ତି। ଅଭାବ ଅନଟନ ସତ୍ତ୍ୱେ ୩୦ ବର୍ଷରୁ ଅଧିକ ସମୟ ଶିକ୍ଷାଦାନ କରୁଥିଲେ ମଧ୍ୟ ଟଙ୍କାଟିଏ ଅନୁଦାନ ମିଳୁନାହିଁ। ତନ୍ମଧ୍ୟରୁ ଅନେକଙ୍କ ମୃତ୍ୟୁ ହୋଇଥିବାବେଳେ ଆଉକିଛି ଶୂନ୍ୟ ହସ୍ତରେ ଅବସର ନେଉଛନ୍ତି। ତେଣୁ ଏହି ବର୍ଗର ବିଦ୍ୟାଳୟଗୁଡ଼ିକୁ ତୁରନ୍ତ ଅନୁଦାନ ପ୍ରଦାନ କରିବାକୁ ସେ ଦାବି କରିଛନ୍ତି। ସେହିପରି ନୂତନ ଅନୁଦାନ ପ୍ରାପ୍ତ ବିଦ୍ୟାଳୟରୁ ଅବସର ନେଇଥିବା ଓ ନେଉଥିବା କର୍ମଚାରୀଙ୍କ ଚାକିରି ସର୍ତ୍ତାବଳୀ କିମ୍ବା ଅବସରକାଳୀନ ସୁବିଧା ସୁଯୋଗ ପ୍ରଦାନ କରିବାର ବ୍ୟବସ୍ଥା ନ ଥିବାରୁ ଅବସର ପରଠାରୁ କୌଣସି ଅନୁଦାନ ପାଉ ନାହାନ୍ତି। ପୁଣି ନୂତନ ନିଯୁକ୍ତି ଦିଆଯାଉ ନଥିବାରୁ ବିଦ୍ୟାଳୟଗୁଡ଼ିକ ଶିକ୍ଷକ ଶୂନ୍ୟ ହେବାକୁ ବସିଲାଣି। ଅନୁରୂପ ଭାବେ ପୂର୍ଣ୍ଣଅନୁଦାନପ୍ରାପ୍ତ ବିଦ୍ୟାଳୟର ପ୍ରଧାନ ଶିକ୍ଷକଙ୍କୁ ଉଚିତ୍ ଦରମା ଦିଆଯାଉ ନାହିଁ। ଏଣୁ ମାଧ୍ୟମିକ ବିଦ୍ୟାଳୟ ମଧ୍ୟରେ ଥିବା ତାରତମ୍ୟ ଦୂର କରି ଶୈକ୍ଷିକ ପରିବେଶ ସୃଷ୍ଟି କରିବାକୁ ଶ୍ରୀ ଦାସ ଦାବି କରିଛନ୍ତି।

ଏହାସହ ଅନୁଦାନ ଯୋଗ୍ୟ ବିଦ୍ୟାଳୟକୁ ଅନୁଦାନ ପ୍ରଦାନ, ନୂତନ ଅନୁଦାନ ପ୍ରାପ୍ତ ବିଦ୍ୟାଳୟରୁ ଅବସର ନେଇଥିବା ବା ନେଉଥିବା କର୍ମଚାରୀଙ୍କୁ ଚାକିରି ସର୍ତ୍ତାବଳୀ ସହ ପେନସନ୍, ୨୦୦୪ରୁ ୨୦୧୩ ମଧ୍ୟରେ ନିଯୁକ୍ତ ଶିକ୍ଷକଙ୍କୁ ୬ଟି ନୋସନାଲ୍ ଇନକ୍ରିମେଣ୍ଟ, ପୁରାତନ ପେନସନ୍ ସ୍କିମ୍‌ର ପୁନଃ ପ୍ରଚଳନ, ଗ୍ରେଡ ପେ' ଅସଙ୍ଗତି ଦୂରୀକରଣ ପରି ବିଭିନ୍ନ ସମସ୍ୟାକୁ ସମାଧାନ କରିବାକୁ ସଂଘର ସଭାପତି ଅକ୍ଷୟ କୁମାର ମିଶ୍ର ଦାବି କରିଛନ୍ତି। ଏକାଧିକ ଦାବି ପୂରଣ କରିବା ପାଇଁ ସରକାର ପ୍ରତିଶ୍ରୁତି ଦେଇଥିବାବେଳେ ସେସବୁକୁ ତୁରନ୍ତ କାର୍ଯ୍ୟକାରୀ କରିବାକୁ ସଂଘର କାର୍ଯ୍ୟକାରୀ ସଭାପତି ନୀଳମଣି ପୁରୋହିତ, ବ୍ରଜକିଶୋର ବିଶ୍ୱାଳ, ଅଶୋକ କୁମାର ମହାପାତ୍ର, ଶଙ୍କର କୁମାର ସୁବୁଦ୍ଧି ପ୍ରମୁଖ ଦାବି କରିଛନ୍ତି। ଅନ୍ୟଥା ଆନ୍ଦୋଳନକୁ ଓହ୍ଲାଇବେ ବୋଲି ସଂଘ ପକ୍ଷରୁ ଚେତାବନୀ ଦିଆଯାଇଛି।

# ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ 'ଲୋଗୋ' ଉନ୍ମୋଚିତ

### ପ୍ରଥମ ପର୍ଯ୍ୟାୟରେ ୨୨୦୦ ବିଦ୍ୟାଳୟ ପାଇଁ ଖର୍ଚ୍ଚ ହେବ ପ୍ରାୟ ୧୨ ହଜାର କୋଟି



**ଭୁବନେଶ୍ୱର,୧୪ ।୧୧(ସମିସ):** ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ ଯୋଜନାର 'ଲୋଗୋ'କୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଉନ୍ମୋଚନ କରିଛନ୍ତି। ଲୋକସେବା ଭବନରେ ଶୁକ୍ରବାର ଏହାକୁ ଉନ୍ମୋଚନ କରି ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଲୋଗୋର ମଧ୍ୟ ଭାଗରେ ଖୋଲା ପୁସ୍ତକ ସହ କଲମମୁନ ରହିଛି। ଖୋଲା ପୁସ୍ତକ ଶିକ୍ଷା ଏବଂ ବୌଦ୍ଧିକ ଶକ୍ତିର ଜାଗରଣକୁ ବୁଝାଉଥିବା ବେଳେ କଲମମୁନ ସୃଜନଶୀଳତା ଓ ପ୍ରକାଶନକୁ ପ୍ରତିଫଳିତ କରୁଛି। କଲମମୁନର ଉପରି ଭାଗରେ ଜଳୁଥିବା ମଶାଲ, ଜ୍ଞାନ ଓ ସତ୍ୟର ପ୍ରତୀକ ସଦୃଶ। ଏହା ଅଜ୍ଞାନତା ଦୂର କରି ପ୍ରଗତିକୁ ପ୍ରୋତ୍ସାହିତ କରିଥାଏ।

ଓଡ଼ିଆ ସଂସ୍କୃତିକୁ ବହନ କରୁଥିବା ଏହି ଲୋଗୋ ଶିକ୍ଷାର ମହତ୍ୱ ଓ ଭୂମିକାକୁ ପ୍ରତିଫଳିତ କରୁଛି ଏବଂ ଛାତ୍ରଛାତ୍ରୀଙ୍କ ସ୍ୱପ୍ନକୁ ଜାଗରିତ କରିବ। ମଶାଲ ଚାରିପାଖରେ ବିଚ୍ଛୁରିତ କିରଣ ନୈତିକ ଆଲୋକର ପ୍ରତୀକ। ସେହିପରି ବୃତ୍ତାକାର ରୂପ ଏକତା, ଅନ୍ତର୍ଭୁକ୍ତି ଏବଂ ସମନ୍ୱୟକୁ ପ୍ରତିଫଳିତ କରୁଥିବା ବେଳେ ତିନୋଟି ତାରା ଯଥାକ୍ରମେ ଜ୍ଞାନ, ଚରିତ୍ର ଓ ସେବାକୁ ପ୍ରତିନିଧିତ୍ୱ କରୁଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

କାର୍ଯ୍ୟକ୍ରମରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି ଯେ ଏହି ଯୋଜନାରେ ଛାତ୍ରଛାତ୍ରୀଙ୍କୁ ସାମାଜିକ ଏବଂ ଶୈକ୍ଷିକ କ୍ଷେତ୍ରରେ ସଶକ୍ତ କରିବ। ଏହା କେବଳ ଏକ ଶିକ୍ଷା ସଂସ୍କାର ଯୋଜନା ନୁହେଁ, ବରଂ ଏକ ସଂକଳ୍ପ ବୋଲି ସେ କହିଛନ୍ତି। ଏହି ଯୋଜନାରେ ପ୍ରଥମ ପର୍ଯ୍ୟାୟରେ ୨୨୦୦ ବିଦ୍ୟାଳୟକୁ ସୁଦୃଢ଼ କରାଯିବ। ଏଥିପାଇଁ ପ୍ରାୟ ୧୨ହଜାର କୋଟି ଟଙ୍କା ଖର୍ଚ୍ଚ ହେବ। ଆଗାମୀ ଚାରି ବର୍ଷ ଅର୍ଥାତ୍ ୨୦୨୫-୨୬ରୁ ୨୦୨୮-୨୯ ଆର୍ଥିକ ବର୍ଷ ମଧ୍ୟରେ ଏହି ଅର୍ଥ ଖର୍ଚ୍ଚ କରାଯିବ। ପ୍ରତି ପଞ୍ଚାୟତରେ ଗୋଟିଏ ଲେଖାଏଁ ବିଦ୍ୟାଳୟ ହେବାକୁ ଥିବା ବେଳେ ଅନ୍ୟୂନ ୫ଏକର ସରକାରୀ ଜମି ସହ ଗମନାଗମନ ସୁବିଧା ଥିବା ସ୍ଥାନକୁ ପ୍ରାଥମିକତା ଦିଆଯିବ। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ମୁଖ୍ୟମନ୍ତ୍ରୀଙ୍କ ପ୍ରମୁଖ ସଚିବ ଶାଶ୍ୱତ ମିଶ୍ର, ଗଣଶିକ୍ଷା ବିଭାଗର ସଚିବ ଡ. ଏନ୍ ତିରୁମାଲା ନାଏକ, ଓସେପା ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶିକା ଅନନ୍ୟା ଦାସ, ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକ ବାଳ ମୁକୁନ୍ଦ ଭୂୟାଁ ପ୍ରମୁଖ ଉପସ୍ଥିତ ଥିଲେ।

# ରାଜ୍ୟପାଳଙ୍କ ଦ୍ୱାରା 'ରୁଚି' ଉଦ୍ୟୋଗ ସମ୍ମାନିତ

**କଟକ,୧୪।୧୧(ସମିସ):** ଐତିହାସିକ କଟକ ବାଲିଯାତ୍ରାର ଆୟୋଜନରେ ସଫଳ ରୂପାୟନ ଓ ସହଭାଗିତା ପାଇଁ ଏହାର ଅନ୍ୟତମ ମୁଖ୍ୟ ପୃଷ୍ଠପୋଷକ 'ରୁଚି' ମସଲା ଉଦ୍ୟୋଗକୁ କଟକ ଜିଲ୍ଲା ପ୍ରଶାସନ ତଥା ଜିଲ୍ଲା ସଂସ୍କୃତି ପରିଷଦ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି । ଓଡ଼ିଶାର ରାଜ୍ୟପାଳ ଡ. ହରିବାବୁ କମ୍ଭମପାଟି କଟକ ବାଲିଯାତ୍ରା ଉତ୍ସବରେ ମୁଖ୍ୟଅତିଥି ଭାବେ ଯୋଗଦେଇ 'ରୁଚି' ଫୁଡ୍‌ଲାଇନକୁ ସମ୍ମାନିତ କରିଥିଲେ। କଟକ ଜିଲ୍ଲାପାଳ ଦତ୍ତାତ୍ରୟ ଭାଉସାହେବ ଶିନ୍ଦେ ପୁରସ୍କାର ପ୍ରଦାନ ମଞ୍ଚରେ ରାଜ୍ୟର ଏହି ପ୍ରମୁଖ ରୁଚି ଶିଳ୍ପୋଦ୍ୟୋଗ ଏବଂ ଏହାର ପ୍ରତିଷ୍ଠାତା ବିଶିଷ୍ଟ ଉଦ୍ୟୋଗୀ ସ୍ୱର୍ଗତଃ ଡ. ଶରତ କୁମାର ସାହୁଙ୍କ ସଂପର୍କରେ ରାଜ୍ୟପାଳଙ୍କୁ ଅବଗତ କରାଇଥିଲେ। 'ରୁଚି' ଅନୁଷ୍ଠାନ ପକ୍ଷରୁ ଏହାର ଲୋକସଂପର୍କ ବିଭାଗ ମୁଖ୍ୟ ଶୁଭେନ୍ଦୁ କୁମାର ଭୂୟାଁ ରାଜ୍ୟପାଳଙ୍କ ଠାରୁ ଅଙ୍ଗବସ୍ତ୍ର ଓ ସମ୍ମାନଫଳକ ଗ୍ରହଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିଳ୍ପମନ୍ତ୍ରୀ ସଂପଦ ଚନ୍ଦ୍ର ସ୍ୱାଇଁ ଅତିଥିଭାବେ ଯୋଗଦେଇଥିଲେ।



# ପୁରୀକୁ ବିପଦ ବେଆଇନ ଲଜ୍, ହୋମ୍ ଷ୍ଟେ'

**ପୁରୀ,୧୪।୧୧(ସମିସ):** ଦିଲ୍ଲୀରେ ଆତଙ୍କବାଦୀ ବିସ୍ଫୋରଣ ପରେ ସାରା ଦେଶରେ ହାଇ-ଆଲର୍ଟ। ପୁରୀକୁ ପ୍ରତିଦିନ ଦେଶ ବିଦେଶରୁ ହଜାର ହଜାର ଭକ୍ତ ପର୍ଯ୍ୟଟକ ଆସୁଥିବାରୁ ଶ୍ରୀମନ୍ଦିର ସମେତ ଜିଲ୍ଲାରେ ସୁରକ୍ଷା ବ୍ୟବସ୍ଥାକୁ ଅଧିକ କଡ଼ାକଡ଼ି କରାଯାଇଛି। ହେଲେ ସୁରକ୍ଷାକୁ ନେଇ ଏକ ଗୁରୁତ୍ୱପୂର୍ଣ୍ଣ କଥା ଏବେ ସାମ୍ନାକୁ ଆସିଛି। ବର୍ତ୍ତମାନ ସ୍ଥିତିରେ ଶ୍ରୀମନ୍ଦିର ଓ ପୁରୀ ସହର ପାଇଁ ବଡ଼ ବିପଦ ସାଜିଛି ବେଆଇନ ଲଜିଂ। ସବୁଆଡ଼େ ଛତୁ ଫୁଟିଲା ଭଳି ଖୋଲିଛି ବେଆଇନ ଲଜିଂ, ହୋମ୍ ଷ୍ଟେ। ଏହି ଲଜିଂ ତଥା ହୋମ୍‌ଷ୍ଟେଗୁଡ଼ିକ ମଧ୍ୟରୁ ଅଧିକାଂଶର ପୁରୀ ପୌରପାଳିକା ପ୍ରଦାନ କରୁଥିବା ଟ୍ରେଡ୍ ଲାଇସେନ୍ସ ନାହିଁ। ଗୁଣ୍ଡିଚା ମନ୍ଦିର ଓ ଶ୍ରୀମନ୍ଦିର ଚତୁଃପାର୍ଶ୍ୱରେ ନିଜେ ରହୁଥିବା ଘରେ ବି କିଛି ଲୋକ ଯାତ୍ରୀଙ୍କୁ ରଖି ଟଙ୍କା ଆଦାୟରେ ଲାଗିଛନ୍ତି।

ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ରହୁଥିବା ଯାତ୍ରୀଙ୍କଠାରୁ କୌଣସି ପରିଚୟପତ୍ର ରଖାଯାଉନାହିଁ। କେଉଁ ଯାତ୍ରୀ କେଉଁ ସ୍ଥାନରୁ ଆସିଛନ୍ତି, କୌଣସି ସୂଚନା ରହୁନାହିଁ, ଯାହାକି ପୁରୀ ସହର ପାଇଁ ବଡ଼ ବିପଦ ସୃଷ୍ଟି କରୁଥିବା ଅଭିଯୋଗ ହେଉଛି। କମ୍ ସମୟରେ ଆଉ ସହଜରେ କିପରି ଅର୍ଥ ରୋଜଗାର କରିହେବ କିଛି ଲୋକ ଏବେ ଏହିଭଳି ବେଆଇନ ଲଜିଂକୁ ଭରସା

### ପ୍ରଶାସନ ପାଖରେ ରହୁନି ଯାତ୍ରୀଙ୍କ ତଥ୍ୟ

କରିଛନ୍ତି। ନିଜ ଘରକୁ ହୋମ୍ ଷ୍ଟେ' ବ୍ୟବସାୟରେ ଲଗାଇ ଭଲ ରୋଜଗାର କରୁଛନ୍ତି, କିନ୍ତୁ ଆଉ କୌଣସି ଗାଇଡ୍‌ଲାଇନ୍ ପାଳନ କରୁନାହାନ୍ତି। ଯାତ୍ରୀଙ୍କୁ ରଖିବା ଲାଗି ଯେଉଁ ସୁରକ୍ଷା ବ୍ୟବସ୍ଥା ରହିବା କଥା ତାହା ଆଦୌ ନାହିଁ, ଯାହାକି ସହର ପାଇଁ ବିପଦ ସୃଷ୍ଟି କରୁଛି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଯଦି କେହି ଦୁର୍ବୃତ୍ତ ଏହି ବେଆଇନ ଲଜ୍‌ରେ ରହି କିଛି ଅଘଟଣ ପାଇଁ ଷଡ଼ଯନ୍ତ୍ର କରେ ତେବେ ସେ ସଫଳ ହେବେ ଏଥିରେ ସନ୍ଦେହ ନାହିଁ।

ପୁରୀ ସହର ଛୋଟବଡ଼ ହୋଟେଲ,



ଗେଷ୍ଟହାଉସ୍, ଲଜିଂ, ଧର୍ମଶାଳାକୁ ହିସାବକୁ ନେଲେ ଏହି ସଂଖ୍ୟା ପ୍ରାୟ ୧୨୦୦ରୁ ଅଧିକ ହେବ। ପ୍ରତିଦିନ ହଜାର ହଜାର ପର୍ଯ୍ୟଟକ, ଶ୍ରଦ୍ଧାଳୁ ଏଠାରେ ରୁହନ୍ତି। ତେବେ ଯାତ୍ରୀଙ୍କୁ ରଖିବାକୁ ହେଲେ ପୁରୀ ପୌରପାଳିକାଠାରୁ ଟ୍ରେଡ୍ ଲାଇସେନ୍ସ ଓ ପଞ୍ଜୀକରଣ ବାଧ୍ୟତାମୂଳକ। ପର୍ଯ୍ୟଟକଙ୍କ ସୁରକ୍ଷା ପାଇଁ ଫାୟାର ସେଫ୍ଟି, ପାର୍କିଂ ବ୍ୟବସ୍ଥା ରହିବା ଜରୁରୀ। ଯେଉଁ ଯାତ୍ରୀମାନେ ରହିବେ, ସେମାନଙ୍କ ସଠିକ୍ ବୈଧ ପରିଚୟପତ୍ର ରଖିବା ଓ ରେଜିଷ୍ଟରରେ ନାମଲେଖା ସହ ଯିବାଆସିବା ସମୟ ଲେଖିବା ବାଧ୍ୟତାମୂଳକ। କୌଣସି ବିଦେଶୀ ବ୍ୟକ୍ତି କିମ୍ବା ସନ୍ଦିଗ୍ଧ ବ୍ୟକ୍ତି ଆସିଲେ ତୁରନ୍ତ ସ୍ଥାନୀୟ ପୁଲିସକୁ ଖବର ଦେବାର ନିୟମ ରହିଛି। ନିୟମ ଉଲ୍ଲଂଘନ କଲେ ଲାଇସେନ୍ସ ବାତିଲ୍ ସହ ଜରିମାନା ଓ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ମଧ୍ୟ ରହିଛି। ହେଲେ ଏହାକୁ ଭ୍ରୂକ୍ଷେପ ନ କରି କେତେକ ବ୍ୟକ୍ତି ନିଜର ଆବାସିକ ଘରକୁ ବେଆଇନ ଭାବେ ବିନା ପଞ୍ଜୀକରଣରେ ହୋମ୍ ଷ୍ଟେ ତଥା ଲଜ୍‌ରେ ପରିଣତ କରି ବେପାର ଚଳାଇଛନ୍ତି। ପଞ୍ଜୀକରଣ କରି ନ ଥିବା ହେତୁ ଏଠାରେ କେଉଁ ବ୍ୟକ୍ତି ଆସି ରହିଛନ୍ତି, ସେନେଇ ପୁଲିସ କିମ୍ବା ପ୍ରଶାସନ ନିକଟରେ ସୂଚନା ରହୁନାହିଁ। ଏହାକୁ ନେଇ ବୁଦ୍ଧିଜୀବୀ ଉଦ୍‌ବେଗ ପ୍ରକାଶ କରିଛନ୍ତି। ଏହି ବେଆଇନ କାର୍ଯ୍ୟକୁ ରୋକାନଗଲେ ଆଗାମୀ ଦିନରେ ଏହା ସୁରକ୍ଷା ବ୍ୟବସ୍ଥାକୁ ବଡ଼ ବିପଦ ହେବ ବୋଲି ପୁଲିସକୁ ବୁଦ୍ଧିଜୀବୀ ସତର୍କ କରାଇଛନ୍ତି।

ବିଶେଷକରି ଶ୍ରୀମନ୍ଦିର ଓ ଗୁଣ୍ଡିଚା ମନ୍ଦିର ଚତୁଃପାର୍ଶ୍ୱରେ ଏଭଳି ମାଳମାଳ ବେଆଇନ ଲଜିଂ, ହେମ୍ ଷ୍ଟେ ଖୋଲିଛି। ଗୁଣ୍ଡିଚା ମନ୍ଦିରକୁ ଲାଗି ରହିଥିବା ଘରଗୁଡ଼ିକ ରାତାରାତି ହୋମ୍ ଷ୍ଟେ ତଥା ଲଜ୍‌ରେ ପରିଣତ କରି ବେପାର ଚଳାଇଛନ୍ତି। ଏଠାରେ ଯେଉଁମାନେ ରହୁଛନ୍ତି ସେମାନଙ୍କ ସମ୍ପର୍କରେ କୌଣସି ତଥ୍ୟ ପ୍ରଶାସନ ପାଖରେ ରହୁନାହିଁ। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଯାତ୍ରୀ ଭାବେ ପରିଚୟ ଦେଇ ଏଠାରେ ଅନ୍ୟ କେହି ବି ରହି କୌଣସି ବଡ଼ଧରଣର ଅଘଟଣ ଘଟାଇପାରେ। ତେଣୁ ଏସବୁ ଦିଗ ପ୍ରତି ପ୍ରଶାସନ ଧ୍ୟାନ ଦେବାକୁ ବୁଦ୍ଧିଜୀବୀ ମହଲରେ ଦାବି ହୋଇଛି। ପୂର୍ବ ସରକାର ସମୟରେ ଗୁଣ୍ଡିଚା ମନ୍ଦିର ଚତୁଃପାଶ୍ୱର୍ର କିଛି ଅଞ୍ଚଳ ଉଚ୍ଛେଦ ପାଇଁ ନିଷ୍ପତ୍ତି ନିଆଯାଇଥିଲା। ହେଲେ ଏହି ନିଷ୍ପତ୍ତି ଏବେ ଫାଇଲ୍ ତଳେ ଚାପି ହୋଇରହିଛି।

## ପ୍ଲଟ୍ ବିକ୍ରି ନାଁରେ ୧୮ ଲକ୍ଷ ଠକେଇ

ବ୍ରହ୍ମପୁର,୧୪।୧୧(ସମିସ): ପ୍ଲଟ ବିକ୍ରି ନାଁରେ ୧୮ ଲକ୍ଷ ଟଙ୍କା ଠକେଇ ଭଳି ଘଟଣା ନଜରକୁ ଆସିଛି। ଏକ ମନ୍ଦିର ଜମିକୁ ବିକ୍ରି ଯୋଗ୍ୟ ତଥା ବାସଉପଯୋଗୀ ପ୍ଲଟ ଭାବେ ଦର୍ଶାଇ ଜଣେ ଦଲାଲ ସ୍ଥାନୀୟ ଅଯୋଧ୍ୟାନଗର ନିବାସୀ ଜଣେ ମହିଳାଙ୍କ ଠାରୁ ଏହି ଟଙ୍କା ଠକି ନେଇଥିବା ଅଭିଯୋଗ ହୋଇଛି। ଏନେଇ ଅଭିଯୋଗ ପରେ ବୈଦ୍ୟନାଥପୁର ପୁଲିସ ଦଲାଲ ପ୍ରଦୀପ ପାଣିଗ୍ରାହୀଙ୍କ ନାମରେ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି। ଅଭିଯୁକ୍ତ ପ୍ରଦୀପ ପାଣିଗ୍ରାହୀ ପୂର୍ବରୁ ଏକ ଜମି ଠକେଇ ମାମଲାରେ ଗିରଫ ହୋଇ ବ୍ରହ୍ମପୁର ଜେଲରେ ରହିଛନ୍ତି। ଇତି ମଧ୍ୟରେ ପ୍ରଦୀପଙ୍କ ବିରୁଦ୍ଧରେ ଗୋଟିଏ ପରେ ଗୋଟିଏ ଠକେଇ ମାମଲା ଯୋଡି ହେଉଛି।



ସୂଚନା ପ୍ରକାରେ, ଅଯୋଧ୍ୟାନଗର ନିବାସୀ ମହିଳା ଜଣକ ଗତବର୍ଷ ବ୍ରହ୍ମପୁରରେ ଏକ ପ୍ଲଟ କିଣିବାକୁ ଜମି ଦଲାଲ ପ୍ରଦୀପ ପାଣିଗ୍ରାହୀଙ୍କ ସହ ଯୋଗାଯୋଗ କରିଥିଲେ। ପ୍ରଦୀପ ତାଙ୍କୁ ଏକ ପ୍ଲଟ ଯୋଗାଇ ଦେବାକୁ କହି ୧୮ ଲକ୍ଷ ଟଙ୍କା ନେଇଥିଲେ। ମାତ୍ର ଦୀର୍ଘଦିନ ପର୍ଯ୍ୟନ୍ତ ଉକ୍ତ ପ୍ଲଟ ମହିଳାଙ୍କ ନାମରେ ପଞ୍ଜୀକରଣ କରିନଥିଲେ। ମହିଳା ଓ ତାଙ୍କ ପରିବାର ଲୋକେ ଯାଞ୍ଚ କରିବା ପରେ ଅଭିଯୁକ୍ତ ପ୍ରଦୀପ ଯେଉଁ ପ୍ଲଟ ବିକ୍ରି କରିବାକୁ କହିଥିଲେ ତାହା ଏକ ମନ୍ଦିର ଜମି ବୋଲି ଜଣାପଡିଥିଲା। ସେହି ଜମି ବିକ୍ରିଯୋଗ୍ୟ ହୋଇନଥିବା ବେଳେ ପ୍ରଦୀପ ତାଙ୍କୁ ଉକ୍ତ ଜମି ଦେଖାଇ ୧୮ ଲକ୍ଷ ଠକି ନେଇଥିବା ଜାଣିବା ପରେ ଟଙ୍କା ଫେରାଇବାକୁ କହିଥିଲେ। ତେବେ ପ୍ରଦୀପ ଦିନ ଗଡ଼ାଇ ଚାଲିଥିଲେ ଓ ଶେଷରେ ଫୋନ ଉଠାଇ ନଥିଲେ।

ପ୍ରକାଶଥାଉକି, ଜ୍ୟୋତିନଗର ୫ମ ଲାଇନର ଜଣେ ବ୍ୟକ୍ତିଙ୍କୁ ଟାଟାଷ୍ଟିଲ ମୁଖ୍ୟ ଫାଟକ ସମ୍ମୁଖ ଜାତୀୟ ରାଜପଥ କଡରେ ୨ଏକର(୧୦ଭରଣ) ଜମି ବିକ୍ରି କରିବା ନାଁରେ ବିଲଡର ଦିଲୀପ ପଶୁପାଳକ ଓ ଅଭିଯୁକ୍ତ ପ୍ରଦୀପ ପାଣୀଗ୍ରାହୀ ୪୪ଲକ୍ଷ ଟଙ୍କା ଠକେଇ କରିବା ଅଭିଯୋଗରେ ଗୋସାଇଁନୂଆଗାଁ ଥାନା ପୁଲିସ ଗିରଫ କରିଥିଲା। ଉଭୟେ ବର୍ତ୍ତମାନ ବ୍ରହ୍ମପୁର ମଣ୍ଡଳ କାରାଗାରରେ ଅଛନ୍ତି। ଇତି ମଧ୍ୟରେ ଅଭିଯୁକ୍ତ ପ୍ରଦୀପ ନାଁରେ ବିଭିନ୍ନ ଥାନାରେ ଗୋଟିଏ ପରେ ଗୋଟିଏ ମାମଲା ଯୋଡ଼ି ହେଉଛି।

## ଟ୍ରକ୍-ବାଇକ୍ ମୁହାଁମୁହିଁ; ଜଣେ ମୃତ

କୋଦଳା,୧୪।୧୧(ସମିସ): ଗୁରୁବାର ବିଳମ୍ବିତ ରାତିରେ କୋଦଳା ଥାନା ମେଳିସାହୁ ପେଟ୍ରୋଲ ପମ୍ପ ସମ୍ମୁଖରେ ଗୋଟିଏ ଟ୍ରକ ସହିତ ବାଇକର ମୁହାଁମୁହିଁ ଧକ୍କା ଫଳରେ ବାଇକ ଚାଳକ ମୃତ୍ୟୁ ଘଟିଥିବା ବେଳେ ଅନ୍ୟ ଜଣେ ଗୁରୁତର ହୋଇଛନ୍ତି। କବିସୂର୍ଯ୍ୟନଗର ଥାନା ଅର୍ଜୁନପଲିର ପୂର୍ଣ୍ଣଚନ୍ଦ୍ର ନାହାକ (୩୬)କୋଦଳାର କୁମାର ବାବୁ ବେହେରା(୪୫)ଙ୍କ ନିକଟକୁ ଆସିଥିଲେ। କାମ ସାରି କୁମାର ବାବୁ ନିଜ ବାଇକରେ ପୂର୍ଣ୍ଣଙ୍କୁ ଅର୍ଜୁନପଲ୍ଲୀରେ ଛାଡିବାକୁ ଯାଉଥିବା ବେଳେ ଭୁବନେଶ୍ୱର-ଆସିକା ମୁଖ୍ୟ ରାସ୍ତାର ମେଳିସାହୁ ପେଟ୍ରୋଲ ପମ୍ପ ସମ୍ମୁଖରେ ବିପରୀତ ଦିଗରୁ ଆସୁଥିବା ଏକ ଟ୍ରକ ସହିତ ମୁହାଁମୁହିଁ ଧକ୍କା ହୋଇଥିଲା। ଫଳରେ ଦୁଇ ବାଇକ ଆରୋହୀ ଗୁରୁତର ହୋଇଥିଲେ। ଉଭୟଙ୍କୁ କୋଦଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ଡାକ୍ତର ସେଠାରେ କୁମାରଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ ଏବଂ ପୂର୍ଣ୍ଣଙ୍କୁ ବ୍ରହ୍ମପୁର ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି। ପୁଲିସ ଦୁର୍ଘଟଣାଗ୍ରସ୍ତ ଟ୍ରକକୁ ଜବତ କରିବା ସହିତ ଡ୍ରାଇଭର, ହେଲ୍ପରକୁ ଅଟକ ରଖିଛି। ସେହିପରି ଶବ ବ୍ୟବଚ୍ଛେଦ ନିମନ୍ତେ ପଠାଇବା ସହ ଘଟଣାର ତଦନ୍ତ କରୁଛି।

## ବୃଦ୍ଧଙ୍କୁ ଆକ୍ରମଣ; ଜଣେ ଗିରଫ

ବେଲଗୁଣ୍ଠା,୧୪।୧୧(ସମିସ): ଜଣେ ବୃଦ୍ଧଙ୍କୁ ଆକ୍ରମଣ ମାମଲାରେ ପୁଲିସ ଅଭିଯୁକ୍ତକୁ କୋର୍ଟଚାଲାଣ କରିଛି। ଗୁରୁବାର ବେଲଗୁଣ୍ଠା ଥାନା ଅନ୍ତର୍ଗତ ରତଙ୍ଗ ଗ୍ରାମର ଭିକାରୀ ମହାନ୍ତି (୫୫) ବେଲଗୁଣ୍ଠା ଥାନାରେ ଅଭିଯୋଗ କରିଥିଲେ ଯେ ବଲାଡ଼ି ଗ୍ରାମର ଭଗବାନ ସାମଲ ତାଙ୍କୁ ଠେଙ୍ଗାରେ ଆକ୍ରମଣ କରିଛନ୍ତି। ଏ ନେଇ ପୁଲିସ୍ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରି ଗୁରୁବାର ରାତିରେ ଅଭିଯୁକ୍ତ ଭଗବାନକୁ ଗିରଫ କରିଥିଲେ। ଶୁକ୍ରବାର ଅଭିଯୁକ୍ତକୁ କୋର୍ଟଚାଲାଣ କରାଯାଇଥିବା ବେଲଗୁଣ୍ଠା ଥାନାଧିକାରୀ ରେବତୀ ଶବର କହିଛନ୍ତି।

## ବାଇକ୍ ଦୁର୍ଘଟଣାରେ ଜଣେ ମୃତ

ବୁଗୁଡ଼ା,୧୪।୧୧(ସମିସ): ବୁଗୁଡ଼ା ବ୍ଲକ ଗୋଳିଆ ଗ୍ରାମ ବ୍ରିଜ୍ ନିକଟରେ ଦୁଇ ବାଇକ୍ ମୁହାଁମୁହିଁ ଧକ୍କା ହେବାରୁ ଜଣଙ୍କର ମୃତ୍ୟୁ ଘଟିଥିବାବେଳେ ଅନ୍ୟଜଣେ ଆହତ ହୋଇଛନ୍ତି। ମୃତକ ହେଲେ ଗୋଳିଆ ଗ୍ରାମର ଆଦିତ୍ୟ ମହାପାତ୍ର ଏବଂ ଆହତ ଜଣକ ପୋଲସରା ବ୍ଲକ ଜକର ଗ୍ରାମର ବାବୁରାମ ବେହେରା। ଶୁକ୍ରବାର ସକାଳେ ଆଦିତ୍ୟ ବାଇକ୍ ଯୋଗେ ପିଉସୀ ଘର ହାଡଖାଇ ଗାଁରୁ ଗୋଳିଆକୁ ଫେରୁଥିବାବେଳେ ଆଗରୁ ପାର୍ସଲ ଡେଲିଭର କାମ କରୁଥିବା ବାବୁରାମ ବାଇକ ଚଳାଇ ବୁଗୁଡା ସ୍ଥିତ ଫ୍ଲିପକାର୍ଟ ଅଫିସକୁ ଆସୁଥିଲେ। ତେବେ ଉଭୟ ବାଇକ ମଧ୍ୟରେ ଗୋଳିଆ ଗାଁ ବ୍ରିଜ୍ ନିକଟ ରାସ୍ତାରେ ମୁହାଁମୁହିଁ ଧକ୍କା ହୋଇଥିଲା। ଫଳରେ ଉଭୟ ଗୁରୁତର ହୋଇଥିଲେ। ଉଭୟଙ୍କୁ ସ୍ଥାନୀୟ ଲୋକେ ବୁଗୁଡା ମେଡିକାଲ ଓ ପରେ ଆଦିତ୍ୟଙ୍କ ଅବସ୍ଥା ଗୁରୁତର ଥିବାରୁ ତାଙ୍କୁ ବ୍ରହ୍ମପୁରକୁ ସ୍ଥାନାନ୍ତର କରାଯାଇଥିଲା। ତେବେ ତାଙ୍କର ସେଠାରେ ମୃତ୍ୟୁ ଘଟିଥିଲା। ଏହି ଖବର ପହଞ୍ଚିବା ପରେ ଗୋଳିଆ ଗ୍ରାମରେ ଶୋକର ଛାୟା ଖେଳିଯାଇଛି।

# ବାରମ୍ବାର କଲ୍ ଡ୍ରପ୍: ବିଏସ୍ଏନ୍ଏଲ୍ ଗ୍ରାହକ ଅତିଷ୍ଠ

ବ୍ରହ୍ମପୁର,୧୪।୧୧(ସମିସ)

ପ୍ରତିଯୋଗିତା ମୂଳକ ଦୁନିଆଁରେ ଅତ୍ୟାଧୁନିକ ସେବା ପ୍ରଦାନ କରି ଗ୍ରାହକଙ୍କୁ ଆକର୍ଷିତ କରିବା ଓ ବାନ୍ଧି ରଖିବା ଯେକୌଣସି ସଂସ୍ଥା ପାଇଁ ଜରୁରୀ। ତେବେ ଏକ୍ଷେତ୍ରରେ ବିଏସଏନଏଲ ଭଳି କେନ୍ଦ୍ର ସରକାରଙ୍କ ଉଦ୍ୟୋଗ ଅନ୍ୟ ଘରୋଇ କମ୍ପାନୀ ଗୁଡିକ ଠାରୁ ପଛରେ ପଡ଼ିବା ଚିନ୍ତାର ବିଷୟ। ଘରୋଇ କମ୍ପାନୀମାନେ ବିଭିନ୍ନ ଆକର୍ଷଣୀୟ ଅଫର ଦେଇ ଟାୱାରର ଦକ୍ଷତା ଓ କ୍ଷମତାକୁ ବୃଦ୍ଧି କରୁଥିବା ବେଳେ ଏକ୍ଷେତ୍ରରେ ବିଏସଏନଏଲର ସେବା ଗ୍ରାହକଙ୍କ ପାଇଁ ଚିନ୍ତାର କାରଣ ପାଲଟିଛି। ସବୁଠାରୁ ବଡ଼କଥା ହେଲା ସହରାଞ୍ଚଳର ଅନେକ ଅଞ୍ଚଳ ବ୍ଲାକ ସ୍ପଷ୍ଟ ଭାବେ ରହି ଗ୍ରାହକଙ୍କ ପାଇଁ ସମସ୍ୟାର କାରଣ ପାଲଟିଛି। ଫଳରେ ଯୋଗାଯୋଗ ବିଚ୍ଛିନ୍ନ ହେବା ଅଥବା ନିୟମିତ କଲ ଡ୍ରପ ସମସ୍ୟାରେ ଗ୍ରାହକ ଘାଣ୍ଟି ହେଉଛନ୍ତି। ଏଭଳି ଏକ ଅଞ୍ଚଳ ହେଉଛି ବ୍ରହ୍ମପୁରର ଖୋଡାସିଙ୍ଗି ଠାରୁ ଆମ୍ବପୁଆ ଅଞ୍ଚଳ। ସହରର ଚିହ୍ନଟ ବିଭିନ୍ନ ବ୍ଲାକସ୍ପଟ ଅଞ୍ଚଳ ମଧ୍ୟରୁ ଅନ୍ୟତମ ଇଲାକା ଭାବେ ଖୋଦ୍ ବିଏସଏନଏଲ ଦ୍ୱାରା ତାଲିକାଭୁକ୍ତ। ସହର କ୍ରମଶଃ ଏହି ଦିଗରେ ସଂପ୍ରସାରିତ ହେଉଥିବା ବେଳେ ଏହି ଅଞ୍ଚଳରେ କେନ୍ଦ୍ରୀୟ ବିଦ୍ୟାଳୟ, ଜାତୀୟ ରାଜପଥ ବିଭାଗ, ଆୟକର ବିଭାଗ, ଚିକିତ୍ସାଳୟ, ସିଟି କଲେଜ, ମୂକ ଓ ବଧିରଙ୍କ ପାଇଁ ସ୍ୱତନ୍ତ୍ର ବିଦ୍ୟାଳୟ, ଗଞ୍ଜାମ ଆଇନ ମହାବିଦ୍ୟାଳୟ, ପୁଲିସ ରିଜର୍ଭ କାର୍ଯ୍ୟାଳୟ, ବିଭିନ୍ନ ଘରୋଇ ଶିକ୍ଷାନୁଷ୍ଠାନ, ଆଞ୍ଚଳିକ ମାଧ୍ୟମିକ ଶିକ୍ଷା ପରିଷଦ କାର୍ଯ୍ୟାଳୟ, ବିଭିନ୍ନ ବ୍ୟାଙ୍କର ଜୋନାଲ ଅଫିସ, ଅବକାରୀ ବିଭାଗ ଅଧିକ୍ଷକଙ୍କ କାର୍ଯ୍ୟାଳୟ, ଏସଟିପିଆଇ ଓ ବହୁ ସରକାରୀ କାର୍ଯ୍ୟାଳୟ ଅବସ୍ଥିତ। ଅଧିକାଂଶ ଲୋକେ ବିଏସଏନଏଲର ବହୁ ପୁରୁଣା ଗ୍ରାହକ ହୋଇଥିବା ବେଳେ ନେଟୱର୍କ ସମସ୍ୟା ଯୋଗୁ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। କେତେବେଳେ ନେଟୱର୍କ ରହୁନି ତ ଆଉ କେତେବେଳେ ଦିର୍ଘ ସମୟ ଧରି କଲ୍ ଡ୍ରପ ହେଉଛି। ଫଳରେ ଲୋକଙ୍କୁ ଯୋଗାଯୋଗ କରିବାରେ ଅସୁବିଧା ହେଉଛି। ଏନେଇ ବାରମ୍ବାର ଅଭିଯୋଗ ପରେ ବି କେହି ଶୁଣୁନାହାନ୍ତି।



ଏଭଳି ସମସ୍ୟା ନେଇ ବ୍ରହ୍ମପୁର ବିଏସଏନଏଲ ମହାପ୍ରବନ୍ଧକ ବଲବୀର ସିଂ ନିଜର ପ୍ରତିକ୍ରିୟା ରଖିଛନ୍ତି। ବିଏସଏନଏଲ ପ୍ରତି ଆଜି ମଧ୍ୟ ଲୋକଙ୍କର ବିଶ୍ୱାସ ରହିଛି। ତେବେ ଘରୋଇ କମ୍ପାନୀ ସହିତ ପ୍ରତିଯୋଗିତା ଲକ୍ଷ୍ୟରେ ନୁହେଁ ବରଂ ଲୋକଙ୍କ ନିକଟତର ହୋଇ ଉତ୍ତମ ସେବା ଯୋଗାଇବା ବିଏସଏନଏଲର ଲକ୍ଷ୍ୟ ବୋଲି ସେ ଦୃଢୋକ୍ତି ପ୍ରକାଶ କରିଛନ୍ତି। ତେବେ ବର୍ତ୍ତମାନର ସ୍ଥିତିରେ ସେବା ପ୍ରଦାନରେ ବିଏସଏନଏଲରେ

- ଖୋଡାସିଙ୍ଗି ଠାରୁ ଆମ୍ବପୁଆ ମଧ୍ୟରେ ନାହିଁ ମୋବାଇଲ ଟାୱାର
- ଟାୱାର ପ୍ରତିଷ୍ଠା ପାଇଁ ଜମି ଚିହ୍ନଟ ଓ ସହମତିରେ ରହିଛି ସମସ୍ୟା
- ସ୍ଥାୟୀ ସମାଧାନ ପାଇଁ ଅଧିକାରୀଙ୍କୁ ଦିଆଯାଇଛି ନିର୍ଦ୍ଦେଶ: ଜିଏମ୍

କିଛି ସମସ୍ୟା ରହିଥିବା ସେ ସ୍ୱୀକାର କରିଛନ୍ତି। ବର୍ତ୍ତମାନ ବ୍ରହ୍ମପୁର ସହରରେ ମାତ୍ର ୫ଶହ ଲ୍ୟାଣ୍ଡଲାଇନ ସଂଯୋଗ ରହିଥିବା ବେଳେ ପ୍ରାୟ ୧୦ହଜାରରୁ ଊର୍ଦ୍ଧ୍ୱ ମୋବାଇଲ ଗ୍ରାହକ ରହିଛନ୍ତି। ସହରାଞ୍ଚଳ ସହିତ ଗ୍ରାମାଞ୍ଚଳରେ କିଭଳି ଲୋକଙ୍କ ପାଖରେ ସେବା ଯୋଗାଇ ଦିଆଯାଇପାରିବ ସେନେଇ ପଦକ୍ଷେପ ଗ୍ରହଣ କରାଯାଉଛି। ତେବେ ବ୍ରହ୍ମପୁର ସହରରେ ଆଜି ମଧ୍ୟ ଖୋଡାସିଙ୍ଗି ଠାରୁ ଆମ୍ବପୁଆ ଭଳି କିଛି ବ୍ଲାକ ସ୍ପଟ ରହିଥିବା ସେ କହିଛନ୍ତି। ଏହି ସମସ୍ୟାର ମୁଖ୍ୟ କାରଣ ହେଉଛି ଟାୱାର ସମସ୍ୟା। ବ୍ରହ୍ମପୁର ସହରରେ ମୋଟ ୪୨ଟି ଟାୱାର ଥିବାବେଳେ ବର୍ତ୍ତମାନ ନେଟୱର୍କ ସମସ୍ୟାର ସମାଧାନ କରିବାକୁ ଯାଇ ଅଧିକ ୧୦ଟି ଟାୱାର ପ୍ରତିଷ୍ଠା କରାଯାଇଛି। ତେବେ ଖୋଡାସିଙ୍ଗି ଠାରେ ଗୋଟିଏ ଟାୱାର ଥିବା ବେଳେ ନରେନ୍ଦ୍ରପୁର ଓ ଡିଫେନ୍ସ କଲୋନୀ ଠାରେ ଦୁଇଟି ଟାୱାର ରହିଛି। ଫଳରେ ଖୋଡାସିଙ୍ଗି ଠାରୁ ଆମ୍ବପୁଆ ଭଳି ଅଞ୍ଚଳରେ ନେଟୱର୍କ ସମସ୍ୟା ଉପୁଜିଛି। ଏହାର ସ୍ଥାୟୀ ସମାଧାନ ପାଇଁ ଅନେକ ଥର ଜମି ଚିହ୍ନଟ ଓ ଅନ୍ୟ ନେଟୱର୍କର ଟାୱାରକୁ ବ୍ୟବହାର କରିବାକୁ ଚେଷ୍ଟା କରାଯାଇଥିଲେ ହେଁ ସଫଳ ହୋଇନାହିଁ। ଆଗାମୀ ଦିନରେ ଯେକୌଣସି ସରକାରୀ କୋଠାକୁ ଚିହ୍ନଟ କରି ଏବଂ ଅନୁମତି ନେଇ ନିଜସ୍ୱ ଅଥବା ଅନ୍ୟ କାହାର ଟାୱାର ସହାୟତାରେ ଲୋକଙ୍କୁ ସେବା ଯୋଗାଇବାକୁ ଆବଶ୍ୟକ ପଦକ୍ଷେପ ଗ୍ରହଣ କରାଯିବ ବୋଲି କହିଛନ୍ତି ବିଏସଏନଏଲ ମହାପ୍ରବନ୍ଧକ ବଲବୀର ସିଂ।

## ମଡେଲ ଶିଶୁ ବାଟିକା କକ୍ଷ ଉଦ୍‌ଘାଟିତ



ଛତ୍ରପୁର,୧୪।୧୧(ସମିସ): ଶିଶୁ ଦିବସ ଅବସରରେ ଛତ୍ରପୁର ସ୍ଥିତ ପିଏମ୍‌ଶ୍ରୀ ଅନସ୍ଲୋ ସରକାରୀ ଉଚ୍ଚ ବିଦ୍ୟାଳୟରେ ମଡେଲ ଶିଶୁ ବାଟିକା କକ୍ଷ ଉଦ୍‌ଘାଟିତ ହୋଇଛି। ଏହି କକ୍ଷରେ ଶିଶୁ ବାଟିକା କୁନିକୁନି ଛାତ୍ର/ଛାତ୍ରୀଙ୍କୁ ଦିଆଯିବ ଗୁଣାତ୍ମକ ଶିକ୍ଷା। ମୁଖ୍ୟ ଅତିଥିଭାବେ ଛତ୍ରପୁର ବିଧାୟକ କୃଷ୍ଣଚନ୍ଦ୍ର ନାୟକ ଓ ଗଞ୍ଜାମ ଜିଲ୍ଲାପାଳ ଭି.କିର୍ତି ଭାସନ ଯୋଗଦେଇ ଏହି ମଡେଲ ଶିଶୁ ବାଟିକା କକ୍ଷ ଉଦ୍‌ଘାଟନ କରିଥିଲେ। ଏହି କକ୍ଷରେ ଶିଶୁ ବାଟିକା ପିଲାମାନଙ୍କ ପାଇଁ କିପରି ଅତି ସହଜରେ ଗୁଣାତ୍ମକ ଶିକ୍ଷା ବୁଝିପାରିବେ ସେଠାରେ ତାହାରି ବ୍ୟବସ୍ଥା ହୋଇଥିବା ବିଧାୟକ ଓ ଜିଲ୍ଲାପାଳ ଦେଖିଥିଲେ। ପିଲାଙ୍କୁ ସର୍ବୋତ୍ତମ ଓ ଗୁଣାତ୍ମକ ଶିକ୍ଷା ଉପରେ ଜିଲ୍ଲା ପ୍ରଶାସନ ଅଧିକ ଗୁରୁତ୍ୱ ଦେଉଛି ବୋଲି ଜିଲ୍ଲାପାଳ କହିଥିଲେ। ଗଞ୍ଜାମ ଜିଲ୍ଲାରେ ୨୮୮୮ ସ୍କୁଲରେ ୨୦ ହଜାର ୨୫୨ ଜଣ ଶିଶୁ ବାଟିକାରେ ପଢୁଥିବା ଜିଲା ଶିକ୍ଷା ବିଭାଗ ପକ୍ଷରୁ କୁହାଯାଇଛି।

ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଶିକ୍ଷାଧିକାରୀ ଅଜୟ କୁମାର ପାତ୍ର, ଅତିରିକ୍ତ ଶିକ୍ଷାଧିକାରୀ ଡଃ ପ୍ରଭାତୀ ମହାପାତ୍ର, ସମଗ୍ର ଶିକ୍ଷାର ବରିଷ୍ଠ ବୈଷୟିକ ପରାମର୍ଶଦାତା ମନୋଜ ବେହେରା, ସ୍କୁଲ ପ୍ରଧାନଶିକ୍ଷୟିତ୍ରୀ ସୁଚିତା ପାଣିଗ୍ରାହୀ ପ୍ରମୁଖ ଉପସ୍ଥିତ ଥିଲେ।

## କ୍ଷେତ ମଜଦୂର କିଷାନ ସଭାର ବିକ୍ଷୋଭ



ପୋଲସରା,୧୪।୧୧(ସମିସ): ଅଲ୍ ଇଣ୍ଡିଆ କ୍ଷେତ ମଜଦୂର କିଷାନ ସଭା ପୋଲସରା ବ୍ଲକ ପକ୍ଷରୁ ଆଦିବାସୀ ମାନଙ୍କର ବିଭିନ୍ନ ସମସ୍ୟା ନେଇ ଗଣବିକ୍ଷୋଭ କରିବା ସହ ପୋଲସରା ତହସିଲଦାର ଦୀପ୍ତିମୟୀ ପାତ୍ରଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ଚାଷୀମୁଲିଆ ସଂଘର ସମସ୍ତ କର୍ମକର୍ତ୍ତା ଓ ସମସ୍ତ ସଦସ୍ୟ ମାନେ ଆଦିବାସୀଙ୍କର ପାରମ୍ପରିକ ଅସ୍ତ୍ର ସହିତ ନଷ୍ଟ ହୋଇଥିବା ଧାନଗଛ ହାତରେ ଧରି ବ୍ଲକ ଛକ ଠାରୁ ତହସିଲ କାର୍ଯ୍ୟାଳୟ ପର୍ଯ୍ୟନ୍ତ ରାଲିରେ ଯାଇଥିଲେ। ଗୋଛାବାଡ଼ି ଓ ପାଣ୍ଡିରୀପଡା ପଂଚାୟତ ର ଭାଲିଆ ମାଳ, ସିକିରି, ଜୋକବନ୍ଧ ପାଲବା, ଚେଙ୍ଗ ସମେତ ବହୁତ ଆଦିବାସ ଗ୍ରାମ ର ଭୂମିହୀନ ଓ ବାସହୀନଙ୍କୁ ଜମି ପଟ୍ଟା ସହ ଘରବାରୀ ପଟ୍ଟା ପ୍ରଦାନ ଭଳି ବିଭିନ୍ନ ଦାବି ନେଇ ଚାଷୀ ମୁଲିଆ ସଂଘ ରାଜ୍ୟ ସମ୍ପାଦକ ନିରାକାର ଯାନୀ, ଜିଲ୍ଲା ସଭାପତି ଅବନୀ ଗୟା, ସମ୍ପାଦକ ରଞ୍ଜନ ଶବର, କାର୍ଯ୍ୟକାରୀ ସଭାପତି ନିରଞ୍ଜନ ଶବର, ଯୁବନେତା ଲଡ୍ଡୁ ଶବର, ଶ୍ରମିକ ନେତା ପବନା ଶବର ପ୍ରମୁଖ ସମେତ ବହୁତ ମହିଳା ପୁରୁଷ ଆଦିବାସୀ ଆସି ବିକ୍ଷୋଭ କରିବା ସହିତ ଦାବିପତ୍ର ପ୍ରଦାନ କରିଥିଲେ।

## ଆତ୍ମହତ୍ୟା ପରେ ବାଲିରେ ପୋତିଦେଲେ କୁଷ୍ଠ ରୋଗୀଙ୍କ ଶବ

ଗଞ୍ଜାମ,୧୪।୧୧(ସମିସ): ଆଶ୍ଚର୍ଯ୍ୟ ତଥା ଚକିତ କଲାଭଳି ଏକ ଘଟଣା ପଦାକୁ ଆସିଛି। ଜଣେ ବ୍ୟକ୍ତି ଆତ୍ମହତ୍ୟା କରିବା ପରେ ତାଙ୍କର ମୃତଦେହକୁ ଶ୍ମଶାନରେ ଦାହ ନକରି ମାଳି ଜଗନ୍ନାଥପୁର ଶ୍ମଶାନ ସ୍ଥିତ ନଦୀ ବାଲିଘାଟରେ ପୋତିଦେବା ଘଟଣା ଚର୍ଚ୍ଚାର ବିଷୟ ପାଲଟିଛି। ମାଳି ଜଗନ୍ନାଥପୁର ଗ୍ରାମର ଏଲେୟା ନାମକ ଜଣେ ଯୁବକ ଗୁରୁବାର ସନ୍ଧ୍ୟାରେ ନଦୀ ଘାଟକୁ ବୁଲିବାକୁ ଯାଇଥିବା ବେଳେ ମୃତଦେହଟି ବାଲିରେ ପୋତି ହୋଇଥିବା ଏବଂ ଗୋଡ଼ ପଦାକୁ ବାହାରି ଥିବା ଦେଖିଥିଲେ। ଘଟଣା ସମ୍ପର୍କରେ ସେ ଗ୍ରାମର କିଛି ବ୍ୟକ୍ତିଙ୍କୁ କହିବା ପରେ ଏହା ପ୍ରଘଟ ହୋଇଥିଲା। ପୋତିବାର କିଛି ସମୟ ପରେ କୁକୁର ବିଲୁଆ ଶବଟିକୁ ଭିଡ଼ି ବାହାର କରିଥିବା ସ୍ଥାନୀୟ ଅଞ୍ଚଳରେ ଆଲୋଚନା ହେଉଛି। ମୃତଦେହଟି ବୋରିଗାଁ ଅଞ୍ଚଳର ବୋଲି ଏଲେୟା ଗଣମାଧ୍ୟମକୁ କହିବା ସହ ଗଞ୍ଜାମ ଥାନାକୁ ଅବଗତ କରାଇଥିଲେ। ବୋରିଗାଁ ଗ୍ରାମର ଜଣେ କୁଷ୍ଠ ରୋଗୀଙ୍କର ମୃତ୍ୟୁ ହେବା ପରେ ଉକ୍ତ ଗ୍ରାମବାସୀ ତାଙ୍କ ଗାଁ ମଶାଣିରେ ପୋଡ଼ିବାକୁ ବାରଣ କରିଥିଲେ। ଫଳରେ ତାଙ୍କ ପରିବାର ମାଳି ଜଗନ୍ନାଥପୁର ସ୍ମଶାନରେ ନପୋଡି ଶବଟିକୁ ପୋତି ଦେଇଥିବା ଗଞ୍ଜାମ ଥାନା ପକ୍ଷରୁ କୁହାଯାଇଛି।

## ଉପମୁଖ୍ୟମନ୍ତ୍ରୀଙ୍କ ଗସ୍ତ ନେଇ ପ୍ରସ୍ତୁତି



ସାନଖେମୁଣ୍ଡି,୧୪।୧୧(ସମିସ): ଆସନ୍ତା ୧୭ ତାରିଖରେ ସାନଖେମୁଣ୍ଡି ବ୍ଲକ ତପ୍ତପାଣିକୁ ଆସୁଛନ୍ତି ଉପ ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା। ଏ ନେଇ ଶୁକ୍ରବାର ଗଞ୍ଜାମ ଜିଲ୍ଲାପାଳ ଭି. କୀର୍ତ୍ତି ଭାସନ, ଉପ ଜିଲ୍ଲାପାଳ ଅବିନାଶ କୁମାର, ଆସିକା ଏସ୍‌ଡିପିଓ ସନ୍ତୋଷ ଜେନା, ସାନଖେମୁଣ୍ଡି ବିଡିଓ ଜିତେନ୍ଦ୍ର କୁମାର ମିଶ୍ର, ପାଟପୁର ଥାନା ଅଧିକାରୀ ଦୀପ୍ତି ରଞ୍ଜନ ବେହେରା ତପ୍ତପାଣି ସଭା ସ୍ଥଳ ଓ ଡେଙ୍ଗାଓସ୍ତା ଅସ୍ଥାୟୀ ହେଲିପ୍ୟାଡରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି। ଉପ ମୁଖ୍ୟମନ୍ତ୍ରୀ ପ୍ରଭିଭା ପରିଡା ବ୍ରହ୍ମପୁର ରେଳ ଷ୍ଟେସନରେ ବରିଷ୍ଠ ନାଗରିକଙ୍କ ତୀର୍ଥଯାତ୍ରୀଙ୍କ ଟ୍ରେନ ଯାତ୍ରାର ଶୁଭାରମ୍ଭ ସହିତ ସାନଖେମୁଣ୍ଡି ବ୍ଲକ ଟି.ଗୋବିନ୍ଦପୁର ପାଞ୍ଚାୟତରେ ଥିବା ତପ୍ତପାଣି ଉଷ୍ଣ ପ୍ରସ୍ରବଣ ଉନ୍ନତିମୂଳକ କାର୍ଯ୍ୟର ଶିଳାନ୍ୟାସ କରିବେ।

## ଡାକଘରୁ ଲକ୍ଷାଧିକ ଟଙ୍କା ଚୋରି

ସୋରଡ଼ା,୧୪।୧୧(ସମିସ): ସୋରଡ଼ା ସହରରେ ଥିବା ମୁଖ୍ୟ ଡାକଘରୁ ବିଳମ୍ବିତ ରାତିରେ ଚୋରି ହୋଇଛି। ଡାକଘର ପାର୍ଶ୍ୱରେ ଥିବା ଝରକା ଭାଙ୍ଗି ୧ଲକ୍ଷ ୮୧ ହଜାର ଟଙ୍କା ଲୁଟି ନେଇଛନ୍ତି ଦୁର୍ବୃତ୍ତ। ଗୁରୁବାର ଦିନ ଅଫିସ୍ କାର୍ଯ୍ୟ ସାରି କର୍ମଚାରୀମାନେ ନିଜ ନିଜ ଘରକୁ ଯାଇଥିଲେ।

ଶୁକ୍ରବାର ସକାଳୁ ଝରକା ଭାଙ୍ଗିଥିବା ଦେଖିଥିଲେ। ଭିତରକୁ ଯାଇ ଦେଖିବାବେଳକୁ ଲକର ଖାଲି ହୋଇଯାଇଥିଲା। ଏନେଇ ପୁଲିସକୁ ଖବର ଦିଆଯିବା ପରେ ଥାନାଧିକାରୀ ଅନୀଲ କୁମାର ପ୍ରଧାନଙ୍କ ତତ୍ତ୍ୱାବଧାନରେ ଏଏସଆଇ ଶାଶ୍ୱତ କୁମାର ପରିଡ଼ା ଓ ଅନ୍ୟ ପୁଲିସ କର୍ମଚାରୀ ପହଞ୍ଚି ତଦନ୍ତ କରିବା ସହ ଦୁର୍ବୃତ୍ତ ଅତି ସତର୍କତାର ସହିତ ଚୋରି କରିଥିବା ବେଳେ ଏତେବଡ଼ କାରବାରର କେନ୍ଦ୍ର ହୋଇଥିଲା ବେଳେ ନାଁ ଅଛି ସଠିକ ସୁରକ୍ଷା ବ୍ୟବସ୍ଥା ନାଁ ଅଛି ରାତ୍ରି ଜଗୁଆଳି ବ୍ୟବସ୍ଥା। ଏପରିକି ବହୁତ କାରବାର ଜନିତ ଏକମାତ୍ର ଡାକଘର ହୋଇଥିବା ବେଳେ ସିସିଟିଭି ବ୍ୟବସ୍ଥା ଟିକିଏ ମଧ୍ୟ ନଥିବା ସୁରକ୍ଷା ବ୍ୟବସ୍ଥାର ଢ଼ିଲାପଣକୁ ପଦାରେ ପକାଇଛି। ଅପରପକ୍ଷେ ସନ୍ଦିଗ୍ଧ ସ୍ଥଳରୁ କୌଣସି ସୁରାକ ମିଳିନଥିବା ବେଳେ ବ୍ରହ୍ମପୁରରୁ ସାଇଣ୍ଟଫିକ ଟିମ୍ ଆସିବା ପରେ କିଛି ସୁରାକ ମିଳିବା ଆଶା କରାଯାଉଛି।

## ଜିଲ୍ଲାସ୍ତରୀୟ ଯୁବ ରେଡ଼କ୍ରସ୍ ତାଲିମ ଶିବିର


ମୋହନା,୧୪।୧୧(ସମିସ): ମୋହନା ପିଏମଶ୍ରୀ ଏସ୍ଏସ୍ଡି ହାଇସ୍କୁଲରେ ଜିଲ୍ଲାସ୍ତରୀୟ ଯୁବ ରେଡ଼କ୍ରସ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଶିକ୍ଷକ ସତ୍ୟ ରଞ୍ଜନ କରଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଶିବିରରେ ମୁଖ୍ୟଅତିଥି ଭାବେ ପାରଳାଖେମୁଣ୍ଡି ଏସ୍‌କେସିଜି ସ୍ୱୟଂଶାସିତା ମହାବିଦ୍ୟାଳୟ ଅଧ୍ୟକ୍ଷ ଡ଼. ରାଧାକାନ୍ତ ଭୂୟାଁ ଯୋଗଦେଇ ଉଦଘାଟନ କରିଛନ୍ତି। ମୁଖ୍ୟବକ୍ତା ଭାବେ ବ୍ଲକ ଶିକ୍ଷାଧିକାରୀ ନରେନ୍ଦ୍ର ବେହେରା, ସମ୍ମାନିତ ଅତିଥି ସମାଜସେବୀ ମଧୁସୁଦନ ପାଢ଼ୀ, ଯୁବ ରେଡ଼କ୍ରସ ପୂର୍ବତନ ଜିଲ୍ଲା ସମ୍ପାଦକ ସୁକାନ୍ତ ବେହେରା, ବ୍ରହ୍ମପୁର ଆଞ୍ଚଳିକ ବିଜ୍ଞାନ କଲେଜ ପୂର୍ବତନ ଅଧ୍ୟକ୍ଷ ବି. ଗୋବିନ୍ଦ ରାଓ, ସଡ଼କ ସୁରକ୍ଷା ବିଶେଷଜ୍ଞ ଅଧ୍ୟାପକ ପ୍ରଫେସର ଲୋକନାଥ ମହାନ୍ତି, ଯୁବ ରେଡ଼କ୍ରସ ଜିଲ୍ଲା ସମ୍ପାଦକ ବିପ୍ଲବ ରଞ୍ଜନ ପ୍ରଧାନ, ଯୁବ ରେଡକ୍ରସ ଜିଲ୍ଲା ସଂଯୋଜକ ଅଧ୍ୟାପକ ଡ଼. ପ୍ରଦୀପ୍ତ ଷଡ଼ଙ୍ଗୀ, କାଉନସିଲର ତଥା ସହ ସଂଯୋଜକ ପ୍ରମୋଦ ସ୍ୱାଇଁ ପ୍ରମୁଖ ମଞ୍ଚାସିନ ଥିଲେ। କାର୍ଯ୍ୟକ୍ରମରେ ବାଘମାରି ଏସ୍ଏସ୍ଡି ହାଇସ୍କୁଲ ପ୍ରଧାନ ଶିକ୍ଷକ ପ୍ରକାଶ ମଲ୍ଲିକ ସଂଯୋଜନା କରିଛନ୍ତି। ତିନି ଦିନ ଧରି ଆୟୋଜିତ ହେବାକୁ ଥିବା ଏହି ଶିବିରରେ ୨୨ କଲେଜର ୧୫୦ ଜଣ ସ୍ୱେଚ୍ଛାସେବୀ ତାଲିମ ନେଉଛନ୍ତି। ବିଶେଷ କରି ଦୁର୍ଘଟଣା ଜନିତ ସେବା, ସଡ଼କ ସୁରକ୍ଷା ସଚେତନତା, ଆଶୁ ଚିକିତ୍ସା, ବିପର୍ଯ୍ୟୟ ପରିଚାଳନା, ଜଳବାୟୁ ପରିବର୍ତ୍ତନ, ସାଇବର କ୍ରାଇମ ସଚେତନତା, ସ୍ୱେଚ୍ଛାକୃତ ରକ୍ତଦାନ ଓ ଯୋଗ ସମ୍ପର୍କରେ ସ୍ୱେଚ୍ଛାସେବୀଙ୍କୁ ତାଲିମ ପ୍ରଦାନ କରାଯିବ ବୋଲି ଯୁବ ରେଡ଼କ୍ରସ ସଂଯୋଜକ କହିଛନ୍ତି।




## ପୁରୁଷ ହ୍ୟାଣ୍ଡବଲ୍ ଦଳର ପୁରୀ ଗସ୍ତ



ପାତ୍ରପୁର,୧୪।୧୧(ସମିସ): ପୁରୀ ଠାରେ ଅନୁଷ୍ଠିତ ହେବାକୁ ଥିବା ୩୮ତମ ଅନ୍ତଃଜିଲ୍ଲା ପ୍ରତିଯୋଗିତାରେ ଅଂଶଗ୍ରହଣ କରିବା ପାଇଁ ଗଞ୍ଜାମ ଜିଲ୍ଲା ପାତ୍ରପୁର ବ୍ଲକ ବରଙ୍ଗ ସରକାରୀ ଉନ୍ନୀତ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଓ ଅନ୍ୟ ଶିକ୍ଷାନୁଷ୍ଠାନ ମାନଙ୍କୁ ନେଇ ଗଠିତ ଦଳ ପୁରୀ ଗସ୍ତ କରିଛି। ଚଳିତମାସ ୧୪ରୁ ୧୬ତାରିଖ ପର୍ଯ୍ୟନ୍ତ ପୁରୀ ସ୍ଥିତ ହ୍ୟାଣ୍ଡବଲ୍ ପଡ଼ିଆରେ ଏହି ପ୍ରତିଯୋଗିତା ଅନୁଷ୍ଠିତ ହେବ। ପୁରୁଷ ଦଳର ଅଧିନାୟିକ ଭାବେ ଆଲୁ ଯୁବରାଜଙ୍କୁ ଦାୟିତ୍ୱ ଦିଆଯାଇଛି। ଏହି ଟିମର କୋଚ ଭାବରେ ଏସ୍ କେ ମହାରଣା ଦାୟିତ୍ୱ ନିର୍ବାହ କରିଥିବା ବେଳେ ଟିମରେ ଅନ୍ୟ ମାନଙ୍କ ମଧ୍ୟରେ ଜାକାମ ରାମ ଚରଣ, ପି ମୋହନଦାସ, ଏଲ୍ ଦୁର୍ଯ୍ୟୋଧନ, ପି କାର୍ତ୍ତିକ, ଏଲ୍ କୁମାର ସ୍ୱାମୀ, ବି ଧର୍ମା, ବି ମନୋଜ, ବି ଲକ୍ଷ୍ମୀନାରାୟଣ, ଏମ୍ ସାନ୍ଦିପ, ଡି ଲକ୍ଷ୍ମୀ ନାରାୟଣ, ପି ରାମକ୍ରୀଷ୍ଣା, ଏସ୍ ଭାର୍ଗବ ଓ ପି ନିରଜ ଭାଗ ନେଇଥିବା ନେଇ ବରଙ୍ଗ ସରକାରୀ ଉନ୍ନୀତ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ପ୍ରଫୁଲ୍ଲ କୁମାର ପାଢ଼ୀ ସୂଚନା ଦେଇଛନ୍ତି।



## ସରକାରୀ ଯୋଜନା ଅପହଞ୍ଚ | ଦୁର୍ଦ୍ଦଶାରେ ଅସହାୟ ଚନ୍ଦ୍ରମାଙ୍କ ଜୀବନ

ଗଞ୍ଜାମ/ହୁମ୍ମା,୧୪।୧୧(ସମିସ): ଗରିବ ଓ ଅସହାୟଙ୍କୁ ସମାଜର ମୁଖ୍ୟ ସ୍ରୋତରେ ସାମିଲ କରିବାକୁ ସରକାର ବିଭିନ୍ନ ଯୋଜନା କରିଛନ୍ତି। ହେଲେ ପ୍ରଶାସନିକ ଅବହେଳା ଯୋଗୁଁ ଆଜିବି ଅନେକ ଲୋକ ଅସହାୟ ଅବସ୍ଥାରେ ପଡି ରହିଛନ୍ତି। ଏମିତି ଏକ ଘଟଣା ଦେଖିବାକୁ ମିଳିଛି ଗଞ୍ଜାମ ବ୍ଲକ୍‌ର ପୋଇରାଶି ପଞ୍ଚାୟତ ଅନ୍ତର୍ଗତ ତାରିଣୀପଲି ଗ୍ରାମରେ। ସ୍ୱାମୀଙ୍କ ଦେହାନ୍ତ ପରେ ଚନ୍ଦ୍ରମା ବେହେରା ଅନେକ ବର୍ଷ ଧରି ଏକ ଭଙ୍ଗା ଦଦରା ଘର ବାରଣ୍ଡାରେ ଅସୁରକ୍ଷିତ ଏବଂ ଅସହାୟ ଅବସ୍ଥାରେ ଜୀବନ କାଟୁଛନ୍ତି। ତାଙ୍କର ପୁଅ ଝିଅ ନାହାନ୍ତି। ସବୁଠାରୁ ପରିତାପର ବିଷୟ ଯେ, ଆଧାର କାର୍ଡ ନଥିବାରୁ ସେ ବାର୍ଦ୍ଧକ୍ୟ ଭତ୍ତା, ଖାଦ୍ୟ ସୁରକ୍ଷା କିମ୍ବା ଅନ୍ୟ କୌଣସି ସରକାରୀ ଯୋଜନାରୁ ସମ୍ପୂର୍ଣ୍ଣ ବଞ୍ଚିତ। ତାଙ୍କୁ ନିୟମିତ ଖାଦ୍ୟ ମଧ୍ୟ ମିଳୁନାହିଁ। ପଡ଼ୋଶୀ କେତେବେଳେ କେମିତି ମୁଠାଏ ଖାଇବାକୁ ଦେଲେ ପେଟ ପୁରୁଛି। ସ୍ଥାନୀୟ ବାସିନ୍ଦାଙ୍କ ସୂଚନା ଅନୁଯାୟୀ, କିଛି ଦିନ ପୂର୍ବରୁ ଏକ ଦୁର୍ଘଟଣାରେ ତାଙ୍କ ମୁଣ୍ଡରେ ଆଘାତ ଲାଗିଥିଲା ଏବଂ ଚିକିତ୍ସିତ ହେବା ପରେ ମୁଣ୍ଡରେ ସିଲେଇ ପଡ଼ିଛି। ଅସୁସ୍ଥତା ସତ୍ତ୍ୱେ ସେ ଶୀତରେ ବାରଣ୍ଡାରେ ଏକାକୀ ପଡ଼ିରହିଛନ୍ତି। ଏହି ଘଟଣା ସରକାରୀ ଯୋଜନା ଗୁଡ଼ିକର କାର୍ଯ୍ୟକାରିତା ଉପରେ ଏକ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସ୍ଥାନୀୟ ବାସିନ୍ଦା ତୁରନ୍ତ ଜିଲ୍ଲା ପ୍ରଶାସନ ଓ ରାଜ୍ୟ ସରକାରଙ୍କ ହସ୍ତକ୍ଷେପ ଲୋଡ଼ି ବୃଦ୍ଧାଙ୍କୁ ତୁରନ୍ତ ଭତ୍ତା, ଖାଦ୍ୟ ସୁରକ୍ଷା ଏବଂ ଏକ ବାସସ୍ଥାନ ଯୋଗାଇ ଦିଆଯାଉ। ଏନେଇ ବିଡିଓ ଅଚ୍ୟୁତାନନ୍ଦ ଜାନୀ କହିଛନ୍ତି ଯେ ଖବର ପାଇଛୁ ଏକ ଟିମ୍ ଯାଇ ଘଟଣାର ତଦାରଖ କରିବ ଏବଂ ସରକାରଙ୍କ ନିୟମ ଅନୁଯାୟୀ ପଦକ୍ଷେପ ନିଆଯିବ। ସମାଜସେବୀ ଓ ସ୍ୱେଚ୍ଛାସେବୀ ସଂଗଠନ ମଧ୍ୟ ଏହି ଅସହାୟ ବୃଦ୍ଧାଙ୍କୁ ସାହାଯ୍ୟ କରିବାକୁ ଆଗେଇ ଆସିବାକୁ ଅନୁରୋଧ କରାଯାଇଛି।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

ପୁସ୍ତକର ଜାଗା ନେଇଛି ମୋବାଇଲ

# ଶୀତ ଆସିଲେ ମନେପଡ଼େ ପୁସ୍ତକ ମେଳା



**ବ୍ରହ୍ମପୁର,୧୪।୧୧(ସମିସ):** ପୁସ୍ତକ ଆମ ଚିରନ୍ତନ ସାଥୀ। ପିଲାଠୁ ବୁଢା ସଭିଁଏ ତା'ର ନିଜର। ତା ପାଇଁ ଅନେକ ଲେଖନ୍ତି ଆଉ କୁହନ୍ତି। କାରଣ ସେ ସ୍ୱତନ୍ତ୍ର ଓ ଅନନ୍ୟ। ଏବେ ସମୟ ବଦଳିଛି, ତା ସଙ୍ଗେ ଚାଲିଚଳଣୀ, ପାଠପଢାର ଶୈଳୀ ଧୀରେ ଧୀରେ ବଦଳିଯାଇଛି। ଫଳରେ ଏବେ ପୁସ୍ତକର ଜାଗା ମୋବାଇଲ ନେଇଛି। ପୁସ୍ତକ ପ୍ରତି ଆଦର ସେମିତି ରହିଛି ସତ କିନ୍ତୁ ଆତୁରତା ନାହିଁ। ପୂର୍ବେ ଶୀତଦିନରେ ପୁସ୍ତକଙ୍କ ସମାଗମ ହେଉଥିଲା। ପୁସ୍ତକମେଳାର ଆସର ଜମୁଥିଲା। ସମସ୍ତଙ୍କ ମନରେ ବେଶ୍ ଆଗ୍ରହ ଦେଖା ଦେଉଥିଲା। ପାଠକଙ୍କ ମନରେ ବି ଅନେକ ଆଶା ଦେଖା ଦେଉଥିଲା। ସେକାଳ ଜମାନା ଯାଇଛି। ବ୍ରହ୍ମପୁରରେ ପୁସ୍ତକ ମେଳା ଲାଗି ଅନେକ ଆଦି-ଅନ୍ତ ଘଟିସାରିଛି। ତଥାପି ମଧ ପୁସ୍ତକମେଳା ପ୍ରତି ପାଠକଙ୍କ ଆଗ୍ରହ ଭରି ରହିଥିଲେ ହେଁ ଏହି ସାଂସ୍କୃତିକ ଆନ୍ଦୋଳନ ତିଷ୍ଠି ରହିବାରେ ସମସ୍ୟା ଦେଖାଦେଉଛି। କରୋନା ପରବର୍ତ୍ତି କାଳରେ ବ୍ରହ୍ମପୁର ସହର ସମେତ ଗଞ୍ଜାମ ଜିଲ୍ଲାରେ ବହିର ପାଠକୀୟ ଆଦୃତି କମିଥିବା ବେଳେ ଇଣ୍ଟରନେଟରେ ପାଠପଢାର ଅଭ୍ୟାସ ବୃଦ୍ଧି ପାଉଥିବା ପାଠକମାନେ କୁହନ୍ତି। ଫଳରେ ବହି ବିକ୍ରେତା, ମୁଦ୍ରଣସଂସ୍ଥା ଭିତରେ ମନୋବଳ କମିଥିବା ଲକ୍ଷ୍ୟ କରାଯାଇଛି। ଅନ୍ୟପକ୍ଷରେ ଓଡ଼ିଶାରେ ପୁସ୍ତକ ମେଳା ଆୟୋଜନ ସାଂସ୍କୃତିକ ଆନ୍ଦୋଳନରେ ପରିଗଣିତ ହୋଇଥିଲା। ବଡ଼ ସହର ଏହାକୁ ଅନେକ ଆଦର ଦେଇଛନ୍ତି। ଛୋଟ ସହର ଗୁଡ଼ିକରେ ମଧ ଆୟୋଜନ ହେଉଛି। କିନ୍ତୁ ବର୍ଷାଧିକ କାଳ ତିଷ୍ଠିବା କଷ୍ଟକର ହୋଇଛି। ପୁସ୍ତକମେଳାରେ ପୁସ୍ତକ ବିକ୍ରି ନୁହେଁ ସାହିତ୍ୟାଲୋଚନା, ମନୋରଞ୍ଜନ ଭିତ୍ତିକ କାର୍ଯ୍ୟକ୍ରମ, କବିତା ପାଠୋତ୍ସବ ଆଦି କାର୍ଯ୍ୟକ୍ରମ ହେଉଛି। ଏଥିଦ୍ୱାରା ଅଧିକା ପାଠକ ଓ ଦର୍ଶକ ଆକର୍ଷିତ ହୋଇ ଆସିବେ ବୋଲି ଚିନ୍ତା କରାଯାଉଛି। କିନ୍ତୁ ବହୁଳ ଖର୍ଚ୍ଚ ଯୋଗୁଁ ଏଗୁଡ଼ିକ ପରିଚାଳନା କରିବା କଷ୍ଟସାଧ ହେଉଥିବା ପରିଚାଳକମାନେ କୁହନ୍ତି। ସେହିଭଳି ନୂତନ ପାଠକଙ୍କ ସଂଖ୍ୟା ବଢୁଥିଲେ ହେଁ ମୋବାଇଲ ଭିତରେ ସେମାନଙ୍କ ପାଠ ପଢା ସିମିତ ରହୁଥିବା ଶିକ୍ଷାବିତମାନେ କୁହନ୍ତି। ପୁସ୍ତକକ୍ରୟ, ପଠନ ଅପେକ୍ଷା ଆଜିକାଲିକା ଇଣ୍ଟରନେଟକୁ ବହୁଳ ଭାବରେ ବ୍ୟବାହାର କରାଯାଉଛି। ଏଥିଯୋଗୁଁ ପୁସ୍ତକର ଆଦର କମୁଛି। ପୁସ୍ତକ ମେଳା ଆୟୋଜନ ବି ସମ୍ଭବ ବି ହେଉନି।

ତେବେ ବ୍ରହ୍ମପୁରର ପୁସ୍ତକ ମେଳା ସମ୍ପର୍କରେ ଯଦି ଆଲୋଚନା କରାଯାଏ ବିଭିନ୍ନ ପ୍ରାକ୍ତନ ପତ୍ରପତ୍ରିକାରୁ ମିଳୁଥିବା ସୂଚନା ଅନୁସାରେ ପ୍ରଥମଥର ପାଇଁ ୧୯୮୧ମସିହାରେ ମାଡ୍ରାସ ପୁସ୍ତକ ମେଳାରେ ବହିମାନଙ୍କର ମେଲଣ ଦେଖି ଡ଼କ୍ଟର ପ୍ରଦୀପ ମହାପାତ୍ର ବ୍ରହ୍ମପୁର ସହରରେ ଏକ ପୁସ୍ତକ ମେଳା ଆୟୋଜନ କରିବା ପାଇଁ ପ୍ରଚେଷ୍ଟା କରିଥିଲେ। ୧୯୯୩ରେ ଉତ୍କଳ ସମ୍ମିଳନୀର ଏକ ଅଧିବେଶନରେ ପଦ୍ମଚରଣ ସାହୁ ଓ ଭୁବନେଶ୍ୱରରୁ ଆସିଥିବା ପୁସ୍ତକ ଉତ୍ସବର ଆୟୋଜକ ଡ଼ ଭାବଗ୍ରାହୀ ମିଶ୍ରଙ୍କ ସହ ଆଲୋଚନା କରିଥିଲେ। ଉତ୍କଳ ପରିଷଦ ସଦସ୍ୟ ବୃନ୍ଦ ତଥା ଦୈନିକ ଆଶାର ସମ୍ପାଦକ ପ୍ରମୋଦ ପଣ୍ଡାଙ୍କ ନେତୃତ୍ୱରେ ବ୍ରହ୍ମପୁର ସହରରେ ଆରମ୍ଭ ହୋଇଥିବା ସୂଚନା ମିଳିଛି। ଆର୍ଥିକ ଅନାଟନ ସତ୍ତ୍ୱେ ବ୍ରହ୍ମପୁର ପୌରପାଳିକା କଲ୍ୟାଣ ମଣ୍ଡପଠାରେ ପୁସ୍ତକ ମେଳା ଦୁଇବର୍ଷ ହୋଇଥିଲା। କ୍ଷତି ଓ ଅସଫଳ ଯୋଗୁଁ ଏହା ବନ୍ଦ ହୋଇଥିଲା। କଳିଙ୍ଗ ସାହିତ୍ୟ ସମାଜ ପକ୍ଷରୁ ଏକ ପୁସ୍ତକ ମେଳା ପାଇଁ ପ୍ରସ୍ତୁତି ଚାଲିଥିଲେ ସଫଳ ହୋଇନଥିଲା। ୨ହଜାର ମସିହାରେ ଅନୁପମ ଭାରତର ସମ୍ପାଦକ କାଳୀଚରଣ ପଣ୍ଡାଙ୍କ ସଫଳ ପ୍ରଚେଷ୍ଟାରେ ସେତେବେଳର ଦକ୍ଷିଣାଞ୍ଚଳ ରାଜସ୍ୱ ଆୟୁକ୍ତ ଜଗଦାନନ୍ଦ ପଣ୍ଡାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହେଲା ତୃତୀୟ ବ୍ରହ୍ମପୁର ପୁସ୍ତକ ମେଳା। ୨୦୦୧ରେ ନାସନାଲ ବୁକ ଟ୍ରଷ୍ଟର ସୌଜନ୍ୟରେ ତାଙ୍କରି ଉଦ୍ୟମରେ ୪ର୍ଥ ବ୍ରହ୍ମପୁର ପୁସ୍ତକ ମେଳା ଆୟୋଜିତ ହୋଇଥିଲା ବୋଲି ବିଭିନ୍ନ ପତ୍ରପତ୍ରିକାରୁ ସୂଚନା ମିଳେ। ଏହା ପୂର୍ବରୁ କେବଳ ଓଡ଼ିଶାର ପ୍ରକାଶକ ଓ ବହି ବିକ୍ରେତାମାନଙ୍କୁ ନେଇ ହେଉଥିବା ବ୍ରହ୍ମପୁର ପୁସ୍ତକମେଳାରେ ଦେଶର ବିଭିନ୍ନ ପ୍ରାନ୍ତରୁ ପ୍ରକାଶକମାନେ ଆସି ଯୋଗ ଦେଉଥିଲେ। ସୁସଜ୍ଜିତ ଷ୍ଟଲରେ ସେମାନଙ୍କ ପୁସ୍ତକଗୁଡ଼ଇକୁ ପ୍ରଦର୍ଶିତ କରୁଥିଲେ। ପରବର୍ଷ ଜିଲ୍ଲାପାଳ ସଂଜୀବ କୁମାର ମିଶ୍ରଙ୍କ ତତ୍ତ୍ୱାବଧାନରେ ବ୍ରହ୍ମପୁର ପୁସ୍ତକ ମେଳା ସମିତି ୨୦୦୨ରେ ଆୟୋଜନ କରିଥିଲା ପଞ୍ଚମ ପୁସ୍ତକ ମେଳା। କ୍ଷତିରୁ ମୁକୁଳି ଲାଭରେ ରହିବା ଫଳରେ ପରବର୍ତ୍ତୀ ବର୍ଷମାନଙ୍କରେ ଦକ୍ଷିଣାଞ୍ଚଳ କମିଶନର ବନ୍ଦନାକୁମାରୀ ପଣ୍ଡା ଓ ଡ଼ ଅରୁଣ କୁମାର ପଣ୍ଡାଙ୍କ ପରିଚାଳନାରେ ପୁସ୍ତକ ମେଳା ଟେଲିଫୋନ ଭବନ ରୋଡ଼ସ୍ଥିତ ଚର୍ଚ୍ଚପଡ଼ିଆଠାରେ ଆୟୋଜିତ ହୋଇଥିବା ଜଣାଯାଏ। ବ୍ରହ୍ମପୁର ପୁସ୍ତକ ମେଳାର ସଫଳତା ଦେଖି ଆଉ ଦଳେ ସାହିତ୍ୟପ୍ରେମୀ ୨୦୦୬ମସିହାରେ ଗଞ୍ଜାମ ଜିଲ୍ଲା ପୁସ୍ତକ ମେଳା ଅରମ୍ଭ କରିଥିବା ଜଣାଯାଏ। ପ୍ରଥମ ପୁସ୍ତକ ମେଳାକୁ କେସି ପବ୍ଲିକ ସ୍କୁଲ ହୋତାରେ କରିଥିବା ବେଳେ ଦ୍ୱିତୀୟ ପୁସ୍ତକ ମେଳା ୨୦୦୭ମସିହାରେ ଖଲ୍ଲିକୋଟ ସ୍ୱୟଂଶାସିତ ମହାବିଦ୍ୟାଳୟ ଖେଳ ପଡ଼ିଆରେ ହୋଇଥିବା କୁହାଯାଉଛି। ଏହି ଧାରା ଜାରି ରହିଥିବା ବେଳେ କରୋନା ସମୟରେ ପୁସ୍ତକ ମେଳା ସ୍ଥଗିତ ରହିଥିଲା। ପରବର୍ତ୍ତି କାଳରେ ଧାରାକୁ ବଞ୍ଚାଇବା ଲାଗି ଅନେକ ଅନୁଷ୍ଠାନ ଉଦ୍ୟମ କରୁଥିବା ମଧ ପ୍ରତିବର୍ଷ ଦେଖିବାକୁ ମିଳୁଛି।

## ମହିଳାଙ୍କୁ ଯୌନ ନିର୍ଯାତନା; ଜଣେ ଗିରଫ

**ବ୍ରହ୍ମପୁର,୧୪।୧୧(ସମିସ):** ଜନୈକା ମହିଳାଙ୍କୁ ଯୌନ ନିର୍ଯାତନା ଦେବା ଅଭିଯୋଗରେ ଟାଉନ ଥାନା ପୁଲିସ ଜଣେ ଅଭିଯୁକ୍ତକୁ ଗିରଫ କରି କୋର୍ଟଚାଲାଣ କରିଛି। ଗିରଫ ଅଭିଯୁକ୍ତ ଜଣକ ହେଲେ ନରସିଂହ ସାହୁ ଓରଫ ବୁଡ୍ଡୁ(୪୪)। ସୂଚନାଯୋଗ୍ୟ ଯେ, ଅଭିଯୁକ୍ତ ଓ ପିଡୀତା ମହିଳା ଉଭୟେ ସିଟି ହସ୍ପିଟାଲରେ କାର୍ଯ୍ୟରତ। ଉଭୟଙ୍କ ମଧ୍ୟରେ ଦିର୍ଘଦିନ ଧରି ବନ୍ଧୁତା ରହିଥିଲା। ତେବେ କୌଣସି କାରଣରୁ ଉଭୟଙ୍କ ସମ୍ପର୍କରେ ତିକ୍ତତା ଦେଖାଦେଇଥିଲା। ବାରମ୍ବାର ଝଗଡା ପରେ ମହିଳା ଜଣକ ଟାଉନ ଥାନାର ଦ୍ୱାରସ୍ଥ ହୋଇ ନରସିଂହଙ୍କ ବିରୋଧରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ଆଧାରରେ ପୁଲିସ ଏକ ମାମଲା ରୁଜୁ କରି ଅଭିଯୁକ୍ତ ବୁଡ୍ଡୁଙ୍କୁ ତାଗିଦ କରି ଥାନାରୁ ନୋଟିସ ଦେଇ ଛାଡିଥିଲା। ଏହାପରେ ପୁଣି ବୁଡ୍ଡୁ ସମ୍ପୃକ୍ତ ମହିଳାଙ୍କ ପିଛା କରିବା ସହ ସର୍ବ ସମ୍ମୁଖରେ ଅସଦାଚରଣ କରୁଥିଲେ। ଏପରିକି ଯୌନ ନିର୍ଯାତନା ଦେଉଥିବା ନେଇ ଅଭିଯୋଗ ହୋଇଥିଲା। ଏନେଇ ମହିଳା ଜଣକ ଟାଉନ ଥାନାରେ ଅଭିଯୋଗ କରିବା ପରେ ଅଭିଯୁକ୍ତ ବୁଡ୍ଡୁକୁ ଗିରଫ କରି ପୁଲିସ ତାଙ୍କୁ କୋର୍ଟଚାଲାଣ କରିଥିବା ଜଣାପଡ଼ିଛି।

## ଯୁବତୀଙ୍କ ମୋବାଇଲ ଝାମ୍ପିନେଲେ ଦୁର୍ବୃତ୍ତ

**ବ୍ରହ୍ମପୁର,୧୪।୧୧(ସମିସ):** ଆଙ୍କୁଲି ବ୍ରିଜ ଉପରେ ଜଣେ ଯୁବତୀଙ୍କ ମୋବାଇଲ ଝାମ୍ପି ନେଲେ ଦୁର୍ବୃତ୍ତ। ଏନେଇ ବୈଦ୍ୟନାଥପୁର ଥାନାରେ ଲିଖିତ ଅଭିଯୋଗ ହୋଇଛି। ସୂଚନାଯୋଗ୍ୟ ଯେ, ଆଙ୍କୁଲି ଅଞ୍ଚଳର ଜଣେ ୨୫ବର୍ଷୀୟା ଯୁବତୀ ନିଜ ଘରକୁ ଯାଉଥିବା ବେଳେ ସ୍ଥାନୀୟ ବ୍ରିଜ ଉପରେ କୌଣସି ଦୁର୍ବୃତ୍ତ ତାଙ୍କ ମୋବାଇଲକୁ ଝାମ୍ପି ନେଇ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ଏନେଇ ଥାନାରେ ଅଭିଯୋଗ ହେବା ପରେ ପୁଲିସ ଘଟଣାର ତଦନ୍ତ କରୁଛି।

## ଦକ୍ଷିଣ ପୂର୍ବ ରେଳପଥ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଶିଶୁ ଦିବସ




**ବ୍ରହ୍ମପୁର,୧୪।୧୧(ସମିସ):** ସ୍ଥାନୀୟ ଦକ୍ଷିଣ ପୂର୍ବ ରେଳପଥ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଆଇଏସଆରଡି ଅନୁଷ୍ଠାନର, ୱାନ ଷ୍ଟପ ସେଣ୍ଟର(ସଖୀ) କେନ୍ଦ୍ର ଓ ଶକ୍ତି ସଦନ ପକ୍ଷରୁ ମିଳିତଭାବେ ଶିଶୁ ଦିବସ ପାଳିତ ହୋଇଯାଇଛି। ଏହା ସହ ମହାପୁରୁଷ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଜନ୍ମ ଉତ୍ସବ ପାଳନ କରାଯାଇଥିଲା। କାର୍ଯ୍ୟକ୍ରମରେ ଶିଶୁ ଅଧିକାର ଏବଂ ଶିକ୍ଷା ବିଷୟରେ ଗୁରୁତ୍ୱ ସମ୍ପର୍କରେ ଆଲୋଚନା କରାଯାଇଥିଲା। ବିଦ୍ୟାଳୟର ପ୍ରଧାନ ଶିକ୍ଷୟତ୍ରୀ ସୁଜାତା କୁମାରୀ ପିଲାମାନଙ୍କୁ ମହାପୁରୁଷ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଜୀବନୀ ସମ୍ପର୍କରେ କରିଥିଲେ। ଛାତ୍ରଛାତ୍ରୀଙ୍କୁ ନେଇ ବକ୍ତୃତା, ଚିତ୍ରାଙ୍କନ ଓ ନୃତ୍ୟ ପରିବେଷଣ ସହ ପୁରସ୍କାର ବିତରଣ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଆଇଏସଆରଡି ଅନୁଷ୍ଠାନର କର୍ମକର୍ତ୍ତା ଗୋପାଳ କୃଷ୍ଣ ଦଳବେହେରା, ବିଦ୍ୟାଳୟ ସହକାରୀ ଶିକ୍ଷୟତ୍ରୀ ଗୀତାଞ୍ଜଳି, ଶାନ୍ତ କୁମାରୀ ମିଶ୍ର, ସଙ୍ଘମିତ୍ରା ସୁତାର, ଇ. ରବି କୁମାର, ୱାନ ଷ୍ଟପ ସେଣ୍ଟର(ସଖୀ) ପରିଚାଳିକା ମହେଶ୍ୱତା ପାଢୀ, କେନ୍ଦ୍ରର ଅସ୍କିଲା ରାଇକା, ସାବିତ୍ରୀ ଦଳବେହେରା ଓ ଶକ୍ତି ସଦନର କର୍ମୀ ସୁସମିତା କାର୍ଜୀ ଏବଂ ଶୟନୀ ମଲିକ ଯୋଗ ଦେଇଥିଲେ।

## ବରିଷ୍ଠ କଳାକାର ମହାସଂଘର ବାର୍ଷିକୋତ୍ସବ




**ବ୍ରହ୍ମପୁର,୧୪।୧୧(ସମିସ):** ସ୍ଥାନୀୟ ଗିରି ମାର୍କେଟ ଛକ ସ୍ଥିତ ପ୍ରକାଶମ୍ ହଲରେ ନିଖିଳ ଓଡ଼ିଶା ବରିଷ୍ଠ କଳାକାର ମହାସଂଘର ବାର୍ଷିକୋତ୍ସବ ପାଳିତ ହୋଇଯାଇଛି। ମହାସଂଘ ସଭାପତି ସୀମାନ୍ତ ନଟରାଜ ଡ଼ା. ତିରୁପତି ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ମୁଖ୍ୟ ଅତିଥି ଭାବେ ବରିଷ୍ଠ ଲୋକକଳାବିତ୍ ପଣ୍ଡିତ ବିଶ୍ୱନାଥ ଶତପଥୀ ଯୋଗଦେଇ କାର୍ଯ୍ୟକ୍ରମର ଉଦଘାଟନ କରିଥିଲେ। ସେହିପରି ମୁଖ୍ୟ ବକ୍ତା ଭାବେ ବରିଷ୍ଠ ଲୋକ ନାଟକ ଗବେଷକ ଡ. ବାୟାମନୁ ଚର୍ଚ୍ଚି ଏବଂ ସମ୍ମାନିତ ଅତିଥି ଭାବେ କ୍ରିଏଟିଭ୍ ଆର୍ଟସ୍ ସମ୍ପାଦକ ନାଟ୍ୟକାର ମନୋଜ କୁମାର ପାଢ଼ୀ, ଦେଶିୟା ନାଟ୍ୟଗୁରୁ ବାଲାଜୀ ପ୍ରସାଦ ସାମନ୍ତରା ପ୍ରମୁଖ ଯୋଗଦେଇ ଥିଲେ। ମହାସଚିବ ସୁବାସ ଚନ୍ଦ୍ର ସାହୁ ସ୍ୱାଗତ ଭାଷଣ ଓ କାର୍ଯ୍ୟକାରୀ ସଭାପତି ଡ. ବିଜୟ ଚନ୍ଦ୍ର ମହାରଣା ଅତିଥି ପରିଚୟ ପ୍ରଦାନ କରିଥିଲେ। ଶେଷରେ ଉପ-ମହାସଚିବ ପ୍ରଦୀପ କୁମାର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

ବିସିସି ବ୍ୟାଙ୍କର ସାଧାରଣ ପରିଷଦ ବୈଠକ

# 'କୃଷକଙ୍କ ଆର୍ଥିକ ଅଭିବୃଦ୍ଧି ଲାଗି ଜାରି ରହିଛି ପ୍ରୟାସ'



**ବ୍ରହ୍ମପୁର,୧୪।୧୧(ସମିସ):** କୃଷକ ହେଉଛନ୍ତି ଅଞ୍ଚଳର ମେରୁଦଣ୍ଡ। ଏମାନଙ୍କ ଆର୍ଥିକ ଅଭିବୃଦ୍ଧି ଲାଗି ବ୍ରହ୍ମପୁର କେନ୍ଦ୍ରୀୟ ସମବାୟ ବ୍ୟାଙ୍କ ଲିଃ (ବିସିସି ବ୍ୟାଙ୍କ) ସବୁବେଳେ ଉଦ୍ୟମରତ। ଏହାର ଉନ୍ନତି ସକାଶେ ସମସ୍ତଙ୍କ ସହଯୋଗରେ ଓ ପ୍ରଚେଷ୍ଟା ବଳବତ୍ତର ରହୁ ବୋଲଇ ସାଧାରଣ ପରିଷଦ ବୈଠକରେ ଆହ୍ୱାନ ଦିଆଯାଇଛି। ବ୍ରହ୍ମପୁର ସମବାୟ କେନ୍ଦ୍ରୀୟ ବ୍ୟାଙ୍କର ୭୯ତମ ସାଧାରଣ ପରିଷଦ ବୈଠକ ବ୍ୟାଙ୍କ ପରିସରରେ ଅନୁଷ୍ଠିତ ହୋଇଯାଇଛି। ପରିଚାଳନା କମିଟି ସଭାପତି ଶିବରାମ ପାତ୍ରଙ୍କ ଅଧକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବ୍ୟାଙ୍କର କାର୍ଯ୍ୟନିର୍ବାହୀ ଅଧିକାରୀ ଭରତ ଚନ୍ଦ୍ର ସାହୁ ବାର୍ଷିକ ବିବରଣୀ ପାଠ କରିଥିଲେ। ପୂର୍ବ ବର୍ଷ ମାନଙ୍କ ଅପେକ୍ଷା ଗତ ଆର୍ଥିକ ବର୍ଷରେ ବ୍ୟାଙ୍କ ଅଧିକ ଅଭିବୃଦ୍ଧି କରିବା ସହ ଲାଭାନ୍ୱିତ ହୋଇଥିବା ସଭାପତି ନିଜ ଅଭିଭାଷଣରେ କହିଥିଲେ। କାର୍ଯ୍ୟକ୍ରମରେ ନାବାର୍ଡ଼ ଡିଡିଏମ୍ ସଞ୍ଜୀବ ମିଶ୍ର, ସମବାୟ ସମୂହ ସହକାରୀ ଅଡିଟର ଜେନେରାଲ ବ୍ରହ୍ମପୁର ମଣ୍ଡଳ ଜୟ ପ୍ରକାଶ ମିଶ୍ର, ସମବାୟ ବିଭାଗ ପ୍ରତିନିଧି ବିଷ୍ଣୁପ୍ରିୟା ନାୟକ, ରାଜେନ୍ଦ୍ର ପ୍ରସାଦ ରଣସିଂ ନାୟକ ଓ ଭବାନୀ ପ୍ରସାଦ ବିଶ୍ୱାଳ, ବ୍ୟାଙ୍କ ପରିଚାଳନା କମିଟିର ନିର୍ଦ୍ଦେଶକ ବୃନ୍ଦ ପ୍ରଶାନ୍ତ ନାୟକ, ଦୁର୍ଯୋଧନ ପରିଡ଼ା, ଚନ୍ଦ୍ର ଶେଖର ନାୟକ, ରାମ ମୋହନ ପଣ୍ଡା, ସୁଷମା ବେହେରା, କୁରୀ କୁମାରୀ ଦାସ, ବିଷ୍ଣୁପ୍ରିୟା ନାୟକ, କେ. କିରଣ କୁମାର, ବି. ଧନଞ୍ଜୟଲୁ, ପି. ଦିଲେଶ୍ୱର ରାଓ, ପୀତବାସ ଭୁୟାଁ, ବାବୁ ନାୟକ ପ୍ରମୁଖ ମଞ୍ଚାସିନ ଥିଲେ। ଆଗାମୀ ଦିନରେ କିପରି ସମବାୟକୁ ଅଧିକ ସୁଦୃଢ଼ କରିବା ସହ ଗଞ୍ଜାମ ଓ ଗଜପତି ଜିଲ୍ଲାର ଚାଷୀଙ୍କୁ ଉତ୍ତମ ସୁବିଧା ମିଳିପାରିବ ସେ ଦିଗରେ କାମ କରିବାକୁ ସଭିଏଁ ମତ ଦେଇଥିଲେ। ପରିଶେଷରେ ପରିଚାଳନା କମିଟି ଉପ-ସଭାନେତ୍ରୀ ଗୀତାଞ୍ଜଳି ପ୍ରଧାନ ଧନ୍ୟବାଦ ଦେଇଥିଲେ। ପରିଚାଳନାରେ ବ୍ୟାଙ୍କର ସମସ୍ତ ଶାଖା ପରିଚାଳକ ଓ କର୍ମଚାରୀମାନେ ସହଯୋଗ କରିଥିଲେ। ଗଞ୍ଜାମ ଓ ଗଜପତି ଜିଲ୍ଲାର ୨୫୦ରୁ ଅଧିକ ପ୍ରାଥମିକ ସେବା ସମବାୟ ସମିତିର ସଭାପତି ଓ ସମ୍ପାଦକ ଉପସ୍ଥିତ ଥିଲେ।

## ମାଛ ଚାଷରେ ରୋଗ ପରିଚାଳନା ସମ୍ପର୍କିତ ସଚେତନତା




**ବ୍ରହ୍ମପୁର,୧୪।୧୧(ସମିସ):** ଜାତୀୟ ମତ୍ସ୍ୟ ଉନ୍ନୟନ ବୋର୍ଡ ସହଯୋଗରେ ପ୍ରଧାନମନ୍ତ୍ରୀ ମତ୍ସ୍ୟ ସମ୍ପଦ ଯୋଜନା ଅଧୀନରେ "ମାଛ ଚାଷରେ ରୋଗ ଓ ଏହାର ପରିଚାଳନା" ସମ୍ପର୍କିତ ଦିନିକିଆ ସଚେତନତା କାର୍ଯ୍ୟଶାଳା ଗୋଳନ୍ଥରା ସ୍ଥିତ କୃଷି ବିଜ୍ଞାନ କେନ୍ଦ୍ର-୨ରେ ଅନୁଷ୍ଠିତ ହୋଇଯାଇଛି। କେନ୍ଦ୍ରର ମୁଖ୍ୟ ତଥା ବରିଷ୍ଠ ବୈଜ୍ଞାନିକ ଡ ସୁଜିତ୍ କୁମାର ନାଥ ଅଧକ୍ଷତା କରି ମାଛ ଚାଷ ବ୍ୟାପକ ଭାବେ ବଢ଼ିଥିବା ସତ୍ତ୍ୱେ ରୋଗ ପରିଚାଳନା ସମ୍ପର୍କିତ ଜ୍ଞାନ ଅଭାବରୁ ଅନେକ ଚାଷୀ କ୍ଷତିର ସମ୍ମୁଖୀନ ହେଉଛନ୍ତି। ସମୟୋପଯୁକ୍ତ ସଚେତନତା ଓ ବୈଷୟିକ ପରାମର୍ଶ ଦ୍ୱାରା ଏହି କ୍ଷତିକୁ ରୋକାଯାଇପାରିବ ବୋଲି ମତବ୍ୟକ୍ତ କରିଥିଲେ। କୃଷି ବିଜ୍ଞାନ କେନ୍ଦ୍ରର ବୈଜ୍ଞାନିକ ଡ ସିଦ୍ଧାର୍ଥ ଶଙ୍କର ଦାସଙ୍କ ପରିଚାଳନାରେ ଏହି କାର୍ଯ୍ୟକ୍ରମରେ ବିଶିଷ୍ଟ ମତ୍ସ୍ୟ ବିଷାରଦ ତଥା ମତ୍ସ୍ୟ ମହାବିଦ୍ୟାଳୟର ପ୍ରାକ୍ତନ ଅଧକ୍ଷ ପ୍ରଫେସର ସନ୍ତୋଷ କୁମାର ଉଦ୍ଗାତା ଯୋଗଦେଇ ମାଛ, ଚିଙ୍ଗୁଡ଼ି, କଙ୍କଡା ଆଦିରେ ସୃଷ୍ଟ ବିଭିନ୍ନ ରୋଗ ଓ ଏହାର ନିରାକରଣ ଉପରେ ବିସ୍ତୃତ ଭାବରେ ଆଲୋଚନା କରିଥିଲେ। ଏଠାରେ ମାଛଚାଷୀଙ୍କୁ ଖାଦ୍ୟ, ପରିବେଶ, ଜଳଗୁଣ, ରୋଗ ପରିଚୟ ଏବଂ ସଠିକ୍ ସ୍ୱାସ୍ଥ୍ୟ ପ୍ରବନ୍ଧନ ବିଷୟରେ ସୂଚନା ଦିଆଯାଇଥିଲା। ମାଛ ଉତ୍ପାଦନ ବୃଦ୍ଧି କରିବା, ମାଛ ଚାଷରେ ନୂତନ ପ୍ରଯୁକ୍ତି, ବାୟୋସେକ୍ୟୁରିଟି, ବିଜାଣୁ ଓ ଭୁତାଣୁ ଜନିତ ରୋଗ ନିୟନ୍ତ୍ରଣ ଏବଂ ପୋଖରୀ ପରିଚାଳନା ପ୍ରତି ସଚେତନତା ସୃଷ୍ଟି କରଯାଇଥିଲା।

## ବିବେକାନନ୍ଦ ବିଦ୍ୟାମନ୍ଦିରରେ ଶିଶୁ ଦିବସ



**ବ୍ରହ୍ମପୁର,୧୪।୧୧(ସମିସ):** ଗଞ୍ଜାମ କଳା ପରିଷଦରେ ବିବେକାନନ୍ଦ ବିଦ୍ୟାମନ୍ଦିର ପକ୍ଷରୁ ଶିଶୁ ଦିବସ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଶିଶୁ ଦିନ ସମ୍ପର୍କରେ ଆଲୋଚନା କରାଯାଇଥିବା ବେଳେ ସ୍ୱାମୀ ବିବେକାନନ୍ଦ ଶ୍ରୀ ରାମକୃଷ୍ଣ ପରମହଂସଙ୍କ ଚିନ୍ତାଧାରାକୁ ଲୋକ ଲୋଚନକୁ ଆଣିବା ସହିତ ସମାଜର ମେଧା କୃତି ବିଜେତା ସଫଳ ଶିଶୁମାନଙ୍କୁ ବାଛିବା ଭଳି ମହତ କାର୍ଯ୍ୟ ବିଗତ ଦଶ ବର୍ଷ ହେଲା ଶ୍ରୀ ବିବେକାନନ୍ଦ ବିଦ୍ୟା ମନ୍ଦିର ପକ୍ଷରୁ ଏଭଳି କାର୍ଯ୍ୟ ସମ୍ପାଦନ କରାଯାଉଥିବା କୁହାଯାଇଛି। ଗଞ୍ଜାମ ଜିଲ୍ଲା ସମେତ ରାଜ୍ୟ ବିଭିନ୍ନ ଜିଲ୍ଲାରୁ ଆସିଥିବା ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରବନ୍ଧ, ଗଳ୍ପ, ଗୀତ, ଚିତ୍ର ଓ ରଙ୍ଗୋଲି ଭଳି ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏଥିରେ କୃତିପ୍ରତିଯୋଗି ମାନଙ୍କୁ ଆର୍ଥିକ ପୁରସ୍କାର ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ବିବେକାନନ୍ଦ ବିଦ୍ୟାମନ୍ଦିର ପ୍ରତିଷ୍ଠାତା ମିହିର ରଞ୍ଜନ ତ୍ରିପାଠୀ, ସମ୍ପାଦିକା ଭବାନୀ ରାଣୀ ଦାସ, ସଭାପତି ତାପସ ରଞ୍ଜନ ତ୍ରିପାଠୀ, ପ୍ରଧାନ ଆଚାର୍ଯ୍ୟ ଏ. ପ୍ରଶାନ୍ତ ସେନାପତି ଏବଂ ସୁଧୀର କୁମାର ସାଥୁଆଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ।

## ହନୁମାନ ମନ୍ଦିର ନିର୍ମାଣ କାର୍ଯ୍ୟ ପରଖିଲେ ବିଧାୟକ

**ବ୍ରହ୍ମପୁର,୧୪।୧୧(ସମିସ):** ସ୍ଥାନୀୟ ୩୫ନମ୍ବର ୱାର୍ଡର ଗଜପତିନଗର ଓ ବାସୁଦେବନଗର ହନୁମାନ ମନ୍ଦିରର ଉନ୍ନତିକରଣ କାର୍ଯ୍ୟକୁ ବ୍ରହ୍ମପୁର ବିଧାୟକ କେ. ଅନୀଲ କୁମାର ପରିଦର୍ଶନରେ ଆସି ପ୍ରକଳ୍ପ କାର୍ଯ୍ୟର ଅଗ୍ରଗତିକୁ ଅନୁଧ୍ୟାନ କରିଥିଲେ। ବିଧାୟକଙ୍କ ହାତ ପାଣ୍ଠିରୁ ମିଳିଥିବା ୧୦ଲକ୍ଷ ଟଙ୍କାରେ ନିର୍ମାଣ କାର୍ଯ୍ୟ ତ୍ୱରାନ୍ୱିତ କରିବାକୁ ପରାମର୍ଶ ଦେଇଥିଲେ। ଆଗକୁ ମନ୍ଦିରର ପାଚେରି, ସୌନ୍ଦର୍ଯ୍ୟକରଣ ଓ ମୁଖ୍ୟଫାଟକ ଭଳି ବହୁ କାର୍ଯ୍ୟ ବାକି ରହିଥିବା ବେଳେ ସେଥିପାଇଁ ଆବଶ୍ୟକ ଆର୍ଥିକ ଅନୁଦାନ ଯୋଗାଇବାକୁ ସେ ପ୍ରତିଶ୍ରୁତି ଦେଇଥିଲେ। ଏହି ମନ୍ଦିର



ପାଇଁ ପୂର୍ବ ସରକାର ଅମଳରେ ବିଭିନ୍ନ ପର୍ଯ୍ୟାୟରେ ପ୍ରାୟ ୩୦ଲକ୍ଷ ଟଙ୍କାର ସରକାରୀ ଅନୁଦାନ ମିଳିଥିଲା। ସେଥିରେ ପ୍ରକଳ୍ପ କାର୍ଯ୍ୟ ଆରମ୍ଭ ହୋଇଥିବା ବେଳେ ନବ ନିର୍ବାଚିତ ବିଧାୟକ କେ. ଅନୀଲ କୁମାର ନିଜ ହାତ ପାଣ୍ଠିରୁ ୧୦ଲକ୍ଷ ଟଙ୍କା ଅନୁଦାନ ଦେଇଥିଲେ। ଉକ୍ତ କାର୍ଯ୍ୟର ଅଗ୍ରଗତି ଅନୁଧ୍ୟାନ କରିବାକୁ ମନ୍ଦିର ପରିଦର୍ଶନ କରି ଅନ୍ୟାନ୍ୟ ସମସ୍ୟା ଓ ତାହାର ସମାଧାନ ପାଇଁ ମନ୍ଦିର ପରିଚାଳନା କମିଟି କର୍ମକର୍ତ୍ତାଙ୍କ ସହ ଆଲୋଚନା କରିଥିଲେ। ଆବଶ୍ୟକ ଅନ୍ୟାନ୍ୟ ସୁବିଧା ସୁଯୋଗ ପାଇଁ ଅଧିକ ଆର୍ଥିକ ଅନୁଦାନ ପ୍ରତିଶ୍ରୁତି ଦେଇଥିଲେ। ବିଧାୟକଙ୍କ ପ୍ରତିନିଧି ପ୍ରଦୀପ କୁମାର ନାୟକ, ସ୍ଥାନୀୟ କର୍ପୋରେଟର ସମୀର କୁମାର ମିଶ୍ରଙ୍କ ସମେତ ମନ୍ଦିର ପରିଚାଳନା କମିଟିର ସଭାପତି ତଥା ଅବସର ପ୍ରାପ୍ତ ପ୍ରଶାସନିକ ଅଧିକାରୀ ବିନୋଦ କୁମାର ମହାପାତ୍ର, ସମ୍ପାଦକ ଶରତ ଚନ୍ଦ୍ର ମହାପାତ୍ର, ପୂର୍ବତନ ସଭାପତି ତଥା ଉପଦେଷ୍ଟା ରାଜେନ୍ଦ୍ର କୁମାର ପଣ୍ଡା, ନିରଞ୍ଜନ ଦାଶ, ଉପ ସଭାପତି ସୁଶାନ୍ତ କୁମାର ସ୍ୱାଇଁ, ଚନ୍ଦ୍ରଶେଖର ସାମନ୍ତ, କୋଷାଧକ୍ଷ ଅନନ୍ତ ପଣ୍ଡା, ଉପଦେଷ୍ଟା କୃଷ୍ଣଚନ୍ଦ୍ର ପଣ୍ଡା, ଆଇନଜୀବୀ ରାମମୋହନ ପଟ୍ଟନାୟକ, ବିଜୟ ବିଶ୍ୱାଳ, ଦଣ୍ଡପାଣି, ଦିଗାମ୍ବର ପଣ୍ଡା, ଡାକ୍ତର ମହାରଣା, ନିର୍ମଳ ପାଢୀ, ଲୁଲୁ ପାଢୀ ଓ ରୋହନ ନାୟକ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ବିଧାୟକ ଅନୀଲ କୁମାରଙ୍କୁ ମନ୍ଦିର ପରିଚାଳନା କମିଟି ପକ୍ଷରୁ ଉପଢୌକନ ପ୍ରଦାନ ପୂର୍ବକ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା।

# ରେଶମ ସହରରେ ରହିଛି ପଶମ ବଜାରର ସ୍ୱତନ୍ତ୍ରତା




- ୧୯୭୪ରୁ ଶୀତ ଦିନରେ ନିୟମିତ ବସୁଛି ତିବ୍ବତିଆନ୍ ପଶମ ବଜାର
- ନିଜେ ବ୍ୟବସାୟ କରି ଅନ୍ୟପାଇଁ ସୃଷ୍ଟି କରିଛନ୍ତି ଅର୍ଥ ଉପାର୍ଜନର ସୁଯୋଗ

**ବ୍ରହ୍ମପୁର,୧୪।୧୧(ସମିସ):** ଶୀତ ଦିନ ଆସିଲେ ବ୍ରହ୍ମପୁର ସହରବାସୀ ଆପେ ଆପେ ଜାଣି ଯାହାନ୍ତି। ହେଲେ ଶୀତକୁ ଅନୁଭବ କରି ନୁହେଁ ବରଂ ସହରକୁ ଆସୁଥିବା ତିବ୍ବତୀୟ ଶରଣାର୍ଥୀ ଓ ସେମାନଙ୍କ ଦ୍ୱାରା ନିୟମିତ ବସୁଥିବା ପଶମ ବଜାରରୁ। ୧୯୭୪ମସିହାରୁ ଗଜପତି ଜିଲ୍ଲାର ଚନ୍ଦ୍ରଗିରି ଓ ଜିରାଙ୍ଗ ଅଞ୍ଚଳରେ ବସତି ସ୍ଥାପନ କରିବା ପରଠାରୁ ଅର୍ଥାତ୍ ୬୧ବର୍ଷ ବା ୬ଦଶନ୍ଧି ଧରି ଏହି ଶରଣାର୍ଥୀମାନେ ସହରବାସୀଙ୍କୁ ଶୀତଦାଉରୁ ସୁରକ୍ଷା ଯୋଗାଇ ଆସୁଛନ୍ତି। ପୂର୍ବରୁ ପୁରୁଣା ଆମ୍ବ ମାର୍କେଟ ବା ଭିକ୍ଟୋରିଆ ମାର୍କେଟ ପଡିଆରେ ଶୀତବସ୍ତ୍ର ବଜାର କରି ଆସୁଥିବା ତିବ୍ବତୀୟମାନେ ପରବର୍ତ୍ତି ସମୟରେ ସ୍ଥାନ ପରିବର୍ତ୍ତନ କରି ବର୍ତ୍ତମାନ ଏସଏସଭିଟି ସିନେମା ହଲ ପଡିଆରେ ଗତ କିଛିବର୍ଷ ହେଲା ପସରା ଖୋଲିଛନ୍ତି। ବର୍ଷକ ମାତ୍ର ୩ମାସ ବସିଥାଏ ରେଶମ ସହରର ଏହି ସ୍ୱତନ୍ତ୍ର ପଶମ ବଜାର। ଯାହାକୁ ଚାତକ ଭଳି ଚାହିଁ ରହିଥାନ୍ତି ସହରବାସୀ। କାରଣ ଗୋଟିଏ ସ୍ଥାନରେ ପିଲାଙ୍କ ଠାରୁ ଆରମ୍ଭ କରି ବୟସ୍କ ପର୍ଯ୍ୟନ୍ତ ସବୁ ବର୍ଗଙ୍କ ପାଇଁ ସୁଲଭ ମୂଲ୍ୟରେ ଉପଲବ୍ଧ ହୋଇଥାଏ ଶୀତବସ୍ତ୍ର। ଚଳିତ ବର୍ଷ ନଭେମ୍ବର ପହିଲାରୁ ଆରମ୍ଭ ହୋଇଥିବା ଏହି ଶୀତବସ୍ତ୍ର ବଜାର ଜାନୁଆରୀ ଶେଷ ପର୍ଯ୍ୟନ୍ତ ଚାଲିବ। ୩୮ଟି ଷ୍ଟଲରେ ୧୪ଟି ପରିବାରର ମୋଟ ୪୦ରୁ ଉର୍ଦ୍ଧ୍ୱ ତିବ୍ବତୀୟ ଶରଣାର୍ଥୀ ନିଜର କାରବାର କରି ଯେ ଅର୍ଥ ଉପାର୍ଜନ କରୁଛନ୍ତି ଏହା ନୁହେଁ ଏଥିରେ ସ୍ଥାନୀୟ ଲୋକଙ୍କ ପାଇଁ ମଧ ସୃଷ୍ଟି କରୁଛନ୍ତି ନିଯୁକ୍ତିର ସୁଯୋଗ। ବ୍ୟବସାୟୀ ଓ ଗ୍ରାହକଙ୍କ ମଧ୍ୟରେ ଭାଷାଗତ ସମସ୍ୟା ରହୁଥିବାରୁ ଏମାନେ ପ୍ରତ୍ୟେକ ଷ୍ଟଲରେ ନିଜର ବିଶ୍ୱସ୍ତ ତଥା ସ୍ଥାନୀୟ ଅର୍ଥାତ୍ ଗଜପତି ଜିଲ୍ଲାର ମହେନ୍ଦ୍ରଗଡ, ଜିରାଙ୍ଗ, ଉଦୟଗିରି, ମୋହନା ଓ ଚନ୍ଦ୍ରଗିରି ଆଦି ଅଞ୍ଚଳର ଯୁବକଙ୍କୁ ସହାୟକ ଭାବେ ନିୟୋଜିତ କରିଥାନ୍ତି। ପ୍ରତିବର୍ଷ ଭଳି ଚଳିତ ବର୍ଷ ମଧ ଶୀତବସ୍ତ୍ର ବଜାର ଖୋଲିଥିବା ବେଳେ ଥଣ୍ଡା ବା ଶୀତର ଆଗମନ ସହିତ ବଜାରରେ ଗ୍ରାହକଙ୍କ ଭିଡ ଜମିବାରେ ଲାଗିଛି। ଆଗକୁ ଅଧିକ ଶୀତ ଅନୁଭୂତ ହେବାର ସମ୍ଭାବନା ରହିଥିବାରୁ ଭଲ ବ୍ୟବସାୟ ହେବାର ଆଶା ରଖିଛନ୍ତି ଏମାନେ।

ଶୀତ ଦିନରେ ବାର୍ଷିକ ୩ମାସ କେବଳ ବ୍ରହ୍ମପୁର କାହିଁକି ରାଜ୍ୟର ରାଉରକେଲା, କଟକ, ଭୁବନେଶ୍ୱର, ସୁନ୍ଦରଗଡ ଓ କୋରାପୁଟ ସମେତ ରାଜ୍ୟ ବାହାରେ ପଡ଼ୋଶୀ ଆନ୍ଧ୍ରପ୍ରଦେଶର ବିଜୟୱାଡା ଠାରେ ମଧ ନିର୍ଦ୍ଧାରିତ ସମୟରେ ବଜାର ଖୋଲିଥାନ୍ତି। ପୂର୍ବରୁ ଏମାନେ ଯଦିଓ ଶୀତବସ୍ତ୍ର ନିଜେ ବୁଣୁଥିଲେ ଓ ତାହାର ଚାହିଦା ଅଧିକ ଥିଲା ତେବେ କ୍ରମଶଃ ସହରାଞ୍ଚଳରେ ପ୍ରତିଷ୍ଠା ହୋଇଥିବା ମଲ ଓ ଅନଲାଇନ କାରବାର ଯୋଗୁ ଲୋକଙ୍କୁ ହାତପାଆନ୍ତାରେ ସବୁ ସାମଗ୍ରୀ ଉପଲବ୍ଧ ହେବାପରେ କାରବାର ଉପରେ ପ୍ରଭାବ ପଡିଥିବା ସେମାନେ କହିଛନ୍ତି। ଫଳରେ ସେମାନେ ପ୍ରତିଯୋଗିତା ମୂଳକ ବ୍ୟବସାୟରେ ନିଜର ସ୍ଥିତି ବଜାୟ ରଖିବାକୁ ଯାଇ ନେପାଳ, ଅମୃତସର, ଦିଲ୍ଲୀ, ଲୁଧିଆନା ଓ ବ୍ୟାଙ୍କକକ ଆଦି ସ୍ଥାନରୁ ବିଭିନ୍ନ ପ୍ରକାରର ଶୀତବସ୍ତ୍ର ସଂଗ୍ରହ କରି ବକ୍ରି କରୁଛନ୍ତି। ୨୦୧୯ମସିହାରେ କରୋନା ଭଳି ପ୍ରାକୃତିକ ବିପର୍ଯ୍ୟୟ ପରେ କାରବାର ଯଥେଷ୍ଟ ମାନ୍ଦା ରହିଥିବା ବେଳେ ବର୍ତ୍ତମାନ ସମସ୍ତେ ଅଣ୍ଟା ସଳଖିବାକୁ ଚେଷ୍ଟା କରୁଥିବା କହିଛନ୍ତି ତୀବତୀୟ ଶରଣାର୍ଥୀ ତଥଶ ଶୀତବସ୍ତ୍ର କାରବାର କରୁଥିବା ବ୍ୟବସାୟୀ ସଂଘର ପୂର୍ବତନ ସଭାପତି ସିଙ୍ଗ ୟାଙ୍ଗ ଯୁମ। ସେପଟେ ଏହି ବଜାରରେ ଦର ନିର୍ଦ୍ଧାରିତ ବା ଫିକ୍ସଡ ଥିଲେ ହେଁ ଗୋଟିଏ ସ୍ଥାନରେ ସବୁ ବର୍ଗର ଲୋକଙ୍କ ପାଇଁ ଶୀତବସ୍ତ୍ର ଉପଲବ୍ଧ ହେଉଥିବାରୁ ଏହି ବଜାରର ସ୍ୱତନ୍ତ୍ରତା ବଜାୟ ରହିଥିବା କହିଛନ୍ତି ଗ୍ରାହକ।

ସକାଳ
THE SAKALA

# ସମ୍ପାଦକୀୟ



ଅନ୍ୟକୁ ମାତ୍ରାଧିକ ଭଲପାଇବା ଭିତରେ ନିଜକୁ ହଜାଇ ଦେବା ଓ ନିଜର ସ୍ୱତନ୍ତ୍ରତାକୁ ଭୁଲି ଯିବା ସବୁଠାରୁ କଷ୍ଟଦାୟକ।
-ଅର୍ନେଷ୍ଟ ହେମିଙ୍ଗୱେ

## ମୁଦ୍ରାସ୍ଫୀତି ହ୍ରାସ

ରିଜର୍ଭ ବ୍ୟାଙ୍କ ପକ୍ଷରୁ ସୁଧହାର ବା ରିପୋ ରେଟ ହ୍ରାସ ଅନେକଟା ନିର୍ଭରଶୀଳ ମୁଦ୍ରାସ୍ଫୀତି ସ୍ଥିତିକୁ ନେଇ। ଗତ ଅକ୍ଟୋବରରେ ଖୁଚୁରା ମୁଦ୍ରାସ୍ଫୀତି ହାର ୦.୨୫ ପ୍ରତିଶତକୁ ହ୍ରାସ ପାଇଛି। ତେଣୁ ଆସନ୍ତା ଡିସେମ୍ବରରେ ଅନୁଷ୍ଠିତ ହେବାକୁ ଥିବା ରିଜର୍ଭବ୍ୟାଙ୍କ ମୁଦ୍ରାନୀତି କମିଟିର ନିଷ୍ପତ୍ତିକୁ ଏହା ନିଶ୍ଚୟ ପ୍ରଭାବିତ କରିବ। କାରଣ ଗତ ୧୦ ବର୍ଷ ମଧ୍ୟରେ ମୁଦ୍ରାସ୍ଫୀତି ଏବେ ସର୍ବନିମ୍ନ ସ୍ତରରେ ପହଞ୍ଚିଛି। ରିଜର୍ଭବ୍ୟାଙ୍କ ପକ୍ଷରୁ ପ୍ରୟୋଗ କରାଯାଇଥିବା କଟକଣା ଅନୁଯାୟୀ ୬ ପ୍ରତିଶତ ମୁଦ୍ରାସ୍ଫୀତି ସହନୀୟ ସ୍ଥିତି ଏବଂ ୪ ପ୍ରତିଶତକୁ ହ୍ରାସ ରହିଛି ଲକ୍ଷ୍ୟ। ଏବେ ପରିସ୍ଥିତି ସଂପୂର୍ଣ୍ଣ ରୂପେ ବଦଳି ଯାଇଛି। ତେଣୁ ରେପୋରେଟ ହ୍ରାସ ପାଇଁ ମୁଦ୍ରାନୀତି କମିଟି ଆଉ କୁଣ୍ଠିତ ହେବେ ନାହିଁ।

ଜାତୀୟ ପରିସଂଖ୍ୟାନ କାର୍ଯ୍ୟାଳୟ ପକ୍ଷରୁ ପ୍ରକାଶିତ ରିପୋର୍ଟରେ ଦର୍ଶାଯାଇଛି ଯେ ଖାଦ୍ୟ ସାମଗ୍ରୀର ଦରଦାମ ହ୍ରାସ ସହିତ ସାମଗ୍ରୀ ଓ ସେବା ଟିକସ (ଜିଏସଟି) ରେ ସଂସ୍କାର ଅଣାଯାଇଥିବାରୁ ତାହାର ଅନୁକୂଳ ପ୍ରଭାବ ମୁଦ୍ରାସ୍ଫୀତି ଉପରେ ପଡ଼ିଛି। ପନିପରିବା, ଫଳ, ଅଣ୍ଡା ଭଳି ସାମଗ୍ରୀ ମୂଲ୍ୟ କମିଥିବା ବେଳେ ପରିବହନ ଓ ଯୋଗାଯୋଗ ଅପେକ୍ଷାକୃତ ଶସ୍ତା ହୋଇଥିବାରୁ ଖୁଚୁରା ସାମଗ୍ରୀର ମୂଲ୍ୟକୁ ତାହା ପ୍ରଭାବିତ କରିଛି। ଏହି ପରିସଂଖ୍ୟାନର ସବୁଠାରୁ ଉଲ୍ଲେଖଯୋଗ୍ୟ ଦିଗ ହେଲା, ସହରାଞ୍ଚଳ ଅପେକ୍ଷା ଗ୍ରାମାଞ୍ଚଳରେ ଖାଉଟି ମୁଦ୍ରାସ୍ଫୀତି ଅପେକ୍ଷାକୃତ ଅଧିକ ହ୍ରାସ ଘଟିଛି। ତେଣୁ ଗ୍ରାମୀଣ ଜୀବନ ଦରଦାମ ବୃଦ୍ଧି ଜନିତ କଷ୍ଟରୁ ମୁକ୍ତ ହେଉଛି। ଏହି ପରିବେଶରେ ଗ୍ରାମାଞ୍ଚଳରେ ଉପାର୍ଜନ ବୃଦ୍ଧି ସକାଶେ ସୁବିଧା ଓ ସୁଯୋଗ ସୃଷ୍ଟି ହେଲେ ସେମାନଙ୍କ କ୍ରୟ ଶକ୍ତି ବଢ଼ିବ। ସାମଗ୍ରିକ ଭାବେ ତାହା ବଜାର ବ୍ୟବସ୍ଥାକୁ ସୁଧାରିବାରେ ସହାୟକ ହେବ। ଓଡ଼ିଶା ସମେତ ଯେଉଁସବୁ ପ୍ରମୁଖ ରାଜ୍ୟରେ ଖୁଚୁରା ମୁଦ୍ରାସ୍ଫୀତି ହାର ବିଯୁକ୍ତସ୍ଥିତିରେ ରହିଛି ସେମାନଙ୍କ ମଧ୍ୟରେ ଆସାମ, ବିହାର, ଛତିଶଗଡ଼, ଦିଲ୍ଲୀ, ଗୁଜୁରାଟ, ହରିୟାଣା, ଝାଡ଼ଖଣ୍ଡ, ତେଲେଙ୍ଗାନା, ମଧ୍ୟପ୍ରଦେଶ, ରାଜସ୍ଥାନ ଓ ଉତ୍ତର ପ୍ରଦେଶ ଅନ୍ୟତମ।

ଦେଶର ଏଭଳି କିଛି ରାଜ୍ୟ ଅଛି, ଯେଉଁଠାରେ ଖୁଚୁରା ମୁଦ୍ରାସ୍ଫୀତି ହାର ଏବେ ମଧ୍ୟ ଉଦ୍‌ବେଗଜନକ ସ୍ଥିତିରେ ରହିଛି। କେରଳରେ ଏହି ହାର ସର୍ବାଧିକ ୮.୫୬ ପ୍ରତିଶତ ହୋଇଛି। ଏହା ପଛକୁ ଜାମ୍ମୁ-କାଶ୍ମୀରରେ ୨.୯୫ ପ୍ରତିଶତ ଓ କର୍ଣ୍ଣାଟକରେ ୨.୩୪ ପ୍ରତିଶତ ରହିଛି। କେରଳର ଏହି ସ୍ଥିତି କ୍ରମାଗତ ୧୦ ମାସ ଧରି ବଳବତ୍ତର ରହିଛି। ତେବେ ଏହି ପାର୍ଥକ୍ୟ କାହିଁକି? ହୋଇପାରେ ସେଠାରେ ସାଧାରଣ ଗ୍ରାହକଙ୍କ କ୍ରୟଶକ୍ତି ଅଧିକ। ସେମାନଙ୍କ ବର୍ଦ୍ଧିତ ଚାହିଦା ଯୋଗୁଁ ବଜାରରେ ଉପଲବ୍ଧ ସାମଗ୍ରୀର ମୂଲ୍ୟ ବୃଦ୍ଧି ପାଇଛି। ଆମ ଦେଶର ୧୪୫ କୋଟି ଜନସମୁଦାୟର ବର୍ଦ୍ଧିତ କ୍ରୟଶକ୍ତି ହିଁ ବଜାର ଅର୍ଥନୀତିକୁ ସମୃଦ୍ଧ କରିପାରିବ। ମୁଦ୍ରାସ୍ଫୀତିରେ ପରିଲକ୍ଷିତ ଅବନତିରୁ ସ୍ପଷ୍ଟ ଯେ ଖାଉଟିଙ୍କ ଚାହିଦା ଆଶାନୁରୂପ ଭାବେ ବୃଦ୍ଧି ପାଉନାହିଁ। ତେଣୁ ରିଜର୍ଭବ୍ୟାଙ୍କ ସୁଧହାର ହ୍ରାସ ମାଧ୍ୟମରେ ମୁଦ୍ରାପ୍ରଚଳନ ବୃଦ୍ଧି କରିବାକୁ ଚାହାନ୍ତି। ଋଣପ୍ରାପ୍ତି ଯେତେ ସହଜ ଓ ସରଳ ହେଲେ ମଧ୍ୟ ଗ୍ରହୀତାଙ୍କ ଆର୍ଥିକ ସାମର୍ଥ୍ୟ ବୃଦ୍ଧି ନ ପାଇଲେ ପରିଶୋଧ ଜନିତ ସମସ୍ୟା ସ୍ଥିତିକୁ ଆହୁରି ବିଗାଡ଼ି ଦେବ। ସରକାର ସାଧାରଣ ଲୋକଙ୍କ ଉପାର୍ଜନ ବୃଦ୍ଧି ପ୍ରତି ସ୍ୱତନ୍ତ୍ର ଧ୍ୟାନ ନଦେଲେ ଆର୍ଥିକ ସ୍ଥିତିରେ ଆଶାଜନକ ପରିବର୍ତ୍ତନ ସମ୍ଭବ ନୁହେଁ।

## ସାମାଜିକ କଳଙ୍କ

ଆମ ରାଜ୍ୟର ଗ୍ରାମୀଣ ଜୀବନରେ ଗୁଣିଗାରେଡ଼ି ଓ ତନ୍ତ୍ର ପ୍ରୟୋଗ ଭଳି ଅନ୍ଧବିଶ୍ୱାସ ଏବେ ମଧ୍ୟ ତିଷ୍ଠି ରହିଛି। ବହୁ ଘଟଣାରେ ଏହା ପାରିବାରିକ ଓ ସାମାଜିକ ଜୀବନକୁ ପ୍ରଭାବିତ କରୁଛି। ଏହାକୁ କେନ୍ଦ୍ର କରି ଆପରାଧିକ କାର୍ଯ୍ୟକଳାପ ଏବଂ ଏକାଧିକ କ୍ଷେତ୍ରରେ ହତ୍ୟାକାଣ୍ଡ ଭଳି ନୃଶଂସତା ପରିଲକ୍ଷିତ ହେଉଛି। ବିଜ୍ଞାନ ଓ ବୈଷୟିକ ଜ୍ଞାନକୌଶଳର ବିକାଶ ଓ ପ୍ରୟୋଗ କ୍ରମେ ଲୋକଙ୍କ ମନରୁ ଏହି ବିଭ୍ରାନ୍ତି ଦୂର କରିବାରେ ଅନେକାଂଶରେ ସହାୟକ ହୋଇଛି। ଏହାସତ୍ତ୍ୱେ ରାଜ୍ୟର ଦଶଟି ଜିଲ୍ଲାରେ ଏଭଳି ଅନ୍ଧବିଶ୍ୱାସ ସହ ସଂଶ୍ଳିଷ୍ଟ କିଛି ଲୋକ ତନ୍ତ୍ର ପ୍ରୟୋଗ ଓ ତାନ୍ତ୍ରିକ ସନ୍ଦେହରେ ସେମାନଙ୍କୁ ଶାରୀରିକ ନିର୍ଯାତନା ଦେବା ସହ ନୃଶଂସ ଭାବେ ହତ୍ୟା ମଧ୍ୟ କରୁଛନ୍ତି। ଏହାର ପ୍ରୟୋଗ ଓ ପ୍ରୋତ୍ସାହନର ପୃଷ୍ଠଭାଗରେ ଥିବା ବ୍ୟକ୍ତିବିଶେଷଙ୍କ ବିରୋଧରେ ଦଣ୍ଡବିଧାନ ହେଉନଥିବାରୁ ଆମ ସାମାଜିକ ବ୍ୟବସ୍ଥାରେ ଏବେ ମଧ୍ୟ ଏହି ଅନ୍ଧବିଶ୍ୱାସ ତିଷ୍ଠି ରହିଛି। ତେଣୁ ୨୦୧୩ ମସିହାର ଓପିଡବ୍ଲ୍ୟୁ ଆଇନର ପରିସରକୁ ଆହୁରି ବ୍ୟାପକ କରିବା ସକାଶେ ସରକାର ଚିଠା ସଂଶୋଧନ ପ୍ରସ୍ତୁତ କରିଛନ୍ତି।

ରାଜ୍ୟର ଆଦିବାସୀ ବହୁଳ ଅଞ୍ଚଳରେ କ୍ରମାଗତ ଭାବେ ଗୁଣିଗାରେଡ଼ିକୁ କେନ୍ଦ୍ର କରି ଶାରୀରିକ ଅତ୍ୟାଚାର ଓ ହିସାକାଣ୍ଡ ଏବେ ମଧ୍ୟ ଚିନ୍ତା ଓ ଉଦ୍‌ବେଗର କାରଣ ହୋଇଛି। ଲୋକଙ୍କ ମନରୁ ଏପ୍ରକାର ଅନ୍ଧବିଶ୍ୱାସ ଦୂର କରିବା ଦିଗରେ ସାମାଜିକ ସ୍ତରରେ ସେଭଳି ସଚେତନତା ସୃଷ୍ଟି ଉଦ୍ୟମ ହୋଇନାହିଁ। ମୟୂରଭଞ୍ଜ, ସୁନ୍ଦରଗଡ଼, କେଉଁଝର, ରାୟଗଡ଼ା, ଗଞ୍ଜାମ, ଗଜପତି, ନବରଙ୍ଗପୁର ଓ କନ୍ଧମାଳ ଜିଲ୍ଲାରେ ତନ୍ତ୍ର ଓ ମନ୍ତ୍ର ପ୍ରୟୋଗ ଭଳି ଅନ୍ଧବିଶ୍ୱାସରୁ ସୃଷ୍ଟି ହିଂସାକାଣ୍ଡରେ ୬୦୬ ଲୋକଙ୍କ ଗତ ୧୧ ବର୍ଷରେ ମୃତ୍ୟୁ ଘଟିଛି। ଏକଥା ସତ ଯେ ୨୦୧୩ ର ଆଇନ ଏପ୍ରକାର ଅମାନୁଷିକ କାର୍ଯ୍ୟକଳାପକୁ ରୋକିବାରେ କେତେକାଂଶରେ ସଫଳ ହୋଇଛି। ତେବେ ଆଇନ ପରିସରରୁ ଅସଲ ପ୍ରାୟୋଜକ ଓ ସହାୟକ ଖସି ଯାଉଥିବାରୁ ନିୟନ୍ତ୍ରଣ ପ୍ରକ୍ରିୟା ସେଭଳି ପ୍ରଭାବୀ ହୋଇପାରୁନାହିଁ। ଏବେ ମଧ୍ୟ ବର୍ଷକୁ ଅନ୍ୟୂନ ୫୦ ଜଣ ଏହି ଅନ୍ଧବିଶ୍ୱାସର ଶିକାର ହେଉଛନ୍ତି। ଗତ ୫ ବର୍ଷ ମଧ୍ୟରେ ଏପ୍ରକାର କାର୍ଯ୍ୟକଳାପ ବିରୋଧରେ ୪୦୮ ମାମଲା ରୁଜୁ ହେବା ସହ ୩୮୮୮ ଜଣଙ୍କୁ ଗିରଫ କରାଯାଇଛି। ପ୍ରଣୀତ ଆଇନ କେତେଦୂର ସଫଳ ଓ ବିଫଳ ହେଉଛି ସେ ନେଇ ନିର୍ଦ୍ଦିଷ୍ଟ ବ୍ୟବଧାନରେ ତର୍ଜମା କରାଯିବା ଜରୁରୀ। କାର୍ଯ୍ୟକାରୀ ହେଉଥିବା ଆଇନର ପରିସର ବୃଦ୍ଧି ଓ କଠୋର ଦଣ୍ଡବିଧାନର ଆବଶ୍ୟକତା ଅନୁଭବ କରି ରାଜ୍ୟ ବିଧି ଆୟୋଗ ଦେଇଥିବା ସୁପାରିସ କ୍ରମେ ସରକାର ଓ ବିଭାଗୀୟ ଅଧିକାରୀଙ୍କ ପକ୍ଷରୁ ଚିଠା ସଂଶୋଧନ ପ୍ରସ୍ତାବ ପ୍ରସ୍ତୁତ ହୋଇଛି।

ଗୁଣିଗାରେଡ଼ି ସନ୍ଦେହରେ କାହାକୁ ହତ୍ୟାକରିବା, ସାମାଜିକ ନିର୍ଯାତନା ଦେବା ଭଳି ଜଘନ୍ୟ ଅପରାଧ ଏକ ସାମାଜିକ କଳଙ୍କ। ମାନବ ସଭ୍ୟତା ବିକାଶର ପ୍ରଭାବ ଅନୁଭୂତ ହୋଇ ନଥିବା ଆମ ରାଜ୍ୟର ଆଦିବାସୀ ଅଧ୍ୟୁଷିତ ଅଞ୍ଚଳରେ ଶିକ୍ଷା ଓ ସ୍ୱାସ୍ଥ୍ୟର ଯେ ଆଶାନୁରୂପ ଅଗ୍ରଗତି ହୋଇପାରିନାହିଁ ତାହାକୁ ସ୍ୱୀକାର କରିବାକୁ ପଡ଼ିବ। ଏହି କଳଙ୍କିତ ଅଧ୍ୟାୟର ପରିସମାପ୍ତି ସକାଶେ ଆଇନର ପରିସର ବୃଦ୍ଧି ଓ କଠୋର ଦଣ୍ଡବିଧାନ ଯେତେ ଜରୁରୀ ନୁହେଁ, ତା'ଠାରୁ ଅଧିକ ଜରୁରୀ ସେମାନଙ୍କ ମଧ୍ୟରେ ସଚେତନତା ସୃଷ୍ଟି ଏବଂ ସାମାଜିକ ବ୍ୟବସ୍ଥାକୁ ଯୁଗୋପଯୋଗୀ କରିବା ସକାଶେ ପରିବର୍ତ୍ତିତ ଦେଶଦୁନିଆର ବାର୍ତ୍ତା ପହଞ୍ଚାଇବା। ଏଥିଲାଗି ତୃଣମୂଳ ସ୍ତରରେ ସମର୍ପିତ ସାମାଜିକ କର୍ମୀ ନିୟୋଜିତ ହେବା ଆବଶ୍ୟକ।

# ବିହାର ନିର୍ବାଚନ: ଏକ ଦୃଷ୍ଟିପାତ

ଦୁଇପର୍ଯ୍ୟାୟରେ ଅନୁଷ୍ଠିତ ବିହାର ବିଧାନସଭା ନିର୍ବାଚନର ଫଳାଫଳ ଓ ନିଷ୍କର୍ଷ ପ୍ରାୟତଃ ସ୍ପଷ୍ଟ ହୋଇସାରିଛି। ଯଦି ଏନ୍‌ଡିଏରେ ସେଭଳି ନେତୃତ୍ୱ କନ୍ଦଳ ସୃଷ୍ଟି ନ ହୁଏ ତେବେ ନୀତୀଶ କୁମାର ୧୦ମ ଥର ପାଇଁ ବିହାରର ମୁଖ୍ୟମନ୍ତ୍ରୀ ଦାୟିତ୍ୱ ନେବାକୁ ଯାଉଛନ୍ତି। ଅପରପକ୍ଷରେ ପ୍ରମୁଖ ଆଶାୟୀ ଲାଲୁ ପ୍ରସାଦ ଯାଦବଙ୍କ ଆରଜେଡିକୁ ୨୯ ଆସନରେ ସନ୍ତୁଷ୍ଟ ହେବାକୁ ପଡ଼ିଥିବା ବେଳେ ଦେଶର ସର୍ବପୁରାତନ ଜାତୀୟ ଦଳ କଂଗ୍ରେସ ଦୁଇ ଅଙ୍କ ମଧ୍ୟ ଟପିପାରିନାହିଁ। ଏହି ଦଳ ମାତ୍ର ୬ଟି ଆସନ ଜିତିପାରିଛି।

ଆଞ୍ଚଳିକ ଓ ଜାତୀୟ ରାଜନୀତିରେ ସବୁବେଳେ ଚର୍ଚ୍ଚାରେ ରହୁଥିବା ଏବଂ ଉଦାହରଣ ସୃଷ୍ଟି କରିଆସିଥିବା ବିହାର ଏଥର ରେକର୍ଡ ସଂଖ୍ୟକ ଭୋଟଦାନ ହାର ସହିତ ଜାତୀୟ ସ୍ତରରେ ଦୃଷ୍ଟି ଆକର୍ଷଣ କରିଥିଲା। ଅନଗ୍ରସର ଓ ଅଳ୍ପପାଠୁଆ ରାଜ୍ୟ ଭାବେ ଅପଖ୍ୟାତି ଅର୍ଜନ କରିଥିବା ଏହି ରାଜ୍ୟର ମହିଳା ଭୋଟରମାନେ ଏଥର ବିପୁଳ ଉତ୍ସାହର ସହିତ ରେକର୍ଡ ସଂଖ୍ୟାରେ ମତଦାନ କରିଥିବାରୁ ଭୋଟଦାନ ହାର ପୂର୍ବର ସମସ୍ତ ରେକର୍ଡ ଭାଙ୍ଗିଥିଲା। ସାଧାରଣତଃ ଭାରତୀୟ ନିର୍ବାଚନୀ ରାଜନୀତିରେ ଭୋଟଦାନ ହାର ଅଧିକ ହେଲେ ସରକାର ବଦଳିବାର ଏକ ଅଲିଖିତ ଧାରଣା ରହି ଆସିଛି। ତେଣୁ ଏଥର ବିହାରରେ ସରକାର ବଳଦିବ ବୋଲି ଆରଜେଡି ଓ କଂଗ୍ରେସ ନେତୃତ୍ୱାଧୀନ ମହାଗଟବନ୍ଧନ ମେଣ୍ଟ ପ୍ରବଳ ଆଶାୟୀ ଥିଲେ। କିନ୍ତୁ ସବୁ ଧାରଣା ଓ ଅଙ୍କକଷାକୁ ଓଲଟପାଲଟ କରି ବିହାର ପୁଣି ଥରେ ଜାତୀୟ ରାଜନୀତିରେ ଆଚମ୍ବିତ ପରିବେଶ ସୃଷ୍ଟି କରିଛି। ସେହିପରି ବିହାର ବିଧାନସଭା ନିର୍ବାଚନରେ ପରେ ଏକ୍‌ଜିଟ୍ ପୋଲ୍ ବା ବୁଥ ବାହୁଡ଼ା ମତ ଆକଳନ ପ୍ରାୟତଃ ଭୁଲ୍ ସାବ୍ୟସ୍ତ ହୋଇଥିବା ବେଳେ ଏଥର ଠିକ୍ ପ୍ରମାଣିତ ହୋଇଛି।

ନିର୍ବାଚନ ଫଳାଫଳାକୁ ନେଇ ରାଜନୈତିକ ବିଶାରଦମାନେ ଆଲୋଚନା ଆରମ୍ଭ କରିସାରିଛନ୍ତି। ଜାତୀୟ ରାଜନୀତିରେ ଏହାର ପ୍ରଭାବ ରହୁଥିବାରୁ ଆହୁରି କିଛିଦିନ ଧରି ତର୍ଜମା ଓ ଆଲୋଚନା ଜାରି ରହିବ। ତେବେ ଏନ୍‌ଡିଏର ବିପୁଳ ବିଜୟ ଓ ମହାଗଟ୍‌ବନ୍ଧନ, ବିଶେଷକରି କଂଗ୍ରେସର ଶୋଚନୀୟ ପରାଜୟକୁ ନେଇ ରାଜନୈତିକ ପଣ୍ଡିତମାନେ ଏବେ ମୁଖର ହୋଇଛନ୍ତି। ବିରୋଧୀଦଳର ପରାଜୟ ପାଇଁ ଦୁର୍ବଳ ନେତୃତ୍ୱ ଓ ଅନାକର୍ଷଣୀୟ ପ୍ରସଙ୍ଗକୁ ଦାୟୀ କରାଯାଇଥିବା ବେଳେ ଶାସକ ଦଳର ବିଜୟ ପାଇଁ ମହିଳା ଭୋଟର, ପ୍ରବାସୀ ଶ୍ରମିକଙ୍କ ଭୋଟ, ଫ୍ରିବିଜ୍ ବା୧୦ ହଜାର ଟଙ୍କା ବର୍ଣ୍ଟନ ସହିତ ନୀତୀଶଙ୍କ କେତେକ ସାମାଜିକ କାର୍ଯ୍ୟକ୍ରମକୁ ଶ୍ରେୟ ଦିଆଯାଇଛି। ଏଥିସହିତ ବିଜେପି ବିରୋଧରେ ପ୍ରମୁଖ ନିର୍ବାଚନୀ ଅସ୍ତ୍ର 'ଭୋଟ ଚୋରି' ଅଭିଯାନର ପ୍ରଥମ ପ୍ରୟୋଗ କଂଗ୍ରେସ ନେତା ରାହୁଲ୍ ଗାନ୍ଧୀ ବିହାରରେ କରିଥିବାରୁ ତା'ର ପ୍ରଭାବ ଉପରେ ଦେଶର ସମସ୍ତଙ୍କ ଦୃଷ୍ଟି ନିବଦ୍ଧ ଥିଲା। ଆଗାମୀ କେତେକ ରାଜ୍ୟର ବିଧାନସଭା ନିର୍ବାଚନ ସହିତ ଜାତୀୟ ନିର୍ବାଚନ ଉପରେ ଏହାର ପ୍ରଭାବ ପଡ଼ିବ କି ନାହିଁ ତା'ର ପ୍ରୟୋଗଶାଳା ମଧ୍ୟ ବିହାର ଥିଲା। କିନ୍ତୁ ରାହୁଲ୍ ଗାନ୍ଧୀଙ୍କ ଏହି ଅସ୍ତ୍ର ପ୍ରଭାବହୀନ ସାବ୍ୟସ୍ତ ହୋଇଛି।

କଂଗ୍ରେସ ନେତୃତ୍ୱାଧୀନ ମହାଗଟବନ୍ଧନ ବିଫଳ ହେବାର ପ୍ରମୁଖ କାରଣ ମଧ୍ୟରୁ ପ୍ରଥମତଃ, ପ୍ରାର୍ଥିପତ୍ର ଦାଖଲ ପର୍ଯ୍ୟନ୍ତ ମେଣ୍ଟ ଭିତରେ ଆସନ ବୁଝାମଣା ଅଙ୍କ ଛିଣ୍ଡି ନଥିଲା। ଶେଷ ମୁହୂର୍ତ୍ତରେ ତରବରିଆ ଭାବରେ ଏହି କାର୍ଯ୍ୟଟି ହେଲା। ନିର୍ବାଚନ ଲଢ଼ିବା ପାଇଁ ଟିକେଟ୍ ପାଇଥିବା କିଛି କଂଗ୍ରେସ ପ୍ରାର୍ଥୀଙ୍କ ନିକଟରୁ ତାହା ପୁଣି ପ୍ରତ୍ୟାହାର କରି ନିଆଯାଇଥିଲା। ଅଳ୍ପଶିକ୍ଷିତ ହେଲେ ମଧ୍ୟ ବିହାର ଭୋଟର ଯେ ଏହାକୁ ଅତି ଗୁରୁତ୍ୱର ସହ ନିରୀକ୍ଷଣ କରୁଥିଲେ, ତାହା ଆରଜେଡି କିମ୍ବା କଂଗ୍ରେସର ନେତୃମଣ୍ଡଳୀ ଦୃଷ୍ଟି ଦେଇ ନଥିଲେ। ବୋଧହୁଏ ଭୋଟରଙ୍କ ମନରେ ଧାରଣା ସୃଷ୍ଟି ହେଲା ଯେଉଁମାନେ ନିଜ ସ୍ୱାର୍ଥ ପାଇଁ ବିହାରକୁ ଭାଗବଣ୍ଟା କରୁଛନ୍ତି ସେମାନେ ଶାସନ କ୍ଷମତାକୁ ଆସିଲେ ଲୋକହିତ ଅପେକ୍ଷା ନିଜ ସ୍ୱାର୍ଥ ଉପରେ ଅଧିକ ଧ୍ୟାନ ଦେଇ କଳହ କରିବେ, ଯାହା ସରକାରକୁ ଅଧିକ ଦିନ ଧରି ରଖିପାରିବ ନାହିଁ। ବିହାରରୁ ଏନ୍‌ଡିଏକୁ ହଟାଇବାକୁ ଦୃଢ଼ ପରିକର ଥିଲେ କଂଗ୍ରେସ ନିଜେ ନିର୍ବାଚନରୁ ଓହରି ଯାଇ ଆରଜେଡିକୁ ପୂର୍ଣ୍ଣ ସମର୍ଥନ କରିବାର ଆବଶ୍ୟକ ଥିଲା। ଏହାପରେ ହୁଏତ ବିହାରରେ କ୍ଷମତା ଦଖଲ ପାଇଁ କଂଗ୍ରେସ ପାଖରେ ସୁଯୋଗ ରହିଥା'ନ୍ତା। ଟିକେଟ୍ ପ୍ରତ୍ୟାହାର ପରେ କଂଗ୍ରେସରେ ଆନ୍ତଃକନ୍ଦଳ ଏକ ସଙ୍କଟର ରୂପ ନେଲା, ଯାହା ଫଳରେ ଦଳ ଦୁଇ ଅଙ୍କ ମଧ୍ୟ ଟପି ପାରିଲା ନାହିଁ।

ଦ୍ୱିତୀୟତଃ, କଂଗ୍ରେସ ଅଣଯାଦବ ଭୋଟ ହାତେଇବା ପାଇଁ ତେଜସ୍ୱୀ ଯାଦବଙ୍କ ମୁଖ୍ୟମନ୍ତ୍ରୀ ପ୍ରାର୍ଥିତ୍ୱକୁ ପ୍ରତ୍ୟକ୍ଷ ସମର୍ଥନ କଲା ନାହିଁ। ତେଣୁ ମାତ୍ର ଦୁଇ/ତିନୋଟି ସଭାକୁ ଛାଡ଼ିଦେଲେ ରାହୁଲ୍ ଗାନ୍ଧୀ ଓ ତେଜସ୍ୱୀ ଯାଦବଙ୍କୁ ଗୋଟିଏ ମଞ୍ଚରେ ଦେଖିବାକୁ ମିଳିଲା ନାହିଁ। ଏହା ଭୋଟରଙ୍କୁ ଭୁଲ୍ ବାର୍ତ୍ତା ଦେଲା। ତୃତୀୟତଃ, ଦଳିତ ବର୍ଗର ଭୋଟ ହାତେଇବା ପାଇଁ କଂଗ୍ରେସ ଉଚ୍ଚବର୍ଗକୁ ସମ୍ପୂର୍ଣ୍ଣ ଅଣଦେଖା କଲା, ଯାହାର ଧ୍ରୁବୀକରଣ ଭୋଟ ଫଳାଫଳରେ ପ୍ରତିଫଳିତ ହେଲା। ଚତୁର୍ଥତଃ, ବିହାରବାସୀ ଲାଲୁ ପ୍ରସାଦ ଯାଦବଙ୍କ 'ଜଙ୍ଗଲ ରାଜ' ଶାସନରେ ଏତେ ଅତିଷ୍ଠ ହୋଇସାରିଥିଲେ ଯେ ସେମାନେ ପୁଣି ଥରେ ବିପଦ ବରଣ କରିବାକୁ ଚାହିଁଲେ ନାହିଁ। ଏହି କଥାଟି ଏନ୍‌ଡିଏ ଉଚିତ ସମୟରେ ବିହାର ଭୋଟରଙ୍କୁ ମନେ ପକାଇ ଦେଲା। ବିହାରରେ ଶିକ୍ଷା, ସ୍ୱାସ୍ଥ୍ୟ, ନିଯୁକ୍ତି ପରି ଏକାଧିକ ସାମାଜିକ-ଅର୍ଥନୈତିକ ସମସ୍ୟା ରହିଥିବା ବେଳେ କଂଗ୍ରେସ 'ଭୋଟ ଚୋରି'କୁ ପ୍ରସଙ୍ଗ କଲା, ଯାହା ଲୋକେ ପ୍ରତ୍ୟାଖ୍ୟାନ କଲେ। ଗତ ସାଧାରଣ ନିର୍ବାଚନରେ ମଧ୍ୟ ଦରଦାମ ବୃଦ୍ଧି ବଦଳରେ କଂଗ୍ରେସ ସମ୍ବିଧାନର ସୁରକ୍ଷାକୁ ପ୍ରସଙ୍ଗ କରି ବିଫଳ ହୋଇଥିଲା।

ଅପରପକ୍ଷରେ ବିହାରର ଜାତିଭିତ୍ତିକ ଭୋଟ ରାଜନୀତିକୁ ଏନ୍‌ଡିଏ ବହୁପୂର୍ବରୁ ଗୁରୁତ୍ୱ ଦେଇ ଆସିଥିଲା ଏବଂ ଯେକୌଣସି ଛୋଟ ଛୋଟ ସମ୍ପ୍ରଦାୟକୁ ବାଦ୍ ଦେଇ ନଥିଲା। ଗତ ଫେବୃଆରୀରେ ସାଧାରଣ ବଜେଟ୍ ଉପସ୍ଥାପନ ବେଳେ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ୍ ମଧୁବନୀ ଶାଢ଼ି ପିନ୍ଧିବା, ବଜେଟ୍‌ରେ ମାଖନା କ୍ଷେତ୍ରର ବିକାଶ ପାଇଁ ୧୦୦ କୋଟି ଟଙ୍କାର ବ୍ୟୟବରାଦ କରିବା ପରେ ଜଣାପଡ଼ିଯାଇଥିଲା ଏନ୍‌ଡିଏର ମୂଳ ଲକ୍ଷ୍ୟ କ'ଣ। ତେଣୁ ନିର୍ବାଚନ ରଣନୀତିରେ ଏନ୍‌ଡିଏ ଦଳିତ ସହିତ ଅର୍ଥନୈତିକ ପଛୁଆ ବର୍ଗକୁ କେନ୍ଦ୍ରରେ ରଖିଲା। ଏଥର ନିର୍ବାଚନ ରଣନୀତିରେ ମହାଗଟ୍‌ବନ୍ଧନ ମୁସ୍‌ଲିମ୍ ଓ ଦଳିତ ଭୋଟରଙ୍କୁ ପ୍ରାଧାନ୍ୟ ଦେଇଥିବା ବେଳେ ନୀତୀଶ କୁମାର ମହିଳା ଓ ଯୁବବର୍ଗଙ୍କୁ ପ୍ରାଧାନ୍ୟ ଦେଲେ। ନିର୍ବାଚନ ଆଚରଣ ବିଧି ଲାଗୁ ହେବା ପୂର୍ବରୁ ଏନ୍‌ଡିଏ ଚତୁରତାର ସହିତ 'ମୁଖ୍ୟମନ୍ତ୍ରୀ ମହିଳା ରୋଜଗାର ଯୋଜନା' ଅଧୀନରେ ମହିଳା ଉଦ୍ୟୋଗୀଙ୍କୁ ୨.୧ ଲକ୍ଷ ଟଙ୍କା ଲେଖାଏଁ ଦେବାର ଘୋଷଣା କଲେ ଏବଂ ଅଗ୍ରୀମ ୧୦ ହଜାର ଟଙ୍କା ଲେଖାଏଁ ୧.୨୧ କୋଟି ମହିଳାଙ୍କ ବ୍ୟାଙ୍କ ଆକାଉଣ୍ଟକୁ ହସ୍ତାନ୍ତର କଲେ।

ଏହାଛଡ଼ା ନୀତୀଶକୁମାରଙ୍କ ଅଭିଯୋଗ ସମାଧାନ ସହିତ ଶିକ୍ଷକ, ପୁଲିସ, ପ୍ରଶାସନିକ କର୍ମଚାରୀ ନିଯୁକ୍ତିକୁ ତ୍ୱରାନ୍ୱିତ କରି ସେବାରେ ସ୍ୱଚ୍ଛତା ଆଣିବା, ପଞ୍ଚାୟତିରାଜ କର୍ମୀଙ୍କୁ ଭତ୍ତା, ବରିଷ୍ଠ ନାଗରିକଙ୍କୁ ଅଧିକ ଭତ୍ତା, ଆଶା ଓ ଅଙ୍ଗନବାଡ଼ି କର୍ମୀଙ୍କ ପାରିଶ୍ରମିକ ବୃଦ୍ଧି, ଜୀବିକା ଦିଦିଙ୍କୁ ୧୦ ହଜାର ଟଙ୍କା, ଘରୋଇ ବିଦ୍ୟୁତ ଉପଭୋକ୍ତାଙ୍କୁ ରିହାତି ଆଦି କାର୍ଯ୍ୟକ୍ରମ ଭୋଟରଙ୍କୁ ଛୁଇଁଲା ଏବଂ ତାହା ଭୋଟରେ ରୂପାନ୍ତରିତ ହେଲା। ଏନ୍‌ଡିଏ ସପକ୍ଷରେ ଆଉ ଏକ ନିର୍ଣ୍ଣାୟକ ସାବ୍ୟସ୍ତ ହେଲା ଛଟ୍ ପୂଜା ପାଇଁ ପ୍ରବାସୀ ଶ୍ରମିକମାନଙ୍କର ଘରବାହୁଡ଼ା। ଏହାକୁ ମୌକାରେ ପରିଣତ କରିବା ପାଇଁ ଏନ୍‌ଡିଏ କୌଣସି ସୁଯୋଗ ହାତଛଡ଼ା କରି ନଥିବା ବେଳେ କଂଗ୍ରେସ ତାହାକୁ ଅଣଦେଖା କରିଥିଲା। ଏପରିକି ନିର୍ବାଚନ ସହିତ ଧର୍ମକୁ ଯୋଡ଼ିବା ପାଇଁ ଏନ୍‌ଡିଏ ଭରପୂର ପ୍ରୟାସ କରି ପ୍ରୀତିଭାଜନ ହୋଇଥିବା ବେଳେ କଂଗ୍ରେସ ଏହାକୁ ନାଟକ କହି ଭୋଟରଙ୍କ ରୋଷଭାଜନ ହେଲା।

ଏହି ନିର୍ବାଚନରେ ସବୁଠାରୁ ଉଲ୍ଲେଖନୀୟ ହେଲା ପ୍ରତ୍ୟକ୍ଷ ଭାବେ ନିର୍ବାଚନକୁ ଓହ୍ଲାଇଥିବା ନିର୍ବାଚନୀ ରଣନୀତିକାର ବା ଚାଣକ୍ୟ ରୂପେ ସ୍ୱୀକୃତ ଓ ବିଦିତ ପ୍ରଶାନ୍ତ କିଶୋରଙ୍କ ନିର୍ବାଚନୀ ଫଳାଫଳ ପୁଣି ଥରେ ପ୍ରମାଣିତ କରିଦେଲା ଯେ ରଣନୀତିକାର ଓ ରାଜନୈତା ଭିତରେ ବହୁ ତଫାତ ଅଛି।

(ସକାଳ ମିଡିଆ ସର୍ଭିସ୍)

# ସାମ୍ବାଦିକତା ଓ ସାମାଜିକ ଅଙ୍ଗୀକାରବଦ୍ଧତା

**ପଞ୍ଚାନନ ଅଗ୍ରୱାଲ**

କର୍ତ୍ତବ୍ୟନିଷ୍ଠ ସାମ୍ବାଦିକ ଦେଶର ଜାଗ୍ରତ ପ୍ରହରୀ ରୂପେ କାମ କରିଥାଏ। ତତ୍‌ସଙ୍ଗେ ସଙ୍ଗେ ସାମାଜିକ ଅଙ୍ଗୀକାରବଦ୍ଧତା ସହିତ ଦାୟିତ୍ୱ ତୁଲାଇଥାଏ। ବର୍ତ୍ତମାନ ସ୍ଥିତିରେ ଗଣମାଧ୍ୟମର ସ୍ୱତନ୍ତ୍ରତା ଚର୍ଚ୍ଚାର ପରିଧିକୁ ଆସିଛି। ପ୍ରେସ୍ ସ୍ୱାଧୀନତା ମୂଳରେ ତିନି ଜଣ ମୁଖ୍ୟତଃ ଆସୁଛନ୍ତି। ସେମାନେ ହେଲେ ମାଲିକ, ସମ୍ପାଦକ ଆଉ ପାଠକ। ପ୍ରେସ ସ୍ୱାଧୀନତାର ଅର୍ଥ ସାମ୍ବାଦିକର ସ୍ୱାଧୀନତା ହେଉ ନାହିଁ। ସାମାଜିକ ଅଙ୍ଗୀକାରବଦ୍ଧତା ସହିତ ରାଷ୍ଟ୍ରର ହିତ ସାଧନା ହିଁ ସାମ୍ବାଦିକର ଲକ୍ଷ୍ୟ ହେବା ଉଚିତ, ମାତ୍ର ଏଥିରେ ବ୍ୟତିକ୍ରମ ଦେଖାଯାଉଛି। ବର୍ତ୍ତମାନ ମାଲିକର ଉଦ୍ଦେଶ୍ୟକୁ ଚରିତାର୍ଥ କରିବା ସାମ୍ବାଦିକର ଧର୍ମ ହୋଇଯାଇଛି। ବିଶିଷ୍ଟ ସମାଲୋଚକ, ହିନ୍ଦୀ ସାମ୍ବାଦିକ ରାକିଶୋର କହନ୍ତି ଯେ ଖବରକାଗଜ ଅଥବା ସାମ୍ବାଦିକମାନଙ୍କ ନିଜର କୌଣସି ଅଭିବ୍ୟକ୍ତି ନଥିବା କାରଣରୁ ସାମ୍ବାଦିକମାନେ ସ୍ପେୟାର ପାର୍ଟସ ଭଳି ହୋଇଯାଉଛନ୍ତି। ଯେ କେହି ଏହାକୁ ନେଇ ବ୍ୟବହାର କରିପାରିବ। ତେବେ ଏହାକୁ ଅଭିବ୍ୟକ୍ତିର ସ୍ୱାଧୀନତା କହିବା ନା ପେଶାର ସ୍ୱାଧୀନତା? ସାମ୍ବାଦିକଙ୍କ ସ୍ୱାଧୀନତା ଅର୍ଥ ଆଜି ପେଣ୍ଡୁଲମ ଭଳି ଦୋଳାୟମାନ ସ୍ଥିତିରେ ଅଛି।

ଏ କଥା ନିଶ୍ଚୟ ଚିନ୍ତାଜନକ। ଅଧିକ ପ୍ରସାରିତ ଖବରଗକାଗଜ ମାଲକାନା ଧନିକ ଶ୍ରେଣୀର। ପ୍ରେସ ସ୍ୱାଧୀନତାର ବଡ଼ ଅଂଶ ମାଲିକମାନେ ପାଉଛନ୍ତି। ସମସ୍ତେ ପୁଞ୍ଜିପତି ବର୍ଗ। ଏଣୁ ରାଜନୀତିର ପରିସରଭୁକ୍ତ ହୋଇଯାଉଛନ୍ତି। ସାମ୍ବାଦିକମାନେ ଏଥିନେଇ ଅଧିକ ମୁଣ୍ଡ ଖେଳାଇବାକୁ ପସନ୍ଦ କରୁନାହାନ୍ତି। ସାମ୍ବାଦିକତାକୁ ଅନ୍ୟ ବ୍ୟବସାୟିକ ଶିଳ୍ପ ସଂସ୍ଥା ବୁଝିବା ଦ୍ୱାରା ଏହାର ମୂଳ ଉଦ୍ଦେଶ୍ୟ ଆର୍ଥିକ ଫାଇଦା ଉଠାଇବା ହୋଇଯାଉଛି। ଆଜି ସାମ୍ବାଦିକତାକୁ ରାଜନୀତିରୁ ଅଲଗା କରି ରଖି ହେବ ନାହିଁ। ପ୍ରକାଶନ ମାଲିକମାନଙ୍କୁ କେବଳ ଅର୍ଥଲୋଭ ନୁହେଁ, ତା' ସହିତ କ୍ଷମତା ଲୋଭ ମଧ୍ୟ ଘାରିଛି। ଏଣୁ ଏମାନେ ସବୁବେଳେ କ୍ଷମତାର ମୁଖ୍ୟଧାରାରେ ଜଡ଼ିତ ହେବାକୁ ପସନ୍ଦ କରନ୍ତି।

'ହଂସ' ପତ୍ରିକାର ବାର୍ଷିକ ଉତ୍ସବରେ ହିନ୍ଦୀ କଥା ସମ୍ରାଟ ପ୍ରେମଚାନ୍ଦ ଲେଖିଥିଲେ ଆମର ଆର୍ଥିକ ହାନି ଘଟିଛି, ରାଜନୈତିକ ଦଣ୍ଡ ମଧ୍ୟ ସହିବାକୁ ପଡ଼ିଛି। ତଥାପି ଆମେ ସାହସ ବାନ୍ଧି ରଖିଛୁ, ହାରି ଯାଇନାହୁଁ। ଆମ ସମ୍ମୁଖରେ ଯେଉଁ ଆଦର୍ଶ ଅଛି ତାହା ଆମକୁ ଅଧିକ ଉତ୍ସାହିତ କରୁଛି। ଆମକୁ ଲାଭ-କ୍ଷତି ପାଇଁ କୌଣସି ବ୍ୟସ୍ତ ହେବାର ନାହିଁ। ବର୍ତ୍ତମାନ ଯୁଗରେ ସଫଳତାର ମାନଦଣ୍ଡକୁ ପ୍ରେମଚାନ୍ଦଙ୍କ ଆଧାରରେ ନେବା ସମୀଚୀନ ହେବନାହିଁ। ୧୯୩୨ ଅଗଷ୍ଟ ୨୨ରେ 'ଜାଗରଣ'କୁ ନୂଆ ରୂପରେ ପ୍ରକାଶିତ କରାଇବା ଅବସରରେ ସେ ଲେଖିଥିଲେ 'ସତ୍ୟକୁ ଖୋଜିବା ଦରକାର, ସତ୍ୟର ପୂଜାରୀ ହେବାକୁ ପଡ଼ିବ, ସତ୍ୟକୁ ସହିବା ପାଇଁ ଯେତେ ଅପମାନ ସହୁ ନା କାହିଁକି, ଅପ୍ରିୟ ସତ୍ୟ କହିବାକୁ ଭୁଲିବ ନାହିଁ। ସେକେବେ ଅନ୍ୟର ଦୋଷକୁ ଦେଖିବ ନାହିଁ, ବରଂ ନିଜର ଦୋଷକୁ ମଧ୍ୟ ସ୍ୱୀକାର କରିବାକୁ ପଡ଼ିବ।

ଆଜି ସାମ୍ବାଦିକତା କ୍ଷେତ୍ରରେ 'ସତ୍ୟ' ଖୋଜିବା ସ୍ଥାନ ନେଇଛି 'ଷ୍ଟୋରୀ' ଖୋଜିବା। ଆଜିକାଲି ଖବରକାଗଜ ପୃଷ୍ଠାଗୁଡ଼ିକରେ ନିଜ ପ୍ରତିନିଧିଙ୍କ ଖବର ବଦଳରେ ବାସ୍ତୁବାଦୀ, ଆତ୍ମପୂରକ, ଉତ୍ତେଜକ କଥା କାହାଣୀ ରୂପରେ ପ୍ରକାଶ ପାଉଛି। ଅନେକ ସମୟରେ ପାଠକ ସତ୍ୟ ଖୋଜିବାରେ ଝୁଣ୍ଟିପଡ଼ୁଛି, ନିରାଶ ମଧ୍ୟ ହେଉଛି। ସାମ୍ବାଦିକ ଶିଳ୍ପ ସଂସ୍ଥା ଭଳି ଅର୍ଥକେନ୍ଦ୍ରିକ, ଜନଚେତନା, ସତ୍ୟର ଉଦ୍‌ଘାଟନ ଓ ବିକାଶ ସହିତ ସଂଶ୍ଳିଷ୍ଟ ହେବା ଉଚିତ୍। ମାଖନଲାଲ ଚତୁର୍ବେଦୀ ମୁଖ୍ୟତଃ କବି ଥିଲେ। ରାଜନୈତିକ କର୍ମକର୍ତ୍ତା ମଧ୍ୟ ଥିଲେ। ୧୯୨୫ ମସିହାରେ ସେ ପତ୍ରକାର ପରିଷଦରେ ଭାଷଣ ଦେଇ କହିଥିଲେ, 'ଯଦି ସମାଚାର ପତ୍ର ଦୁନିଆରେ ସବୁଠାରୁ ବଳୀୟାନ ଓ ଶକ୍ତିଶାଳୀ, ତେବେ ତା' ମୁଣ୍ଡରେ ଆପଦ ବିପଦ ଘେରି ହୋଇରହିଛି। ସେ ରାଷ୍ଟ୍ରୀୟ ସୁରକ୍ଷାର ବଡ଼ ପ୍ରାଚୀର ହୋଇ ରହିଛି। ସେ ହିମାଳୟର ଶିଖର ଭଳି ଝଟକି ଉଠୁଛି। ତା' ଉପରେ ଦେଶର ବହୁ ଗୁରୁଦାୟିତ୍ୱ ରହିଛି।

ଅଙ୍ଗୀକାରବଦ୍ଧତା ସହିତ ସାମ୍ବାଦିକତା କ୍ଷେତ୍ରରେ ବହୁ କ୍ରାନ୍ତିକାରୀ ନେତା ଗୋଟିଏ ଝୁମ୍‌ରେ କଲମ ମୁନ ଧରି ଆଗେଇ ଆସି ସାମ୍ବାଦିକତାର ସାରସ୍ୱତ ଭଣ୍ଡାରକୁ ଋଦ୍ଧିମନ୍ତ କରିଯାଇଛନ୍ତି। ସେତେବେଳେ ପତ୍ରପତ୍ରିକା ମଧ୍ୟରେ ଥିଲେ ମର୍ଯ୍ୟାଦା, ଅଭ୍ୟୁଦୟ, ବିକ୍ରମ, ପ୍ରତାପ, କର୍ମବୀର, ସରସ୍ୱତୀ, ପ୍ରଭା, ମତୱାଲ, ଚାନ୍ଦ, ମାଧୁରୀ, ହଂସ, ଜାଗରଣ, ନବଜୀବନ, ସୁଧା ଆଦି। ସେମାନଙ୍କ ଦେଶ ଓ ଜାତି ପ୍ରତି କର୍ତ୍ତବ୍ୟବୋଧ, ସାମାଜିକ ଅଙ୍ଗୀକାରବଦ୍ଧତା ଅକ୍ଷୁଣ୍ଣ ଥିଲା। ସେମାନେ କେବଳ ଦୃଷ୍ଟିକୋଣକୁ ଆଧାର ରଖି ନଥିଲେ ବରଂ ଜନତାଙ୍କ ହିତ ଦୃଷ୍ଟିକୁ ଅଗ୍ରାଧିକାର ଦେଉଥିଲେ। ୧୯୬୫ ମସିହାରେ ପଣ୍ଡିତ ଗୋଦାବରୀଶ ମିଶ୍ର 'ସମାଜ' ସମ୍ପାଦକୀୟରେ ଲେଖିଥିଲେ, ଆଜିକାଲି ସମ୍ବାଦପତ୍ର ସବୁ କୌଣସି ଦଳର ମୁଖପତ୍ର, କିନ୍ତୁ 'ସମାଜ' ଜନ୍ମ ସମୟରେ ଦେଶର ଏ ଅବସ୍ଥା ନଥିଲା। ଗୋପବନ୍ଧୁ ରାଜନୀତି, ଦଳଗତକୁ ଊର୍ଦ୍ଧ୍ୱରେ ରହି ଦେଶ ସେବା ପାଇଁ କେବଳ ଲେଖନୀ ଚାଳନା କରିଥିଲେ।

ବେଳେବେଳେ କିଛି ନିର୍ଦ୍ଦିଷ୍ଟ ଖବରକାଗଜ ଧାରା ପ୍ରବାଦ ନେତାଙ୍କ ନିନ୍ଦାଗାନରେ ମଜ୍ଜିଥା'ନ୍ତି। ପ୍ରଧାନମନ୍ତ୍ରୀ ହେବା ପୂର୍ବରୁ ମୋରାର୍ଜୀ ଦେଶାଇ ମହାରାଷ୍ଟ୍ରର ମୁଖ୍ୟମନ୍ତ୍ରୀ ଥିଲେ। ବ୍ଲିଜ୍ ସାପ୍ତାହିକ ଲଗାତାର ତାଙ୍କ ବିରୁଦ୍ଧରେ ସମ୍ବାଦ ପରିବେଷଣ କରୁଥିଲା। ସେତେବଳେ ପତ୍ରିକାର ମାଲିକ ଓ ସଂପାଦକ ଥାଆନ୍ତି ଆର୍.କେ.କରିଆ। କେହି ହିତାକାଂକ୍ଷୀ ଦେଶାଇଙ୍କୁ ବ୍ଲିଜ ବିଷୟରେ କହିବାକୁ ସେ ଉତ୍ତର ଦେଲେ, 'ମୁଁ ବ୍ଲିଜ କେବେ ପଢ଼େନାହିଁ।' ଯେତେବେଳେ ସେ ପ୍ରଧାନମନ୍ତ୍ରୀ ହେଲେ ସେ ଯଦି ଚାହିଁଥା'ନ୍ତେ ସାମ୍ବାଦିକଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ କରିପାରିଥା'ନ୍ତେ, କିମ୍ବା ସରକାରୀ ବିଜ୍ଞାପନ ବନ୍ଦ କରିଦେଇ ପାରିଥା'ନ୍ତେ। ମାତ୍ର ସେ ସେପରି କଲେ ନାହିଁ। ସମାଜରେ ଅଙ୍ଗୀକାରବଦ୍ଧତା ସହିତ ସାମ୍ବାଦିକଙ୍କୁ ରାଷ୍ଟ୍ର ହିତ ଉଦ୍ଦେଶ୍ୟରେ କଲମ ଚାଳନା କରିବାକୁ ପଡ଼ିବ। ତେବେ ଯାଇ ସେ ଶୀର୍ଷ ସ୍ଥାନକୁ ଯାଇପାରିବ।

ଭୁବନେଶ୍ୱର, ମୋ: ୯୭୭୭୭୪୦୭୧

# ପଦ୍ମପୁର: ପଦ୍ମସମ୍ଭବଙ୍କ ଜନ୍ମସ୍ଥଳ

**ପ୍ରବୀର କୁମାର ପଟ୍ଟନାୟକ**

*ପୂର୍ବପ୍ରକାଶିତ ଉତ୍ତାରୁ...*

ନିକଟସ୍ଥ ଭିକମପାଲି ଗ୍ରାମରେ ଏକ ନୂତନ ପଦ୍ମାସିନୀ ମନ୍ଦିର ନିର୍ମାଣ କରାଯାଇଛି। ସେହିଭଳି ବୁଡ଼ି ଯାଇଥିବା ପଦ୍ମପୁରର ମୂଳ ପଦ୍ମାସିନୀ ଦେବୀ ନିକଟସ୍ଥ ପୂଜାରିପାଲି ଗ୍ରାମରେ ପୂଜା ପାଉଛନ୍ତି ନୂତନ ଭାବେ ନିର୍ମିତ ପୂଜା ସ୍ଥଳରେ। ଦକ୍ଷିଣ କୋଶଳରୁ ବଙ୍ଗୋପସାଗର ପର୍ଯ୍ୟନ୍ତ ସମସ୍ତ ମହାନଦୀ ଅବବାହିକା ଅଞ୍ଚଳରେ ପ୍ରାଚୀନ ବୌଦ୍ଧ କୀର୍ତ୍ତି ଓ ବୌଦ୍ଧ ସ୍ଥଳମାନ ବିଛାଇ ହୋଇ ରହିଛନ୍ତି। ଏହା ମଧ୍ୟରେ ପ୍ରାଚୀନ ଧ୍ୱଂସପ୍ରାପ୍ତ ବୌଦ୍ଧ ବିହାର, ମନ୍ଦିର, ଗୁମ୍ଫା, ବୌଦ୍ଧ ଅନୁଷ୍ଠାନ ସବୁ ବୌଦ୍ଧ ମୂର୍ତ୍ତିମାନ, ବୌଦ୍ଧ ଦେବଦେବୀ ମୂର୍ତ୍ତି ସବୁ ବହୁସଂଖ୍ୟାରେ ଦେଖାଯାଏ। କିଛିସ୍ଥଳରେ ଖନନ ହୋଇ ଉଦ୍ଧାର କରାଯାଇଛି; ମାତ୍ର ବହୁସ୍ଥଳରେ କୌଣସି ଖନନ ଅଥବା ସଠିକ ଅନୁସନ୍ଧାନ ଅଥବା ଅନ୍ୱେଷଣ ମଧ୍ୟ କରାଯାଇନାହିଁ।

ପଦ୍ମପୁର ଏବଂ ଏହାର ଚାରିପାଖର ଅନେକ ଗ୍ରାମର ନାମ ଏବେ ମଧ୍ୟ ଏ ଅଞ୍ଚଳର ପ୍ରାଚୀନ ବୌଦ୍ଧ ପରମ୍ପରାକୁ ସୂଚାଇ ଥାଏ। ବହୁ ଗ୍ରାମ ଓ ସ୍ଥଳମାନ ବୌଦ୍ଧ ନାମ ଧାରଣ କରିଥିବା ଜଣାଯାଏ। ବୌଦ୍ଧ ଭିକ୍ଷୁ ତଥା ବୌଦ୍ଧ ଦେବଦେବୀଙ୍କ ନାମ ମଧ୍ୟ। ଏ ଅଞ୍ଚଳ ବଜ୍ରଯାନର ଦୁର୍ଗଭଳି ପରିଣତ ହୋଇଥିଲା। ଗ୍ରାମଗୁଡ଼ଡ଼କ ଏହିଭଳି - ଭିକମପାଲି (ଭିକ୍ଷୁପାଲି), ଆମ୍ବପାଲି (ଆମ୍ରପାଲି), ଯୋଗୀଡିପ, ଯୋଗିନୀ, ମଚ୍ଛିଦା(ମତ୍ସ୍ୟେନ୍ଦ୍ରନାଥ), ମହାସିଂଘା, ପାଲସଦା, କନକତାରା, ଗୌତମଖୋଜ ଓ ବିକ୍ରମ ଖେଶଲ (ଏ ଦୁଇଟି ପାହାଡ଼), ବାସମପାଲି, କଣ୍ଟାପାଲି, କଦମଘାଟ, ଦେବଧାର, କୋଟଗଡ଼, ରୋହିଣୀ, କେସରଜିମା, ବସ୍ତି, ଅଟ୍ଟାବିରା, ରେମଣ୍ଡା, ସିଙ୍ଗାରପୁର(ସିଙ୍ଗଳ), ବିନ୍ଦୁପାଲି, ବୁଧେଲକାଣି, ସୁଖ ଡିହ।



ଦ୍ୱିତୀୟ-ବୁଦ୍ଧ କଥା

ପଦ୍ମପୁର ପାଖାପାଖି ଅଞ୍ଚଳରେ ଅନେକ ବୌଦ୍ଧ ଭିକ୍ଷୁମାନଙ୍କର ଗୁମ୍ଫା ରହିଛି। ସେଥିରୁ ଏ ଅଞ୍ଚଳରେ ଅନେକ ବୌଦ୍ଧ ଭିକ୍ଷୁ ବସବାସ କରୁଥିବା ଜଣା।ଯାଉଛି। ଗୁଜା ପାହାଡ଼ରେ ଅନେକଗୁଡ଼ିଏ ଗୁମ୍ଫା ରହିଛି ଏବଂ ଏହା ମଧ୍ୟ ହୀରାକୁଦ ଜଳଭଣ୍ଡାର ବୁଡ଼ି ଅଞ୍ଚଳ ମଧ୍ୟରେ। ମାତ୍ର ଏହାକୁ ପୋତାଯାଇ ରାସ୍ତା କରାଯାଇଛି ଏବଂ ସେହି ପାହାଡ଼ ପାଦଦେଶରେ ଏକ ଭ୍ରମଣସ୍ଥଳ ସୃଷ୍ଟି ରାଯାଇଛି। ସେହି ରମ୍ଭାଲୁଗାଠାରେ ମଧ୍ୟ ଏକ ଭ୍ରମଣକେନ୍ଦ୍ର ସୃଷ୍ଟି କରାଯାଇଛି ଏବଂ ସେଠାରେ ପଦ୍ମସମ୍ଭବଙ୍କର ଏକ ବୃହତ୍ତ ବ୍ରୋଞ୍ଜ ମୂର୍ତ୍ତି ସ୍ଥାପନ କରାଯିବାର ଯୋଜନା ରହିଛି।

ସେହିଭଳି ଭିକମପାଲିଠାରେ ନିକଟରେ ଗୁରୁପଦ୍ମସମ୍ଭବଙ୍କ ଆବିର୍ଭାବ ଦିବସରେ ଉତ୍ସବ ପାଳନ ଅବସରରେ ସେଠାରେ ମାର୍ବଲ ନିର୍ମିତ ମୂର୍ତ୍ତି, ଭଗବାନ ବୁଦ୍ଧ ଓ ଶ୍ରୀଜଗନ୍ନାଥଙ୍କ ପ୍ରସ୍ତର ମୂର୍ତ୍ତିମାନ ବୌଦ୍ଧ ନୀତିନିୟମ ମୁତାବକ ସ୍ଥାପନ କରାଯାଇଛି ଏବଂ ପ୍ରତିଷ୍ଠା ଉତ୍ସବ ମଧ୍ୟ କରାଯାଇଛି।ନିକଟସ୍ଥ ପଲସଦା ଗ୍ରାମରେ ଏକ ବୌଦ୍ଧସ୍ତୂପ ଥିବାର ଜଣାଯାଇଛି।

ପଦ୍ମପୁର ପଦ୍ମସମ୍ଭବଙ୍କର ଜନ୍ମସ୍ଥାନ। ସ୍ଥାନୀୟ ପରମ୍ପରା ମୁତାବକ ଆଠବର୍ଷ ବୟସରେ ସେ କୌଣସିପରିସ୍ଥିତିରେ ଘର ଛାଡ଼ି ମହାନଦୀ କୂଳେ ତଳକୁ ସମ୍ବଲ ରାଜପ୍ରସାଦ ଆଡ଼କୁ ଯାହାକି ତାଙ୍କ ଗ୍ରାମଠାରୁ ବହୁ ଦୂରବର୍ତ୍ତୀ ଅଞ୍ଚଳ ନୁହେଁ, ଚାଲିଯାଇଥିଲେ। ସେଠାରେ ଧନକୋଷ ପୁଷ୍କରିଣୀ (ହ୍ରଦ କୁହାଯାଇଛି) ନିକଟରେ ଇନ୍ଦ୍ରଭୂତିଙ୍କ ମନ୍ତ୍ରୀ ତାଙ୍କୁ ଉଦ୍ଧାର କରିଥିଲେ। ପରେ ରାଜା ଆସି ତାଙ୍କୁ ରାଜପ୍ରସାଦକୁ ନେଇ ପରେ ପୋଷ୍ୟପୁତ୍ରଭାବେ ଗ୍ରହଣ କରିଥିଲେ। କୁହାଯାଏ ଧନକୋଷ ହ୍ରଦରେ ଅନେକ ପଦ୍ମଫୁଲ ସବୁବେଳେ ଫୁଟିଥାଏ, ଏବେ ମଧ୍ୟ ଫୁଟୁଛି। ପଦ୍ମଫୁଲ ହ୍ରଦ ପାଖରୁ ପାଇ ରାଜା ତାଙ୍କୁ ପଦ୍ମସମ୍ଭବ ନାମରେ ନାମିତ କରିଥିଲେ। ତାଙ୍କ ଜନ୍ମସ୍ଥଳ ଗ୍ରାମ ବା ନଗର / ସହରକୁ ମଧ୍ୟ ତାଙ୍କ ନାମରେ ରାଜା ହିଁ ପଦ୍ମପୁର ନାମରେ ନାମିତ କରି ତାଙ୍କ ସ୍ମୃତିରେ ସେଠାରେ ପଦ୍ମାସିନୀ ମନ୍ଦିର ନିର୍ମାଣ କରିଥିଲେ। ଏହି ପଦ୍ମପୁର ନଗର ସମକାଳରେ ଜନ୍ମ ମହାକବି ଭବଭୂତିଙ୍କର ମଧ୍ୟ ଜନ୍ମସ୍ଥାନ। ସେ ମଧ୍ୟ ପଦ୍ମସମ୍ଭବଙ୍କ ଭଳି ସେହିସ୍ଥାନରେ ଅଷ୍ଟମ ଶତାବ୍ଦୀରେ ଜନ୍ମଗ୍ରହଣ କରିଥିଲେ।(ସମାପ୍ତ)

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉକ୍ତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୂର୍ଣ୍ଣ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

● ପୀତବାସ ପଣ୍ଡା ହତ୍ୟା ମାମଲା

## ବିକ୍ରମଙ୍କ ରିମାଣ୍ଡ ରିକଲ୍ ପିଟିସନ ଖାରଜ

ବ୍ରହ୍ମପୁର, ୧୪।୧୧ (ସମିସ): ପୀତବାସ ପଣ୍ଡା ହତ୍ୟା ମାମଲାରେ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡାଙ୍କ ଗିରଫକୁ ବେନିୟମ ଓ ଆଇନଗତ ଅସଙ୍ଗତି ଥିବା ଦର୍ଶାଇ ଦାଖଲ ହୋଇଥିବା ରିମାଣ୍ଡ ରିକଲ ପିଟିସନକୁ କୋର୍ଟ ଶୁକ୍ରବାର ଖାରଜ କରିଛନ୍ତି। ବିକ୍ରମଙ୍କୁ ତାଙ୍କ ବାସଭବନରୁ ପୁଲିସ ରାତିଅଧିଆ ଉଠାଇନେଇ ଗିରଫ କରିଥିଲା। ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ ପ୍ରକାରେ ଯେକୌଣସି ବ୍ୟକ୍ତିଙ୍କୁ ଗିରଫ ବେଳେ ପୁଲିସ ପକ୍ଷରୁ ନିଆଯିବାକୁ ଥିବା ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇନାହିଁ। ଏଣୁ ଉକ୍ତ ଗିରଫଦାରୀ ଅସାମ୍ବିଧାନିକ ଓ ସମ୍ବିଧାନର ୨୧ ଓ ୨୨ ଧାରାର ଖିଲାପ କରୁଥିବା ଦର୍ଶାଇ ବିକ୍ରମଙ୍କ ରିମାଣ୍ଡ ରିକଲ ବା ସର୍ତ୍ତମୂଳକ ଭାବେ ଖଲାସ କରିବାକୁ ତାଙ୍କ ଓକିଲ ତଥା ବରିଷ୍ଠ ଆଇନଜୀବୀ କୁମାରକାନ୍ତ ବେହେରା ଓ ଦୀପକ ପଟ୍ଟନାୟକଙ୍କ ପକ୍ଷରୁ ୪ଟି ପୃଥକ୍ ପିଟିସନ୍ ଦାଖଲ ହୋଇଥିଲା। ସେହିଭଳି ପିଟିସନ୍ ଖାରଜ ପାଇଁ ସରକାରଙ୍କ ପକ୍ଷରୁ ମଧ୍ୟ ଅନୁରୂପ ଭାବେ ଯୁକ୍ତି ଦର୍ଶାଯାଇଥିଲା। ସମସ୍ତ ପିଟିସନ୍‌ର ଶୁଣାଣି କରି ଶେଷରେ ଶୁକ୍ରବାର ଅପରାହ୍ଣରେ ଏସ୍‌ଡିଜେଏମ୍ ବିକ୍ରମ ପଣ୍ଡାଙ୍କ ସର୍ତ୍ତମୂଳକ ଖଲାସ ଆବେଦନକୁ ଖାରଜ କରିଥିବା ସୂଚନା ଦେଇଛନ୍ତି ପିପି ବିଶ୍ୱଜିତ ବରାଳ।

# ଡକାୟତି ଯୋଜନା ପଣ୍ଡ; ୭ ଗିରଫ

### ଖଣ୍ଡା, ଛୁରୀ, ୩ ବାଇକ୍ ସହ ୨ ଲକ୍ଷ ୨୫ ହଜାର ଟଙ୍କା ଜବତ

ଜଗତସିଂହପୁର, ୧୪।୧୧(ସମିସ): ଜଗତସିଂହପୁର ଜିଲ୍ଲା ବିରିଡି ଥାନା ସଢ଼େଇକଣର କୋକି ପଡ଼ିଆ ଜଙ୍ଗଲ ନିକଟସ୍ଥ ଶଙ୍କରପୁରରେ ଡକାୟତି ପାଇଁ ଯୋଜନା କରୁଥିବା ଡକାୟତ ଗ୍ୟାଙ୍ଗର ୭ ଜଣଙ୍କୁ ପୁଲିସ ଗିରଫ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ, କଟକ ଜିଲ୍ଲା କିଶନନଗର ଥାନାର ମୋହନ ମଲ୍ଲିକ, କୃଷ୍ଣକେଶବ ବେହେରା, ଜଗତସିଂହପୁର ସଦର ଥାନାର ସୁବାଶିଷ ଜେନା, ବିରିଡ଼ି ଥାନା ଅଞ୍ଚଳର ଜେନାମଣି ସୂର୍ଯ୍ୟମାଧବ କେଶରୀ ବଳବନ୍ତରାୟ, କଟକ ଜିଲ୍ଲା କିଶନନଗର ଥାନା ଅଞ୍ଚଳର ହେମନ୍ତ ସେଠୀ, ସୁଜିତ ସାହୁ ଓ ବିଶ୍ୱଜିତ୍ ଦାସ। ଏମାନଙ୍କ ନିକଟରୁ ୩ଟି ବାଇକ୍, ଗୋଟିଏ ଖଣ୍ଡା, ଗୋଟିଏ ଛୁରୀ, ୭ଟି ମୋବାଇଲ, ଗୋଟିଏ ଲଙ୍କାଗୁଣ୍ଡ ପ୍ୟାକେଟ୍ ଓ ନଗଦ ୨ ଲକ୍ଷ ୨୫ ହଜାର ୬୦୦ ଟଙ୍କା ଜବତ କରାଯାଇଥିବା ଜଗତସିଂହପୁର ସଦର ଏସ୍‌ଡିପିଓ ଆଜିଙ୍କ୍ୟା ବାବୁରାଓ ମାନେ ସୂଚନା ଦେଇଛନ୍ତି। ଏହି ଡକାୟତ ଗ୍ୟାଙ୍ଗ୍ ବିରିଡ଼ି ଥାନା ସଢ଼େଇକଣର କୋକିପଡ଼ିଆସ୍ଥିତ



ଜଙ୍ଗଲରେ ଏକତ୍ରିତ ହୋଇଥିବା ପୁଲିସକୁ ସୂଚନା ମିଳିଥିଲା। ଏହାକୁ ଆଧାର କରି ପୁଲିସର ଏକ ସ୍ୱତନ୍ତ୍ର ଟିମ୍ ବିରିଡ଼ି ପୁଲିସର ସହାୟତାରେ ସେଠାରେ ଚଢ଼ଉ କରିଥିଲା। ସମସ୍ତ ୭ଜଣଙ୍କୁ ଆଜି କୋର୍ଟ ଚାଲାଣ କରାଯାଇଥିବା ଏସ୍‌ଡିପିଓ ଶ୍ରୀ ମାନେ ସୂଚନା ଦେଇଛନ୍ତି।

■ ସାହିତ୍ୟ ଅକାଦେମୀ ବାଲ୍ ସାହିତ୍ୟ ପୁରସ୍କାର

# ଓଡ଼ିଆ ଭାଷା ପାଇଁ ରାଜକିଶୋର ପାଢ଼ୀ ପୁରସ୍କୃତ

ଭୁବନେଶ୍ୱର,୧୪।୧୧(ସମିସ):ସାହିତ୍ୟ ଅକାଦେମୀ ପକ୍ଷରୁ 'ବାଲ ସାହିତ୍ୟ ପୁରସ୍କାର-୨୦୨୫' ପ୍ରଦାନ ସମାରୋହ ଅନୁଷ୍ଠିତ ହୋଇଯାଇଛି। ଶୁକ୍ରବାର ନୂଆଦିଲ୍ଲୀର ତ୍ରିବେଣୀ କଳା ସଙ୍ଗମରେ ଆୟୋଜିତ ଏକ ଭବ୍ୟ ସମାରୋହରେ ୨୪ଟି ଭାରତୀୟ ଭାଷାରେ ବାଲ୍ୟ ସାହିତ୍ୟକାରଙ୍କୁ ପୁରସ୍କୃତ କରାଯାଇଛି। ସେଥିମଧ୍ୟରେ ଓଡ଼ିଆ ଭାଷାରେ କବିତା 'କେତେ ଫୁଲ ଫୁଟିଚି' ପାଇଁ ରାଜକିଶୋର ପାଢ଼ୀଙ୍କୁ ବାଲ୍ ସାହିତ୍ୟ ପୁରସ୍କାର-୨୦୨୫ ପ୍ରଦାନ କରାଯାଇଛି। ସମ୍ମାନ ସ୍ୱରୂପ ପୁରସ୍କୃତ ବାଲ ସାହିତ୍ୟକାରମାନଙ୍କୁ ତାମ୍ରଫଳକ ସମେତ ତଥା ୫୦ହଜାର ଟଙ୍କା ଲେଖାଏଁ ଅର୍ଥରାଶି ପ୍ରଦାନ କରାଯାଇଛି। ସମାରୋହରେ ମୁଖ୍ୟ ଅତିଥି ଭାବେ ବିଖ୍ୟାତ ଗୁଜରାଟୀ ଲେଖିକା ବର୍ଷା ଦାସ ଯୋଗଦେଇ କହିଛନ୍ତି ଯେ, ବାଲ୍ ସାହିତ୍ୟ ଆମକୁ ବିବିଧତାରେ ଏକତାର ଅନନ୍ୟ ସନ୍ଦେଶ ଦେଇଥାଏ। ତେଣୁ ଏହାର ଲେଖନ ଆମ ସମାଜ ପାଇଁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଏବଂ ପିଲାଙ୍କୁ ବାଲ୍ ସାହିତ୍ୟ ନିରନ୍ତର ମିଳୁଥିବା ପାଇଁ ସର୍ବଦା



୨୪ ଭାରତୀୟ ଭାଷାର ବାଲ୍ ସାହିତ୍ୟକାର ପୁରସ୍କୃତ

ଚେଷ୍ଟା କରିବା ଉଚିତ୍। ସେହିପରି ସେ ଗୁଜରାଟୀର ବିଖ୍ୟାତ ବାଲ୍ ସାହିତ୍ୟକାର ଗିଜୁ ଭାଇ ବଧେକାଙ୍କ ଲେଖନୀର ଅନେକ ଉଦାହରଣ ଦେଇ କହିଛନ୍ତି ଯେ ପିଲାମାନେ ବାଲ୍ ସାହିତ୍ୟ ପଢ଼ାରେ ରୁଚି ନେଉଥିବା ସହ ସେମାନଙ୍କ ଆତ୍ମବିଶ୍ୱାସ ମଧ୍ୟ ବଢ଼ିଥାଏ। ସେ ସାହିତ୍ୟ ଆକାଦେମୀ ଦ୍ୱାରା ବିଭିନ୍ନ ଭାରତୀୟ ଭାଷାରେ ବାଲ୍ ସାହିତ୍ୟର ଅନୁବାଦକୁ ଅତି ଆବଶ୍ୟକ ମାନି ଏହାକୁ ନିରନ୍ତର ବଜାୟ ରଖିବାର ପରାମର୍ଶ ଦେଇଛନ୍ତି। ସାହିତ୍ୟ ଆକାଦେମୀର ଅଧ୍ୟକ୍ଷ ମାଧବ କୌଶିକ କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରି କହିଛନ୍ତି, ପିଲାଙ୍କୁ ବାଲ୍ୟାବସ୍ଥାରୁ ଯଦି ଭଲ ବାଲ୍ ସାହିତ୍ୟ ପଢ଼ିବାକୁ ମିଳେ ତେବେ ସେମାନେ ବିଭିନ୍ନ ପ୍ରକାରର ଆତଙ୍କବାଦୀ କାର୍ଯ୍ୟକଳାପରୁ ଦୂରରେ ରହିବେ। ଏଥିରେ ଅନ୍ୟଅତିଥିଙ୍କ ମଧ୍ୟରେ ସଂସ୍କୃତି ମନ୍ତ୍ରଣାଳୟର ଉପସଚିବ ଅମିତା ପ୍ରସାଦ ସରଭାଇ, ଅକାଦେମୀର ସଚିବ ପଲ୍ଲବୀ ପ୍ରଶାନ୍ତ ହୋଲକର, ଅକାଦେମୀର ଉପାଧ୍ୟକ୍ଷା କୁମୁଦ ଶର୍ମା ପ୍ରମୁଖ ଉପସ୍ଥିତ ରହି ବାଲ୍ ଲେଖକ କୌତୂହଳ, ଉତ୍କଣ୍ଠା ଓ ଜିଜ୍ଞାସାର ଭୂମିରେ ନିଜ କଲମରେ ଯାହା ସୃଷ୍ଟି କରନ୍ତି, ତାହା ନିଶ୍ଚୟ ପିଲାଙ୍କ ପାଇଁ ପ୍ରଭାବଶାଳୀ ହୋଇଥାଏ ବୋଲି ମତବ୍ୟକ୍ତ କରିଛନ୍ତି। ଆସନ୍ତା କାଲି ଅଧ୍ୟକ୍ଷତା ସାହିତ୍ୟ ଆକାଦେମୀର ଉପାଧ୍ୟକ୍ଷା କୁମୁଦ ଶର୍ମାଙ୍କ ଅଧ୍ୟକ୍ଷତାରେ ସାହିତ୍ୟ ଏକାଡେମୀ ଅଡିଟୋରିୟମ୍, ପ୍ରଥମ ମହଲାରେ ଆୟୋଜିତ ହେବାକୁ ଥିବା 'ଲେଖକ ସମ୍ମିଳନୀ'ରେ ପୁରସ୍କୃତ ବାଲ୍ ସାହିତ୍ୟକାରମାନେ ନିଜ ରଚନାତ୍ମକ ଅନୁଭବ ପ୍ରଦାନ କରିବେ।

# ଏମ୍ସରେ କଣ୍ଠଶିଳ୍ପୀ ହ୍ୟୁମାନ୍‌ସାଗର

### ଲିଭର ଓ କିଡ୍‌ନୀ ଜନିତ ରୋଗରେ ଆକ୍ରାନ୍ତ

ଭୁବନେଶ୍ୱର,୧୪।୧୧(ସମିସ): ଓଡିଆ ସଂଗୀତ ଜଗତର ଲୋକପ୍ରିୟ କଣ୍ଠଶିଳ୍ପୀ ହ୍ୟୁମାନ ସାଗରଙ୍କୁ ଗୁରୁତର ଅବସ୍ଥାରେ ଭୁବନେଶ୍ୱର ଏମସ୍‌ରେ ଭର୍ତ୍ତି କରାଯାଇଛି। କିଡନୀ ଓ ଲିଭର୍ ଜନିତ ସମସ୍ୟା ଯୋଗୁଁ ସେ ଏକ ଘରୋଇ ହସ୍ପିଟାଲରେ ଚିକିତ୍ସିତ ହେଉଥିବା ବେଳେ ଶୁକ୍ରବାର ତାଙ୍କୁ ଏମ୍‌ସକୁ ସ୍ଥାନାନ୍ତର କରାଯାଇଛି। ସୂଚନା ଅନୁସାରେ ବର୍ତ୍ତମାନ ହ୍ୟୁମାନସାଗର ଭେଣ୍ଟିଲେଟରରେ ରହି



ଚିକିତ୍ସିତ ହେଉଛନ୍ତି। ତାଙ୍କର ମଲ୍‌ଟି ଅରଗାନ୍ ଡିସଫଙ୍କସନାଲ ରହିଛି ବା ଶରୀରର ଅଧିକାଂଶ ଅଙ୍ଗ କାମ କରୁନାହିଁ। ବ୍ରେନରେ ସମସ୍ୟା ରହିବା ସହ ରେସପାରେଟୋରୀ ନିମୋନିଆ, ଲିଭର ଡିଜିଜ୍ ସାଙ୍ଗକୁ ସୋଡିୟମ ପରିମାଣ ମଧ୍ୟ କମିଥିବା ଜଣାପଡ଼ିଛି। ସେହିପରି କ୍ରିନୀରେ ସମସ୍ୟା ଥିବା ସହ ନିମୋନିଆ ଯୋଗୁଁ ଅବସ୍ଥା ଅଧିକ ଗୁରୁତର ହୋଇପଡ଼ିଛି। ଏପଟେ ରକ୍ତଚାପ ମଧ୍ୟ ସ୍ଥିର ହେଉନଥିବାରୁ ତାଙ୍କୁ ଔଷଧ ଦିଆଯାଉଛି। ବର୍ତ୍ତମାନ ତାଙ୍କ ଅବସ୍ଥା ଗୁରୁତର ଥିବା ଏମସ୍ ପକ୍ଷରୁ କୁହାଯାଇଛି। ତେବେ ୨୦୨୪ରୁ ସେ ଅସୁସ୍ଥ ରହିଥିବା ଜଣାପଡ଼ିଛି।

ସେହିପରି ଓଲିଉଡର ଆଗଧାଡ଼ିର ସଙ୍ଗୀତ ନିର୍ଦ୍ଦେଶକ ତଥା କଣ୍ଠଶିଳ୍ପୀ ଅଭିଜିତ ମଜୁମଦାର ମଧ୍ୟ ସେପ୍ଟେମ୍ବର ୪ ତାରିଖରୁ ଏମ୍‌ସରେ ଚିକିତ୍ସିତ ହେଉଛନ୍ତି। ପୂର୍ବରୁ ସେ ଭେଣ୍ଟିଲେଟରରେ ଥିବା ବେଳେ ବର୍ତ୍ତମାନ ସେ ୱାର୍ଡକୁ ସ୍ଥାନାନ୍ତର ହୋଇଛନ୍ତି। ତାଙ୍କ ସ୍ୱାସ୍ଥ୍ୟବସ୍ଥାରେ କୌଣସି ସୁଧାର ଆସିନଥିବା ଜଣାପଡ଼ିଛି।

■ ପୀତବାସ ହତ୍ୟାକାଣ୍ଡ ମାମଲା

## ଶନିବାର ଟିଆଇ ପରେଡ୍‌ରେ ସାମିଲ ହେବେ ୮ ଗିରଫ ଅଭିଯୁକ୍ତ

ବ୍ରହ୍ମପୁର, ୧୪।୧୧ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ ୧୬ ଜଣ ଅଭିଯୁକ୍ତଙ୍କ ମଧ୍ୟରୁ ୮ ଜଣଙ୍କର ଟିଆଇ ପରେଡ ହେବ। ପରେଡରେ ସାମିଲ ହେବାକୁ ଥିବା ଅଭିଯୁକ୍ତମାନେ ହେଲେ, କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ, ଯୋଗେନ୍ଦ୍ର ରାଉତ, ଉମା ବିଷୋୟୀ, ଶିଶୁପାଳ ପାଶ୍ୱାନ, କୁନ୍ଦନ କୁମାର, ସିମାଞ୍ଚଳ ନାୟକ ଓ ବିପିନ ସ୍ୱାଇଁ। ମାମଲାର ତଦନ୍ତ ଅଧିକାରୀ ପ୍ରିୟସ ରଞ୍ଜନ ଛୋଟରାୟ ଏଥିପାଇଁ କରିଥିବା ଆବେଦନକୁ ଏସଡିଜେଏମ୍ କୋ ଅନୁମତି ଦେଇଛନ୍ତି। ତଦନୁଯାୟୀ, ଆସନ୍ତା ଶନିବାର ବ୍ରହ୍ମପୁର ମଣ୍ଡଳ କାରାଗାରରେ ଅଭିଯୁକ୍ତଙ୍କର ଟିଆଇ ପରେଡ ହେବ। ତେବେ ପୁଲିସ ଏହି ମାମଲାରେ କାହାକୁ ପ୍ରତ୍ୟକ୍ଷଦର୍ଶୀ ରଖିଛି, ତାହା ସ୍ପଷ୍ଟ ହୋଇନାହିଁ। ଶନିବାର ଜେଲରେ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ସାକ୍ଷୀମାନେ ଓ ଅନ୍ୟ ଅଧିକାରୀଙ୍କ ଗହଣରେ ଅଭିଯୁକ୍ତଙ୍କୁ ଚିହ୍ନଟ କରିବେ। ସାକ୍ଷୀ ଭାବେ ପୁଲିସ ଆକାଶ ବିଶୋୟୀ, ଏନ୍. କିରଣ କୁମାରଙ୍କ ସମେତ ଏକାଧିକ ବ୍ୟକ୍ତିଙ୍କୁ ସାମିଲ କରିଥିବା ସୂଚନା ମିଳିଛି। ତେବେ ଟିଆଇ ପରେଡ ପୂର୍ବରୁ ବିଭିନ୍ନ ଗଣମାଧ୍ୟମରେ, ଏପରିକି ଅଭିଯୁକ୍ତଙ୍କୁ କୋର୍ଟଚାଲାଣ ବେଳେ ସେମାନଙ୍କ ମୁହଁ ଖୋଲା ଚିତ୍ରକୁ ସାକ୍ଷୀମାନେ ଦେଖିଥିବାରୁ ଟିଆଇ ପରେଡରେ ଅପରାଧୀ ଚିହ୍ନଟ ପ୍ରକ୍ରିୟା ପ୍ରଭାବିତ ହେବା ଆଶଙ୍କା ଥିବା ଆଲୋଚନା ହେଉଛି।

## ନୂଆପଡ଼ା ଉପନିର୍ବାଚନ | ଜୟଙ୍କ ବାଜିମାତ୍

ବିଜୟ ବ୍ୟବଧାନ ୮୩ହଜାର ୨୦୪
ଜୟ ପାଇଲେ ୧ଲକ୍ଷ ୨୩ହଜାର ୨୪୩
ବିଜେଡିକୁ ମିଳିଲା ୩୮ ହଜାର ୨୫୬
ନୋଟାକୁ ଗଲା ୧୯ ୯୫

ନୂଆପଡ଼ା, ୧୪।୧୧ (ସମିସ): ବହୁପ୍ରତୀକ୍ଷିତ ନୂଆପଡ଼ା ବିଧାନସଭା ଉପନିର୍ବାଚନର ସବୁ ଗଣିତ ପଦାକୁ ଆସିଛି। ତିନି ପ୍ରମୁଖ ରାଜନୈତିକ ଦଳ ମଧ୍ୟରେ ଲଢ଼େଇ ହୋଇଥିବା ବେଳେ ବିଜେପିର ଜୟ ଢୋଲକିଆ ବାଜି ମାରିନେଇଛନ୍ତି। ନିକଟତମ ପ୍ରତିଦ୍ୱନ୍ଦ୍ୱୀ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀଙ୍କଠାରୁ ୮୩ହଜାର ୨୦୪ ଭୋଟ୍ ଆଗରେ ରହି ସେ ବିଜୟ ତିଳକ ପିନ୍ଧିଛନ୍ତି। ତାଙ୍କୁ ୧ଲକ୍ଷ ୨୩ହଜାର ୨୪୩ ଖଣ୍ଡ ଭୋଟ୍ ମିଳିଥିବା ବେଳେ ଘାସିରାମ ୪୦ ହଜାର ୩୯ ଖଣ୍ଡ ଭୋଟ୍ ପାଇଛନ୍ତି। ତୃତୀୟ ସ୍ଥାନରେ ବିଜେଡିର ସ୍ନେହାଙ୍ଗିନୀ ଛୁରିଆ ୩୮ ହଜାର ୨୫୬ ଭୋଟ୍ ପାଇଛନ୍ତି। ସେହିପରି, ଏହି ନିର୍ବାଚନରେ ପ୍ରଥମଥର ପାଇଁ ଏଠିକାର ଭୋଟର୍ ରାଜନୈତିକ ଦଳଗୁଡ଼ିକ ମଧ୍ୟରେ ଥିବା ଦଳବଦଳ ରାଜନୀତିକୁ ଅତି ନିକଟରୁ ଦେଖିବା ସହ ମଦ, ମାଂସ ଓ ଟଙ୍କା କାରବାରକୁ ଏତେମାତ୍ରାରେ ଦେଖି ପ୍ରାର୍ଥୀ ତଥା ଦଳ ଉପରୁ ମୁହଁ ମୋଡ଼ିଥିବା ନୋଟା ଭୋଟ୍‌ରୁ ସ୍ପଷ୍ଟ ହୋଇଛି। ନୋଟାକୁ ସର୍ବାଧିକ ୧୯ ୯୫ଖଣ୍ଡ ଭୋଟ ପଡିଥିବା ଚର୍ଚ୍ଚାର ବିଷୟ ହୋଇଛି।

### ■ ବିଜେପି ଅଫିସରେ ଜୟଙ୍କୁ ସମ୍ବର୍ଦ୍ଧନା

ଗଣତି କାର୍ଯ୍ୟକ୍ରମକୁ ଉପଭୋଗ କରିବାକୁ ବିଜେପିର ପ୍ରମୁଖ ନେତାଗଣ ନୂଆପଡ଼ାରେ ଡେରା ପକାଇ ରହିଥିଲେ। ଗଣତି କାର୍ଯ୍ୟ ଶେଷ ନ ହେଉଣୁ ଜୟଙ୍କ ନିଜର ସହର ଖରିଆରରୋଡ୍ ବସ୍ତିରେ ହୋଲିର ମାହୋଲ ହୋଇଥିଲା। ସ୍ୱତନ୍ତ୍ର ଗାଡ଼ିରେ ସବାର ହୋଇ ଜୟ ନୂଆପଡ଼ା ଅଭିମୁଖେ ଆସିଥିଲେ। ଗଣତି କେନ୍ଦ୍ରରେ ଜିଲ୍ଲାପାଳଙ୍କଠାରୁ ସାର୍ଟିଫିକେଟ୍ ହାସଲ କରିବାପରେ ଜିଲ୍ଲା ବିଜେପି କାର୍ଯ୍ୟାଳୟରେ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ଜିଲ୍ଲା ସଭାପତି କମଳେଶ ଦୀକ୍ଷିତଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମତ୍ସ୍ୟ ଓ ପ୍ରାଣୀ ପାଳନ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ପ୍ରସନ୍ନ କୁମାର ପାଢ଼ୀ, ଯଦୁମଣି ପାଣିଗ୍ରାହୀ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ଜୟ ଢ଼ୋଲକିଆଙ୍କୁ ବିଜେପିର ଶତାଧିକ କର୍ମକର୍ତ୍ତା ଫୁଲମାଳ ଦେଇ ସମ୍ବର୍ଦ୍ଧନା ଦେଇଥିଲେ। ହେଲେ କୁଆଡ଼େ ବେଶୀ ଭୋଟରେ ବିଜୟୀ ହୋଇଥିଲେ ବୋଲି କିଛି ବରିଷ୍ଠ ନେତାଙ୍କୁ ହଜମ ହୋଇ ନଥିଲା। ତେଣୁ ନେତାମାନେ କୁଆଡ଼େ ଲୁଚି ଯାଇଥିବା ଚର୍ଚ୍ଚାର ବିଷୟ ହୋଇଛି। ଏପରିକି, ଷ୍ଟେଜରେ ଜିଲ୍ଲା ସଭାପତିଙ୍କ ସହ କିଛି ନେତାଙ୍କ ମନୋମାଳିନ୍ୟ ହୋଇଥିବା ମଧ୍ୟ ଚର୍ଚ୍ଚାରେ ରହିଛି।

### ■ ବସନ୍ତଙ୍କ ଘରକୁ ଗଲେ ଜୟ

ବିଜେପିରେ ଯୋଗଦେବା ପରେ ଜୟ ଢୋଲକିଆ ପ୍ରଥମେ କଳାହାଣ୍ଡି ପୂର୍ବତନ ସାଂସଦ ବସନ୍ତ ପଣ୍ଡାଙ୍କ ଘରକୁ ଯାଇଥିଲେ। ବିଜୟ ପରେ ମଧ୍ୟ ନୂଆପଡ଼ାରେ ପ୍ରବେଶ କରି ପ୍ରଥମେ ବସନ୍ତ ପଣ୍ଡାଙ୍କ ଘରକୁ ଯାଇ ଦଣ୍ଡବତ ହୋଇଥିଲେ।

### ■ ଖରିଆରରୋଡ୍ ଓ ନୂଆପଡ଼ାରେ ବିଜୟ ଉତ୍ସବ

ବିଜୟ ଲାଭ କରିବା ପରେ ଜୟ ଆଜି ସଂଧ୍ୟାରେ ଖରିଆରରୋଡ୍‌ସ୍ଥିତ ନିଜ ବାସଭବନରୁ ବାହାରି ନୂଆପଡ଼ା ଅଭିମୁଖେ ଆସିଥିଲେ। ବାଟରେ ଏକତା ଛକରେ ସ୍ୱର୍ଗୀୟ ମନ୍ତ୍ରୀ ଘାସିରାମ ମାଝୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ପରେ ସାରା ସହର ପରିକ୍ରମା କରିଥିଲେ। ପୂରା ସହର ଆଲୋକମାଳାରେ ଝଲସିବା ସହ ବାଣଫୁଟାରେ ଦୁଲୁକିଥିଲା।

### ■ ଟଙ୍କା, ମଦ-ମାଂସର ବିଜୟ ହୋଇଛି: ଘାସିରାମ

ଏହି ଉପନିର୍ବାଚନ ମଦ, ମାଂସ ଏବଂ ଟଙ୍କାର ରାଜନୀତି ଥିଲା। ନିର୍ବାଚନ ମଣ୍ଡଳୀର ନିରୀହ, ସରଳ ଜନତାଙ୍କୁ କିଣାବିକା ରାଜନୀତି କରି ବିଜେପି ହାତେଇଛି ବୋଲି ପରାଜିତ କଂଗ୍ରେସ ବିଧାୟକ ପ୍ରାର୍ଥୀ ଘାସିରାମ ମାଝୀ ତାଙ୍କର ପ୍ରତିକ୍ରିୟାରେ କହିଛନ୍ତି। ସେ ମଧ୍ୟ ଠିକ ଭାବରେ ଲଢ଼ିଥିଲେ। ହେଲେ କଂଗ୍ରେସ ତରଫରୁ ଠିକ ଭାବରେ ସହାୟତା ମିଳି ନଥିଲା ବୋଲି ହାରିଗଲେ। ହେଲେ ଜନତା ଜନାର୍ଦ୍ଦନଙ୍କ ଏଭଳି ସମର୍ଥନକୁ ସେ ଗ୍ରହଣ କରିଥିବା କହିଛନ୍ତି।

### ■ ବିଜେପି ଶତପ୍ରତିଶତ ଇଭିଏମ୍ ଟାମ୍ପରିଂ କରିଛି: ଅବନୀ ରଞ୍ଜନ

ବିଜେପି ଶତପ୍ରତିଶତ ଇଭିଏମ୍ ଟାମ୍ପରିଂ କରିଛି। ବିଜେପି ଲଢ଼େଇ ଆରମ୍ଭରୁ ହିଁ କଂଗ୍ରେସ ସହ ଲଢ଼େଇ ବୋଲି କହିଆସିଥିଲା। ନିର୍ବାଚନ ଆରମ୍ଭ ହେବାର ୪୮ ଘଣ୍ଟା ପୂର୍ବରୁ ନିରବ ଅବଧି (ସାଇଲେଣ୍ଟ ପିରିୟଡ୍) ଭାବେ ବିବେଚନା କରାଯାଇଥାଏ। ବିଜେଡି ଶାସନ କାଳରେ କୌଣସି ଦଳୀୟ କର୍ମକର୍ତ୍ତା, ନେତା ନିର୍ବାଚନମଣ୍ଡଳୀ ଭିତରେ ରହିବାର ନିୟମକୁ କଡ଼ାକଡ଼ି ପାଳନ କରୁଥିଲା। ହେଲେ ବର୍ତ୍ତମାନ ବିଜେପି ସବୁ ନିୟମକୁ ନିଜେ ଉଲ୍ଲଂଘନ କରି ଭୋଟକୁ ନିଜ ଅକ୍ତିଆରକୁ ନେଇଥିଲା। ପ୍ରାର୍ଥୀ ଚୋରିଠାରୁ ଆରମ୍ଭ କରି ଶେଷରେ ଭୋଟ ଚୋରି କଲା। ଏହା ଶାସକ ଦଳର ଅସାଧୁ ବିଜୟ ବୋଲି ଜିଲ୍ଲା ବିଜେଡି ସଭାପତି ଅବନୀ ରଞ୍ଜନ ଯୋଶୀ ନିଜ ପ୍ରତିକ୍ରିୟାରେ କହିଛନ୍ତି।

# ବିରୋଧୀଙ୍କ ଟାର୍ଗେଟରେ ନିର୍ବାଚନ କମିସନ

ନୂଆଦିଲ୍ଲୀ, ୧୪।୧୧: ବିହାର ନିର୍ବାଚନର ଅପ୍ରତ୍ୟାଶିତ ଫଳାଫଳ ରାଜନୈତିକ ପଣ୍ଡିତମାନଙ୍କୁ ବି ବିସ୍ମିତ କରିଛି। କ୍ଷମତାସୀନ ଏନ୍‌ଡିଏ ଜିତିବ ବୋଲି ପ୍ରାୟ ସମସ୍ତ ଏକଜିଟ୍ ପୋଲ୍ ସଂସ୍ଥା ଆକଳନ କରିଥିଲେ ମଧ୍ୟ ମେଣ୍ଟର ଏପରି ସୁନାମୀ ଆସିବ ବୋଲି କେହି କଳ୍ପନା କରିନଥିଲେ। ଏପରିକି ଏନଡିଏ ନେତାମାନେ ମଧ୍ୟ ଭାବିନଥିଲେ ଏଭଳି ସଫଳତା ପାଇବେ। ଏନଡିଏ ନେତାମାନେ ନିଜେ ନିର୍ବାଚନ ପୂର୍ବରୁ କହୁଥିଲେ ଯେ ସେମାନଙ୍କୁ ୧୬୦ ପର୍ଯ୍ୟନ୍ତ ଆସନ ମିଳିବ। କିନ୍ତୁ ଏହି ସଂଖ୍ୟା ୨୦୦ ଅତିକ୍ରମ କରିବା ଘଟଣାକୁ ବିରୋଧୀମାନେ ସହଜରେ ଗ୍ରହଣ କରିପାରି ନାହାନ୍ତି। ପୂର୍ବ ନିର୍ବାଚନ ତୁଳନାରେ ମତଦାନ ହାର ଅଧିକ ରହିଲେ କ୍ଷମତା ପରିବର୍ତ୍ତନର ସୂଚନା ଦିଏ। କିନ୍ତୁ ଏଠାରେ ଓଲଟା ହେଲା କେମିତି ବୋଲି ସେମାନେ ପ୍ରଶ୍ନ କରିଛନ୍ତି। ଏଥର ବିହାରରେ ମତଦାନ ହାର ୯ ପ୍ରତିଶତରୁ ଅଧିକ ହେଲା ଏବଂ ଏଥିରେ ମହିଳାମାନେ ଅଧିକ ସଂଖ୍ୟାରେ ଯେଉଁଭଳି ଭୋଟ ଦେଲେ ସେଥିରେ ଉଭୟ ଏନଡିଏ ଏବଂ ମହାମେଣ୍ଟ ନିଜକୁ ବିଜୟୀ ହେବାର ଦାବି କରିଥିଲେ।

ତେବେ ଏଭଳି ଅପ୍ରତ୍ୟାଶିତ ନିର୍ବାଚନ ଫଳାଫଳ ପାଇଁ ବିରୋଧୀ ଦଳମାନେ ଭାରତର ନିର୍ବାଚନ କମିସନଙ୍କୁ ଦାୟୀ କରିଛନ୍ତି। ସେମାନେ ଅଭିଯୋଗ କରିଛନ୍ତି ଯେ ଶାସକ ଦଳକୁ ସୁହାଇଲା ଭଳି କାମ କରିଥି।।ଲେ ନିର୍ବାଚନ କମିସନ। ତେଣୁ ନିର୍ବାଚନରେ ଏନଡିଏ ନୁହେଁ, ନିର୍ବାଚନ କମିସନ ବିଜୟୀ ହୋଇଛନ୍ତି। ତେଣୁ ମୁଖ୍ୟ ନିର୍ବାଚନ କମିସନର ଜ୍ଞାନେଶ କୁମାରଙ୍କୁ ଆମେ ଅଭିନନ୍ଦନ ଜଣାଉଛୁ ବୋଲି କହିଛନ୍ତି କଂଗ୍ରେସ ନେତା ତଥା ଦଳର ବିହାର ପ୍ରଭାରୀ ଭୂପେଶ ବାଘେଲ। ସେ କହିଛନ୍ତି ଯେ ଏନଡିଏକୁ ବିଜୟୀ କରାଇବା ଲାଗି ନିର୍ବାଚନ କମିସନ ପ୍ରମୁଖ ଭୂମିକା ଗ୍ରହଣ କରିଥିଲା। ଏସଆଇଆର ନାମରେ ୬୫ ଲକ୍ଷ ଭୋଟରଙ୍କ ନାମ କାଟିଦିଆଗଲା। ପୁଣି ୧୬ ଲକ୍ଷ ଲୋକ ଆବେଦନ କରିଥିବା ବେଳେ ୨୧ ଲକ୍ଷ ଲୋକଙ୍କୁ ଭୋଟର ତାଲିକାରେ ସାମିଲ କରାଯାଇଥିଲା। ଏହାକରି ନିର୍ବାଚନ କମିସନ ବିଜେପି ପାଇଁ ପଥ ପରିଷ୍କାର କରିଦେଇଥିଲେ ବୋଲି ସେ କହିଛନ୍ତି।

ସେହିଭଳି ସମାଜବାଦୀ ପାର୍ଟି ନେତା ଅଖିଳେଶ ଯାଦବ ମଧ୍ୟ ନିର୍ବାଚନ କମିସନଙ୍କର ସମାଲୋଚନା କରିଛନ୍ତି। ।ସେ କହିଛନ୍ତି ଯେ ଏନଡିଏକୁ ଜିତାଇବା ଲାଗି ନିର୍ବାଚନ କମିସନ୍ ଏସଆଇଆର୍ ଷଡ଼ଯନ୍ତ୍ର କରିଥିଲେ। ବିହାର।।ରେ କମିସନଙ୍କ ଏଭଳି ଖେଳ ଏନଡିଏ ପାଇଁ କାମଦେଲା। କିନ୍ତୁ ଅନ୍ୟ ରାଜ୍ୟରେ କମିସନଙ୍କ ଏସଆଇଆର ଷଡ଼ଯନ୍ତ୍ର କାମ ଦେବନାହିଁ। ଉତ୍ତର ପ୍ରଦେଶ, ପଶ୍ଚିମବଙ୍ଗ ସମେତ ଅନ୍ୟ ଯେଉଁ ରାଜ୍ୟରେ ଏସଆଇଆର୍ ଚାଲିଛି ସେଠାରେ କମିସନଙ୍କ ଖେଳ ଫେଲ୍ ମାରିବ। କାରଣ ବିହାର ଫଳାଫଳ କମିସନଙ୍କ ଅସଲ ଚେହେରାକୁ ପଦାରେ ପକାଇଦେଇଛି। କମିସନଙ୍କ ନିର୍ବାଚନ ଷଡ଼ଯନ୍ତ୍ର ଆଉ ଚାଲିବ ନାହିଁ ବୋଲି ସେ କହିଛନ୍ତି।

ଅନ୍ୟପକ୍ଷରେ ବିହାର ପରେ ଏବେ ପଶ୍ଚିମ ବଙ୍ଗର ପାଳି ବୋଲି ବିଜେପି ନେତାମାନେ ଦେଇଥିବା ମନ୍ତବ୍ୟ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି ମମତାଙ୍କ ତୃଣମୂଳ କଂଗ୍ରେସ। ଦଳ ପକ୍ଷରୁ କୁହାଯାଇଛି ଯେ ବିଜେପି ଦିବା ସ୍ୱପ୍ନ ଦେଖିବା ଛାଡ଼ିଦେଉ। ପଶ୍ଚିମ ବଙ୍ଗ ଲୋକ ବିଜେପିକୁ ଉଚିତ ଜବାବ ଦେବେ ବୋଲି ଦଳ ପକ୍ଷରୁ କୁହାଯାଇଛି। ଆସନ୍ତା ବର୍ଷ ରାଜ୍ୟରେ ବିଧାନସଭା ନିର୍ବାଚନ ହେବାକୁ ଯାଉଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବିହାରରେ 'ନୀମୋ'..

କରିଛି। ଗତ ନିର୍ବାଚନରେ ଦୁଇ ଅଙ୍କ ଛୁଇଁ ପାରି ନ ଥିବା ଲୋକଜନଶକ୍ତି ପାର୍ଟି ୨୮ ଟି ଆସନରେ ପ୍ରତିଦ୍ୱନ୍ଦ୍ୱିତା କରି ୨୧ଟି ଆସନରେ ବିଜୟୀ ହୋଇଛି।

କୌତୂହଳର ବିଷୟ ଯେ, ମହାଗଠବନ୍ଧନର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ତେଜସ୍ୱୀ ଯାଦବ ଅଳ୍ପକେ ବିଜୟୀ ହୋଇ ସମ୍ମାନ ରଖିବାରେ ସକ୍ଷମ ହୋଇଥିଲେ ହେଁ ତାଙ୍କ ଦଳ ଆର୍‌ଜେଡି ମାତ୍ର ୨୫ଟି ଆସନରେ ବିଜୟୀ ହୋଇଛି। ଅନ୍ୟପକ୍ଷରେ ମହାଗଠନବନ୍ଧନର ପ୍ରମୁଖ ସହଯୋଗୀ କଂଗ୍ରେସର ଆସନ ସଂଖ୍ୟା ୬ ମଧ୍ୟରେ ସୀମିତ ରହିଛି। ଅନ୍ୟପକ୍ଷରେ ପ୍ରଶାନ୍ତ କିଶୋରଙ୍କ ଜନ ସୂରଜ ପାର୍ଟି, ଭିଆଇପି ଆଦି ରାଜନୈତିକ ଦଳ ଖାତା ଖୋଲିବାରେ ବିଫଳ ହୋଇଛନ୍ତି। ଗତ ନିର୍ବାଚନ ତୁଳନାରେ ଏନଡିଏ ୭୫ରୁ ଅଧିକ ଆସନ ଲାଭ କରିଛି। ଚଳିତ ନିର୍ବାଚନରେ ଅନ୍ୟତମ ଚର୍ଚ୍ଚିତ ପ୍ରାର୍ଥୀ ତଥା ଲାଲୁ ଯାଦବଙ୍କ ବଡ଼ ପୁଅ ତେଜପ୍ରତାପ ଯାଦବ ମଧ୍ୟ ନିର୍ବାଚନରେ ପରାଜିତ ହୋଇଛନ୍ତି। ଭୋଜପୁରୀ ଅଭିନେତା ଆର୍‌ଜେଡି ପ୍ରାର୍ଥୀ ଖେସାରୀ ଲାଲ ପରାଭବ ଭୋଗିଥିବାବେଳେ ବିଜେପି ପ୍ରାର୍ଥୀ ତଥା ଲୋକଗୀତ ଗାୟିକା ମୈଥିଳୀ ଠାକୁର ଆଲିନଗର ବିଧାନସଭା ଆସନରୁ ବିଜୟୀ ହୋଇଛନ୍ତି । ତେବେ ଅସଦୁଦ୍ଦିନ ଓୱେସୀଙ୍କ ଏଏମ୍‌ଆଏମ୍ ୫ଟି ଆସନ ବଜାୟ ରଖିଛି।

### ବିଜେପି ମଥାରେ...

ବିଧାୟକ ହେବା ସ୍ୱପ୍ନ ସାକାର ହୋଇଛି। ବାପା ରାଜେନ୍ଦ୍ର ଢୋଲକିଆ ୪ ଥରର ବିଧାୟକ ଥିବାବେଳେ ବିଜେଡି ସରକାରରେ ସେ ମନ୍ତ୍ରୀ ଭାବେ ମଧ୍ୟ ଦାୟିତ୍ୱ ତୁଲାଇଛନ୍ତି; କିନ୍ତୁ ପିତା ରାଜେନ୍ଦ୍ରଙ୍କ ପରଲୋକ ପରେ ବ୍ୟବସାୟରେ ଲିପ୍ତ ଥିବା ଜୟ ରାଜନୀତିକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି।

ବାପା ରାଜେନ୍ଦ୍ର ଢୋଲକିଆଙ୍କ ମୃତ୍ୟୁ ପରେ ରାଜନୀତିରେ ପାଦ ଥାପିଥିଲେ ଜୟ ଢୋଲକିଆ। ଗତ ଅକ୍ଟୋବର ୧୧ରେ ଅପ୍ରତ୍ୟାଶିତ ଭାବେ ସେ ବିଜେପିରେ ସାମିଲ ହୋଇଥିଲେ ଓ ଦଳୀୟ ଟିକଟରେ ନିର୍ବାଚନ ଲଢ଼ିଥିଲେ। ଏହି ଆସନ ଏବେ ବିଜେପି ହାତକୁ ଚାଲିଯାଇଥିବା ବେଳେ ଉଭୟ ବିଜେଡିକୁ ବଡ଼ ଧକ୍କା ଲାଗିଛି। ଗତ ନିର୍ବାଚନରେ ୫୧ ଆସନରେ ବିଜୟୀ ହୋଇଥିବା ବିଜେଡିର ଆସନ ସଂଖ୍ୟା ଗୋଟିଏ ହ୍ରାସ ପାଇଛି। ସେହିପରି ବିଜେପିର ଆସନ ସଂଖ୍ୟା ବିଧାନସଭାରେ ଗୋଟିଏ ବୃଦ୍ଧି ପାଇଁ ୭ ୯ ରେ ପହଞ୍ଚିଛି। ଅନ୍ୟପକ୍ଷରେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀଙ୍କର ବିଧାୟକ ହେବାର ସ୍ୱପ୍ନ ଅଧୁରା ରହିଯାଇଛି। ପୂର୍ବରୁ ୫ ଥର ପରାଜୟ ସ୍ୱାଦ ଚାଖିଥିବା ଘାସିରାମ ଏଥର ନିର୍ବାଚନ ଜିତିବା ନେଇ ଆଶାବାଦୀ ଥିଲେ ମଧ୍ୟ ଗତ ନିର୍ବାଚନ ପରି ଦ୍ୱିତୀୟ ସ୍ଥାନରେ ରହିଛନ୍ତି ।

ବିଜୟୀ ହେବାପରେ ବାପା ରାଜେନ୍ଦ୍ର ଢ଼ୋଲକିଆଙ୍କ ଅଧୁରା ସ୍ୱପ୍ନକୁ ପୂରା କରିବେ ବୋଲି ଦୋହରାଇଛନ୍ତି ଜୟ ଢ଼ୋଲକିଆ। ସେ କହିଛନ୍ତି ଯେ ଏହି ବିଜୟ ନୂଆପଡ଼ାବାସୀଙ୍କର। ଆଗାମୀ ଦିନରେ ନୂଆପଡ଼ା ନିର୍ବାଚନମଣ୍ଡଳୀର ବିକାଶ ପାଇଁ ସେ ଦିନରାତି ଏକ କରିଦେବ। ତାଙ୍କର ବିଶାଳ ବିଜୟ ହେବା ପଛରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ବିକାଶ ଆଭିମୁଖ୍ୟକୁ ନୂଆପଡ଼ାବାସୀ ଆସ୍ଥା ପ୍ରକଟ କରିଛନ୍ତି ବୋଲି ସେ କହିଛନ୍ତି। ଅନ୍ୟପଟେ କଂଗ୍ରେସ ପ୍ରାର୍ଥୀ ଘାସିରାମ ମାଝୀ ୨୦୨୪ ନିର୍ବାଚନରେ ଦ୍ୱିତୀୟ ସ୍ଥାନରେ ଥିଲେ। ଆଜିର ଭୋଟଗଣତି ଫଳ ପ୍ରକାଶ ପାଇବା ପରେ ତାଙ୍କୁ ପୁଣିଥରେ ଦ୍ୱିତୀୟ ସ୍ଥାନ ମିଳିଛି। ନୂଆପଡ଼ାବାସୀଙ୍କ ସେବା କରିବା ପାଇଁ ସେ ଏକାଧିକ ଥର ନିର୍ବାଚନ ହାରିଥିଲେ ମଧ୍ୟ ଆଶା ହରାଇନାହାନ୍ତି। ଆଗକୁ ଯେତେ ନିର୍ବାଚନ ହେବ ସେ ନୂଆପଡ଼ାରେ ପ୍ରତିଦ୍ୱନ୍ଦ୍ୱିତା କରିବେ ବୋଲି ପୁଣି ଥରେ ଘାସିରାମ ଦମ୍ଭୋକ୍ତି ପ୍ରକାଶ କରିଛନ୍ତି।

### ଓଡ଼ିଶାବାସୀଙ୍କ ଅଧିକାର...

ନିର୍ବାଚନ ପରିଚାଳନା କରିବା ଓ ଲୋକଙ୍କ ଗଣତାନ୍ତ୍ରିକ ଅଧିକାରକୁ ବଜାୟ ରଖିବା ଆମ ଅନୁଷ୍ଠାନଗୁଡ଼ିକର ଦାୟିତ୍ୱ। ବିଜେଡି ଅନେକ ଉତ୍ଥାନ-ପତନ ଦେଇ ଗତି କରିଛି। ତଥାପି ଲୋକଙ୍କ ପାଇଁ ଲଢ଼ିବା ପାଇଁ ଆ।।ମର ସଂକଳ୍ପ ଅତୁଟ ରହିଛି, ଭବିଷ୍ୟତରେ ମଧ୍ୟ ଏହା ଜାରି ରହିବ। ଆମ ଦଳ ଲଢୁଆ ବିଜୁ ବାବୁଙ୍କ ଦ୍ୱାରା ଅନୁପ୍ରାଣିତ। ଓଡ଼ିଶା ଲୋକଙ୍କ ଅଧିକାର ପାଇଁ ଆମର ଲଢ଼େଇ ଜାରି ରହିବ ବୋଲି ନବୀନ ଦୃଢୋକ୍ତି ପ୍ରକାଶ କରିଛନ୍ତି। ସେ ପୁନର୍ବାର ବିଜେଡିକୁ ସମର୍ଥନ ଜଣାଇଥିବା ନୂଆପଡ଼ାବାସୀଙ୍କୁ ଧନ୍ୟବାଦ ଦେବା ସହ ଏହି ଉପନିର୍ବାଚନ ପାଇଁ କଠିନ ପରିଶ୍ରମ କରିଥିବା ଦଳର ସମସ୍ତ କର୍ମୀଙ୍କୁ ମଧ୍ୟ ଧନ୍ୟବାଦ ଜଣାଇଛନ୍ତି। ନୂଆପଡ଼ାରେ ଅର୍ଥପୂର୍ଣ୍ଣ ବିକାଶ ଆଣି ଏହି ଜନାଦେଶକୁ ଜୟ ସମ୍ମାନ ଦେବେ ବୋଲି ନବୀନ ଆଶାପ୍ରକଟ କରିଛନ୍ତି।


**AFFIDAVIT**

I Mohammed Salauddin, S/o.: Md Nazar Mohiuddin, At: Bazar Sahi, PO/PS-Dhamnagar, Dist.: Bhadrak, PIN-756117, Odisha. declare by this affidavit No. 53296 Dated. 12.11.2025 that now onwards I shall be known as **Md Salauddin** for all future purposes

**AFFIDAVIT**

By virtue of an affidavit No.51 sworn before The Executive Magistrate, Bhubaneswar, dated: 28/10/2025, I, Sai Omm Sahoo, S/O- Debarchan Sahoo, resident of: Plot No.36/403, Lenkudi, Ranga Bazar, Bhubaneswar, Dist: Khorda, PIN: 752100, Odisha declare that I have changed my name from Sai Omm Santosh Kumar Sahoo to Sai Omm Sahoo. Henceforth, I shall be known as Sai Omm Sahoo for all purposes.

**Sai Omm Sahoo**

**AFFIDAVIT**

I Manoja Kumar Padhi, Resident of Plot No.: EB 723, Badagada Brit Colony, Bhaskareswar Temple, Bhubaneswar, Khordha, Odisha-751018, Odisha Declare by this Affidavit No.: 37, Date: 13.11.2025, that now onwards, I shall be known as **Manoj Kumar Padhi** for all future purposes.

**AFFIDAVIT**

By Virtue of an affidavit sworn before Executive Magistrate, Bhubaneswar. CF No:- 106 on dated 11.11.2025.I Nilanchala Patro, Son of Late.Panchanana Patro, Resident at: - Khilabadi,PO/PS:-Surada. Dist. Ganjam. PIN. 761108. Odisha. declare that' I have changed my Son's name from Rudranshu Patro to Rudransh Patro.Henceforth He shall be known as **RUDRANSH PATRO** for all future purposes.

**Nilanchala Patro**

**NOTICE**

By virtue of an affidavit sworn before The Executive Magistrate, Bhubaneswar, dated 14.11.2025 I, Mr. Subash Jena, Address At- Salia Sahi, Mahabir Nagar, PO-RRL, Ps- Nayapalli, Bhubaneswar, Dist-Khordha, odisha-751013 declare that I have changed my Daughter's name from Liza Jena to Deepti Mahi Jena Henceforth, she shall be known as **Deepti Mahi Jena** for all purposes.

**Sd/- Subash Jena**

**AFFIDAVIT**

By virtue of an affidavit sworn before the Executive Magistrate Bhubaneswar, vide no.18 dtd.10.11.2025, I Rasmita Bhoi, D/o- Ghania Bhoi resident of Kaliakera, Po.- Gabakund, Ps.-Chandanpur, Dist.-Puri, Odisha-752045 state that,my actual and correct name is Rasmita Bhoi, Date of Birth is 01.12. 2003 but in my Aadhar card my name has been wrongly mentioned as Bangu Bhoi & Date of Birth 20.05.2005. That, **Rasmita Bhoi** and **Bangu Bhoi** is one and same person who is myself.

**SALE**

01 Number of TATA ACE GOLD PETROL CX/2023, Registration No.- OD-15-W-3690, Model-2023, - ENGINE NO – 275MPFI02AWXS13076, CHASSIS NO - MAT559023PZA02822, For Details, Contact – 9437019531, SUNDARAM FINANCE LTD., 1ST FLOOR, SABAT COMPLEX, NEAR WESCO OFFICE, AINTHAPALLI , PO/DIST- SAMBALPUR-768004

Phone No. (06854)241159/232714, Email: ceo@koraputccb.com

**KORAPUT CENTRAL CO-OPERATIVE BANK LTD.,**

HEAD OFFICE: N.K.T. ROAD, JEYPORE - 764003: DIST: KORAPUT (ODISHA)

Letter No. 4036/P&S / 2025-26, Date 13.11.2025

**QUOTATION CALL NOTICE**

Sealed quotations are invited from the intending registered firm for making a Gold weighing Machine for branch banks of the Koraput Central Cooperative Bank Ltd., Jeypore along with supported valid GST & PAN are requested to submit their sealed quotations before the undersigned on or before **Dt.20.11.2025** by **5.30** P.M latest as per following specification along with **2%** security deposit of quotation value in favour of Secretary, Koraput Central Cooperative Bank Ltd., Jeypore at the time of submission of tender. The sealed tender notice should be highlighted as a Glow sign board on envelop.

The tender will be opened on Dtd. **21.11.2025** at **4.30** P.M in presence of the authorized representative and if no agency or their representative shall remain present at the time of opening of quotations then the same shall be opened by the Purchase Committee members.

| Sl. No | Particulars | Qty. required approximately | Proposed installation Site/Places in the KCCB Ltd., Branch bank |
|---|---|---|---|
| 1. | Gold Weighing Machine:<br>Electronic Weighing Scale<br>Make: Contech<br>Model: CTL 600<br>Capacity: 600<br>Readability:0.01g<br>Pan Size: 115<br>Digital display and wind shield<br>Duly verified & stamped by Legal Metrology Deptt. Govt, of Odisha. | 6 | KCCB Ltd., Main, Koraput, Semiliguda, M.V. 79 Branch @ Kalimela, Gunupur & Padmapur Branch. |

The above items should be quoted including GST, Transportation, Delivery/Supply at the above Branch Bank of the Koraput Central Cooperative Bank Ltd., Jeypore (within undivided Koraput District) including installation/charges. The quotation received incomplete or after the scheduled date shall be rejected and will not be entertained by the Bank.

The short list shall be made basing upon the rates offered by the firms/agencies The authority reserves the right to reject all or any quotations without assigning any reason thereof Taxes will be deducted as applicable at the time of payment of Bill amount.

For any queries, please contact to Sri Jaya Pradeep Patnaik Manager P&S, KCC Bank Ltd., Head Office, Jeypore. Mobile No.: 9777519964.

**Secretary**
**Koraput Central Cooperative Bank Ltd.,**
**Jeypore**

# ତିନିବର୍ଷ ହେଲା ସରୁନି ରାସ୍ତା କାମ; ହନ୍ତସନ୍ତ ଅଞ୍ଚଳବାସୀ

ଫିରିଙ୍ଗିଆ, ୧୪।୧୧(ସମିସ)





ରାଜ୍ୟ ଓ କେନ୍ଦ୍ର ସରକାର ଗ୍ରାମାଞ୍ଚଳର ବିକାଶ ପାଇଁ କୋଟିକୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି। ଗାଁ କୁ ସହର ସହିତ ଯୋଡିବା ପାଇଁ ପକ୍କା ରାସ୍ତା ନିର୍ମାଣ କରି ଗମନାଗମନ ସୁବ୍ୟବସ୍ଥା କରିଥିବା କହୁଥିବା ବେଳେ କିଛି ସ୍ଥାନରେ ରାସ୍ତା ନିର୍ମାଣ ଦାୟିତ୍ୱରେ ଥିବା ଠିକାଦାର ଓ ବିଭାଗୀୟ ଅଧିକାରୀଙ୍କ ଅବହେଳା ଯୋଗୁଁ ବର୍ଷବର୍ଷ ଧରି ରାସ୍ତା ଅଧାପାନ୍ତରିଆ ଭାବରେ ପଡ଼ିରହିଛି। ଏମିତି ଅଧାପାନ୍ତରିଆ ରାସ୍ତା କାମ ଦେଖିବାକୁ ମିଳିଛି କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ବ୍ଲକ କୁଇରୀମାଣ୍ଡୁ ପଞ୍ଚାୟତରେ। ଏହି ପଞ୍ଚାୟତର ବାରାହାଲା ଠାରୁ ଦୁବସରା ପର୍ଯ୍ୟନ୍ତ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନାରେ ରାସ୍ତା ନିର୍ମାଣ କରାଯାଉଛି। ଗ୍ରାମ୍ୟ ଉନ୍ନୟନ ବିଭାଗ ନିର୍ମାଣ କାମ କରୁଥିବାବେଳେ ଆଜକୁ ପ୍ରାୟ ତିନିବର୍ଷ ହେବ ଏହା ସରିବାର ନାଁ ଧରୁନି। ଯାହାକୁ ନେଇ ଠିକାଦାର ଓ ବିଭାଗୀୟ ଅବହେଳାକୁ ଦାୟୀ କରିଛନ୍ତି ଅଞ୍ଚଳବାସୀ। ରାସ୍ତା ଖାଲଖମାରେ ଭର୍ତ୍ତି ହୋଇଥିବା ବେଳେ ବିଛାଯାଇଥିବା ଗୋଡ଼ି ଉଠିଯାଇ ବର୍ତ୍ତମାନ ରାସ୍ତା ମରଣଯନ୍ତାରେ ପରିଣତ ହୋଇଛି। ମାଟି ଖାଲଖମା ରହିଥିବାରୁ ଯାତାୟାତ ସମ୍ପୂର୍ଣ୍ଣ ବାଧାପ୍ରାପ୍ତ ହେଉଛି। ନିତିଦିନ ଏହି ରାସ୍ତାରେ ଛୋଟବଡ଼ ଦୁର୍ଘଟଣା ମଧ୍ୟ ଘଟୁଛି।

**ବିଭାଗୀୟ ଅବହେଳାକୁ ଦାୟୀ କଲେ ଲୋକେ**

ରାସ୍ତା ସମସ୍ୟା ନେଇ ବାରମ୍ବାର ଯନ୍ତ୍ରୀଙ୍କୁ ଫୋନରେ ଯୋଗାଯୋଗ କରିବାରୁ କୌଣସି ମତାମତ ଦେଇନାହାନ୍ତି। ଅଞ୍ଚଳବାସୀ ଯନ୍ତ୍ରୀ ଓ ଠିକାଦାରଙ୍କ ଅବହେଳା ଯୋଗୁଁ ଦୀର୍ଘବର୍ଷରୁ ନିମ୍ନ ମାନର କାମ ଚାଲିଥିବା ବେଳେ ଶେଷ ହୋଇପାରୁନାହିଁ ବୋଲି ଅଭିଯୋଗ କରିଛନ୍ତି। ମୁଖ୍ୟତଃ ଏହି ରାସ୍ତା ଦେଇ ପ୍ରତିଦିନ ଅଙ୍ଗନବାଡି ଓ ପ୍ରାଥମିକ ବିଦ୍ୟାଳୟକୁ ଯାଉଥିବା ଛୋଟଛୋଟ ପିଲାମାନେ ନାହିଁ ନଥିବା ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ପ୍ରସବକାଳୀନ ଯାନ ଯାତାୟତରେ ଘୋର ସମସ୍ୟା ଉପୁଜୁଛି। ଏହି ଅଞ୍ଚଳବାସୀ ବ୍ଲକ କାର୍ଯ୍ୟାଳୟ, ଡାକ୍ତରଖାନା, ହାଇସ୍କୁଲ ଓ କଲେଜ ଏହି ରାସ୍ତା ଦେଇ ପ୍ରତିଦିନ ଯାତାୟତ କରୁଛନ୍ତି। ତେଣୁ ତୁରନ୍ତ ରାସ୍ତା ନିର୍ମାଣ ଶେଷ ନିମନ୍ତେ ବିଭାଗୀୟ ଅଧିକାରୀ ଓ ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେବାକୁ ଦାବି ହୋଇଛି। ଯଥାଶୀଘ୍ର ରାସ୍ତା କାମ ଶେଷ କରା ନ ଗଲେ ଆଗାମୀ ଦିନରେ ଅଞ୍ଚଳବାସୀ ଆନ୍ଦୋଳନ କରିବା ପାଇଁ ବାଧ ହେବେ ବୋଲି କହିଛନ୍ତି।

## ଗ୍ୟାସ୍ ସିଲିଣ୍ଡରରୁ ନିଆଁ ଲାଗି ଜଳିଗଲା ଘର

ଦାରିଙ୍ଗବାଡ଼ି, ୧୪।୧୧(ସମିସ): ଦାରିଙ୍ଗବାଡ଼ି ବ୍ଲକ ସିର୍କାବର୍ଗ ପଞ୍ଚାୟତ ଦୁକୁମାହା ଗ୍ରାମର ହୋର୍ମି ନାୟକଙ୍କ ଘର ଗ୍ୟାସ ସିଲିଣ୍ଡର ନିଆଁରେ ପୋଡ଼ି ପାଉଁଶ ହୋଇଯାଇଛି। ହୋର୍ମୀ ନାୟକ ନୂତନ ଗ୍ୟାସ ସିଲିଣ୍ଡର ଆଣି ଘରେ ରେଗୁଲେଟର ସହିତ କନେକ୍ସନ କରିଥିବା ବେଳେ ହଠାତ ସିଲିଣ୍ଡର ପିନ୍‌ରୁ ନିଆଁ ବାହାରି ଜଳି ଯାଇଥିଲା। ଫଳରେ ଆବଶ୍ୟକୀୟ କାଗଜ ପତ୍ର ସହିତ ହଜାର ହଜାର ଟଙ୍କାର ଧାନ, ମକା ଓ ଅନ୍ୟାନ୍ୟ ସମ୍ପତ୍ତି ନଷ୍ଟ ହୋଇଛି। ହର୍ମୀ ଓ ତାଙ୍କ ସ୍ତ୍ରୀ ବଡ଼ ବିପଦରୁ ଅଳ୍ପକେ ବର୍ତ୍ତି ଯାଇଥିଲେ। ନିଆଁ ହୁଁ ହୁଁ ଜଳୁଥିବାରୁ ଗାଁ ଲୋକେ ଆୟତ୍ତ କରିପାରି ନ ଥିଲେ। ସଙ୍ଗେ ସଙ୍ଗେ ଅଗ୍ନିଶମ ବିଭାଗକୁ ଜଣାଇଥିଲେ। ହେଲେ ଅଗ୍ନିଶମ ପହଞ୍ଚିବା ବେଳକୁ ଘର ସମ୍ପୂର୍ଣ୍ଣ ଜଳିଯାଇଥିଲା। କ୍ଷତିଗ୍ରସ୍ତ ପରିବାରକୁ ସରକାରୀ ସହାୟତା ଯୋଗାଇଦେବାକୁ ସାଧାରଣରେ ଦାବି ହେଉଛି।



## ରାଜ୍ୟସ୍ତରୀୟ କୁଇଜ୍‌ରେ କେଏମ୍‌ଆର୍‌ଏସ୍ ଛାତ୍ରଙ୍କ ସଫଳତା



ରାଇକିଆ, ୧୪।୧୧(ସମିସ): ଭୁବନେଶ୍ୱରରେ ଆୟୋଜିତ ରାଜ୍ୟସ୍ତରୀୟ ସୁରଭି କାର୍ଯ୍ୟକ୍ରମରେ ଅନୁଷ୍ଠିତ କୁଇଜ୍ ପ୍ରତିଯୋଗିତାରେ ରାଇକିଆ କଳିଙ୍ଗ ମଡେଲ ରେସିଡେନ୍ସିଆଲ ସ୍କୁଲର ଏକାଦଶ ଶ୍ରେଣୀ ଛାତ୍ର ଜନ୍ମେଜୟ ପ୍ରଧାନ ପ୍ରଥମ ସ୍ଥାନ ହାସଲ କରିଛନ୍ତି। ତାଙ୍କର ଏହି ସଫଳତା ବିଦ୍ୟାଳୟର ଅନ୍ୟ ଛାତ୍ରଛାତ୍ରୀଙ୍କୁ ବିଭିନ୍ନ ପ୍ରତିଯୋଗିତାରେ ଭଲ ପ୍ରଦର୍ଶନ କରିବାକୁ ଉତ୍ସାହିତ କରିବ ବୋଲି ସ୍କୁଲର ପ୍ରିନ୍ସିପଲ୍ ଜଗଦୀଶ ମହାକୁଡ଼ କହିଛନ୍ତି। ବିଦ୍ୟାଳୟର ଜିତେନ୍ଦ୍ର ବେହେରାଙ୍କ ତତ୍ତ୍ୱାବଧାନରେ ସେ କାର୍ଯ୍ୟକ୍ରମ ରେ ଭାଗ ନେଇଥିଲେ।

● ଜାତୀୟ ତାଏକ୍ୱୋଣ୍ଡୋ ଚାମ୍ପିଅନ୍‌ସିପ୍

## କନ୍ଧମାଳକୁ ୯ ସ୍ୱର୍ଣ୍ଣ, ୨ ରୌପ୍ୟ



ଦାରିଙ୍ଗବାଡ଼ି, ୧୪।୧୧(ସମିସ): ବ୍ରହ୍ମପୁର ସ୍ଥିତ ନିଷ୍ଟ ବିଶ୍ୱବିଦ୍ୟାଳୟରେ ଓପନ ନ୍ୟାସନାଲ ତାଏକ୍ୱୋଣ୍ଡୋ ଚାମ୍ପିଅନ୍‌ସିପ୍ ଅନୁଷ୍ଠିତ ହୋଇଥିଲା। କନ୍ଧମାଳ ଜିଲ୍ଲା ଦାରିଙ୍ଗବାଡ଼ି ତାଏକ୍ୱୋଣ୍ଡୋ ଆସୋସିଏସନ ପକ୍ଷରୁ ଛାତ୍ରଛାତ୍ରୀ ଭାଗ ନେଇ ବିଭିନ୍ନ ପଦକ ଜିତିଛନ୍ତି। କୋଚ୍ ତଥା ଜାତୀୟ ଖେଳ ପରିଚାଳକ ଦାରା ସିଂଙ୍କ ନେତୃତ୍ୱରେ ୯ ସ୍ୱର୍ଣ୍ଣ ଏବଂ ଦୁଇଟି ରୌପ୍ୟ ପଦକ ଜିତି ଜିଲ୍ଲା ପାଇଁ ଗୌରବ ଆଣିପାରିଛନ୍ତି। ସମ୍ବିତ କୁମାର ବିଶିମାଝୀ ୩ ସ୍ୱର୍ଣ୍ଣ, ଆଦ୍ୟଶା ବିଶିମାଝୀ ଓ ଜୟଶ୍ରୀ ମାଝୀ ୨ଟି ଲେଖାଏଁ ସ୍ୱର୍ଣ୍ଣ ପଦକ ପାଇଥିବା ବେଳେ ବିଶ୍ୱନାଥ ମାଝୀ ଗୋଟିଏ ରୌପ୍ୟ, ଦିବ୍ୟାଂଶୁ ରାଉତ ୨ଟି ସ୍ୱର୍ଣ୍ଣ ପଦକ ଜିତିବାରେ ସକ୍ଷମ ହୋଇଛନ୍ତି।

ଯୁବକଙ୍କୁ ଆକ୍ରମଣ କରି ଲକ୍ଷାଧିକ ଟଙ୍କା ଲୁଟ୍ ଘଟଣା

## ଦଶ ଦିନ ପରେ ବି ଆକ୍ରମଣକାରୀଙ୍କ ଟେର୍ ପାଉନି ପୁଲିସ

ପାରଳାଖେମୁଣ୍ଡି, ୧୪।୧୧(ସମିସ): ଗଜପତି ଜିଲ୍ଲା ଗୋଷାଣି ବ୍ଲକ ଗାରାବନ୍ଧ ଥାନା ରାମଚନ୍ଦ୍ରପୁର ଗ୍ରାମ ଛକ ନିକଟରେ ଗତ ୩ ତାରିଖ ରାତି ସାଢ଼େ ୧୦ଟା ବେଳେ ଗୋଷାଣୀ ବ୍ଲକ ତୋଟାଗୁମୁଡା ଗ୍ରାମର ସୁରେଶ ନାଇଡୁ ଲକ୍ଷାଧିକ ଟଙ୍କା ଧରି ଆସୁଥିବା ବେଳେ ପୂର୍ବରୁ ଛକି ରହିଥିବା ଲୁଟେରା ମରଣାନ୍ତକ ଆକ୍ରମଣ କରି ଟଙ୍କା ଲୁଟି ନେଇଥିଲେ। ଏହି ଘଟଣାର ୯ ମାସ ବିତି ଯାଇଥିଲେ ମଧ୍ୟ ଗାରାବନ୍ଧ ପୁଲିସ୍ ଆକ୍ରମଣକାରୀ ଲୁଟେରାଙ୍କ ଟେର୍ ପାଉନି। ଯାହାକୁ ନେଇ ଅସନ୍ତୋଷ ତେଜୁଛି।

ଗାରବନ୍ଧ ଥାନାରେ ଲିଖିତ ଅଭିଯୋଗ ଅନୁଯାୟୀ, ସୁରେଶ ନିଜ ସ୍କୁଟି ଡିକିରେ ଜମି ବିକ୍ରି ଲକ୍ଷାଧିକ ଟଙ୍କା ରଖି ରାତି ପ୍ରାୟ ସାଢ଼େ ୧୦ଟାରେ ନିଜ ଗ୍ରାମକୁ ଫେରୁଥିଲେ। ତାଙ୍କର ଦୁଇ ବନ୍ଧୁ ମଧ୍ୟ ଅନ୍ୟ ଏକ ବାଇକ ଯୋଗେ ପଛରେ ଆସୁଥିଲେ। ହେଲେ ଲୁଟେରା ପୂର୍ବରୁ ସୁରେଶ ଟଙ୍କା ଧରି ଆସୁଥିବା ଖବର ପାଇ ପ୍ରସ୍ତୁତ ହୋଇ ରହିଥିଲେ। ସୁରେଶ ଘଟଣାସ୍ଥଳରେ ପହଞ୍ଚିବା ପରେ ଦୁର୍ବୃତ୍ତ ଅଟକାଇ ନିସ୍ତୁକ ମାଡ଼ ମାରିଥିଲେ। ସୁରେଶ ସ୍କୁଟି ଚାବିଟିକୁ ଜାବୁଡ଼ି ଧରିଥିବାବେଳେ କାଠ ଫାଳିଆରେ ପିଟି ହାତ ଆଙ୍ଗୁଠି ଭାଙ୍ଗି ଚାବି ଛଡ଼ାଇ ଡିକିରୁ ଟଙ୍କା ଲୁଟି ନେଇଥିଲେ। ସୁରେଶଙ୍କ ସହିତ ଥିବା ଅନ୍ୟ ଦୁଇ ଜଣ ଏପରି ଘଟଣା ଦେଖି ଘଟଣାସ୍ଥଳରୁ ଚମ୍ପଟ ମାରିଥିବା ସେତେବେଳେ ପୁଲିସ ଆଗରେ କହିଥିଲେ। ଘଟଣାକୁ ନେଇ ଗାରାବନ୍ଧ ଥାନାରେ ପି.ରାମାରାଓ ଲିଖିତ ଅଭିଯୋଗ କରିଥିଲେ। ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲେ ମଧ୍ୟ ଲୁଟେରାଙ୍କ ଟେର୍ ପାଉନି। ସନ୍ଦେହରେ କେତେକ ଯୁବକଙ୍କୁ ଡାକି ପଚରାଉଚରା କରି ଛାଡି ଦେଇଛି। ଅନ୍ୟପକ୍ଷରେ ଏହି ଘଟଣା ଜୁଆଖେଳକୁ ନେଇ ଏବଂ ସନ୍ଧ୍ୟା ୬.୩୦ରେ ହୋଇଥିଲେ ହେଁ ତାହା ରାତି ୧୦ଟା ୩୦ରେ ହୋଇଥିବା ଏବଂ ଟଙ୍କାର ପରିମାଣ ୧୬ ଲକ୍ଷ ଟଙ୍କା ବୋଲି ଆଲୋଚନା ହେଉଛି। ଶ୍ରୀ ନାଇଡୁ ଏତେ ପରିମାଣର ଟଙ୍କା ସ୍କୁଟି ଡିକିରେ ଧରି ଫେରୁଥିବା ବିଷୟ ଲୁଟେରା କିପରି ଜାଣିଲେ ତାକୁ ନେଇ ସନ୍ଦେହ ବଢ଼ିଛି। ଘଟଣାରେ ଜଣେ ସରକାରୀ କର୍ମଚାରୀଙ୍କ ସମେତ ୨ଜଣ ଜିରାଙ୍ଗ (ରାୟଗଡ଼ା ବ୍ଲକ) ଅନ୍ୟ ଜଣ ସମ୍ପୃକ୍ତ ଘୋରନୀ ପଞ୍ଚାୟତର ହୋଇଥିଲେ ମଧ୍ୟ ୧୦ବର୍ଷ ହେଲା ଗୁରାଣ୍ଡି ପଞ୍ଚାୟତରେ ଘରଭଡା ନେଇ ରହୁଥିବା ଜନସାଧାରଣରେ ଆଲୋଚନା ହେଉଛି। ପୁଲିସ ଜାଣିଶୁଣି ଅଭିଯୁକ୍ତଙ୍କୁ ଧରୁନଥିବା ଅଭିଯୋଗ ହେଉଛି।

## ଜି.ଉଦୟଗିରିରେ ମତ୍ସ୍ୟ ଓ ପ୍ରାଣିସମ୍ପଦ ମେଳା

ଜି.ଉଦୟଗିରି, ୧୪।୧୧(ସମିସ): ଜି.ଉଦୟଗିରି ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିଭାଗ ତରଫରୁ ସ୍ଥାନୀୟ ବ୍ଲକ କାର୍ଯ୍ୟାଳୟ ପରିସରରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ବିଧାୟକ ପ୍ରଫୁଲ୍ଲ ଚନ୍ଦ୍ର ପ୍ରଧାନ, ମୁଖ୍ୟବକ୍ତା ଭାବେ ଓୟୁଏଟି ଭବାନୀପାଟଣାର ବୈଜ୍ଞାନିକ ଡ. ପରାଗ ଆଚାର୍ଯ୍ୟ ଓ ସମ୍ମାନିତ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷା ସୁଷମା ପ୍ରଧାନ, ଜିଲ୍ଲା ପରିଷଦ ସଭ୍ୟା ଲିଲିମା ପ୍ରଧାନ, ଏନଏସି ଉପାଧ୍ୟକ୍ଷ ସନ୍ତୋଷ କୁମାର ବାଘ, ସାଂସଦ ପ୍ରତିନିଧି ଅମରସିଂ ନାୟକ, ବିଡିଓ ଶରତ ଚନ୍ଦ୍ର ମଲ୍ଲିକ ଓ ଏଏଫଓ ଜି.ଦୀପକ ରେଡି ଯୋଗ ଦେଇଥିଲେ। ପ୍ରାଣୀ ଚିକିତ୍ସା ଅଧିକାରୀ ଡ. ଚନ୍ଦନ କୁମାର ଜେନାଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପଶୁ ପାଳନ ଦ୍ୱାରା ଚାଷୀ ମାନଙ୍କର କିପରି ଆର୍ଥିକ ଉନ୍ନତି ହୋଇପାରିବ ସେ ନେଇ ମୁଖ୍ୟବକ୍ତା ଆଲୋକପାତ କରିଥିଲେ। ସରକାରଙ୍କ ପ୍ରାଣୀ ପାଳନ ସମ୍ବନ୍ଧିତ ବିଭିନ୍ନ ଯୋଜନା ବିଷୟରେ ଅବଗତ କରିଥିଲେ ବିଧାୟକ। ପ୍ରାଣୀ ସମ୍ପଦ ବିଭାଗ ଓ ମତ୍ସ୍ୟ ଚାଷ ବିଭାଗର ବରିଷ୍ଠ ବୈଜ୍ଞାନିକ ଯୋଗ ଦେଇ ପଶୁ ପାଳନ ଓ ମତ୍ସ୍ୟ ଚାଷ ସମ୍ବନ୍ଧିତ ସରକାରଙ୍କ ବିଭିନ୍ନ ଯୋଜନା ପ୍ରଣାଳୀ ସମ୍ପର୍କରେ ଆଲୋଚନା କରିଥିଲେ। ସ୍ଥାନୀୟ ଅଞ୍ଚଳରେ ପଶୁ ପାଳନ କରି ସଫଳତା ପାଇଥିବା ଚାଷୀଙ୍କୁ ଅତିଥିଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। କିଛି ଚାଷୀଙ୍କୁ ଲୋନ୍ ଚେକ୍ ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ସ୍ଥାନୀୟ ଭାରପ୍ରାପ୍ତ ବ୍ଲକ ପ୍ରାଣୀ ଚିକିତ୍ସା ଅଧିକାରୀ ଡା.ଚନ୍ଦନ କୁମାର ଜେନା, ସ୍ୱାଗତ ଭାଷଣ ଦେଇଥିବା ବେଳେ ସୁଧୀର କୁମାର ସାହୁ ମଞ୍ଚ ପରିଚାଳନା କରିଥିଲେ। ଉକ୍ତ ପ୍ରାଣୀଧନ ମେଳା କାର୍ଯ୍ୟକ୍ରମରେ ସ୍ଥାନୀୟ ଅଞ୍ଚଳର ଶତାଧିକ ଚାଷୀ ଯୋଗ ଦେଇଥିଲେ। ଶେଷରେ ସ୍ଥାନୀୟ ସହ ମତ୍ସ୍ୟଚାଷ ଅଧିକାରୀ କେ.ସୁରେଶ କୁମାର ପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ଶିଶୁ କ୍ରୀଡ଼ା ଉତ୍ସବ ଉଦଯାପିତ



ଫିରିଙ୍ଗିଆ, ୧୪।୧୧(ସମିସ): ଫୁଲବାଣୀର ସାଂସ୍କୃତିକ ଅନୁଷ୍ଠାନ ଏମ୍ କେଏସ୍‌ପି ତରଫରୁ ୩୭ ତମ ଶିଶୁ କ୍ରୀଡ଼ା ଉତ୍ସବ ଶିଶୁ ଦିବସ ଅବସରରେ ଆୟୋଜିତ ହୋଇଥିଲା। ଫୁଲବାଣୀ ସହରର ପ୍ରାୟ ୧୪ ବିଦ୍ୟାଳୟର ୪୪୦ ଜଣ ଛାତ୍ରଛାତ୍ରୀ ୩୦ ବିଭାଗରେ ଭାଗ ନେଇଥିଲେ। ଉଦଘାଟନ ଉତ୍ସବରେ ଅନୁଷ୍ଠାନର ସଭାପତି ବିଜୟକୃଷ୍ଣ ପଟ୍ଟନାୟକ ଅଧ୍ୟକ୍ଷତା କରିଥିଲେ। ଜିଲ୍ଲା କ୍ରୀଡ଼ା ଅଧିକାରୀ ସମୀର୍ ନାୟକ, କ୍ରୀଡ଼ା ବିଭାଗ ସମ୍ପାଦକ ଶିବପ୍ରସାଦ ତ୍ରିପାଠୀ ଓ ପ୍ରେସ୍ କ୍ଲବ୍ ସଭାପତି ସୁନୀଲ ପଟ୍ଟନାୟକ ଅତିଥି ରୂପେ ଯୋଗ ଦେଇ ଶିଶୁଙ୍କ ମଧ୍ୟରେ କ୍ରୀଡ଼ା ପ୍ରତି ଆଗ୍ରହ ସୃଷ୍ଟି କରିବାରେ ମୋହନଦାସ କରମଚାନ୍ଦ ସାଂସ୍କୃତିକ ପରିଷଦର ଭୂମିକାର ପ୍ରଶଂସା କରିଥିଲେ। କ୍ରୀଡ଼ା ବିଶେଷଜ୍ଞ ଗୌର ମହାନ୍ତି, ଦିଲୀପ ବାଘ ଓ ବିପିନ୍ ପଟ୍ଟନାୟକଙ୍କ ସହ ବିଭିନ୍ନ ବିଦ୍ୟାଳୟର ଶିକ୍ଷକ/ଶିକ୍ଷୟିତ୍ରୀଙ୍କ ସହଯୋଗରେ ବିଭିନ୍ନ ବର୍ଗର ଛାତ୍ରଛାତ୍ରୀଙ୍କ ପ୍ରତିଯୋଗିତା ହୋଇଥିଲା। ସେପରି ଶିଶୁ ଦିବସରେ ଅତିଥି ରୂପେ ପ୍ରକଳ୍ପ ପ୍ରଶାସକ ଗଦାଧର ପାତ୍ର, ବାଲିଗୁଡା ପ୍ରକଳ୍ପ ପ୍ରଶାସକ କୃପାସିନ୍ଧୁ ବେହେରା, ସହରାଞ୍ଚଳ ବିକାଶ ପ୍ରକଳ୍ପ ନିର୍ଦ୍ଦେଶକ ପ୍ରବୀଣ କୁମାର ବାଣୁଆ, ଜିଲ୍ଲା କ୍ରୀଡ଼ା ଅଧିକାରୀ ସମୀର୍ ନାୟକ, ପୌର ପରିଷଦ ନିର୍ବାହୀ ଅଧିକାରୀ ସମରେଶ ମହାନ୍ତି ଯୋଗ ଦେଇ କୃତି କ୍ରୀଡ଼ାବିତ୍‌ଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଉପଦେଷ୍ଟା ବିଜୟ ମହାନ୍ତି, ପ୍ରତାପ ପାତ୍ର, ଶରତ ମହାନ୍ତିଙ୍କ ସହ ସଚ୍ଚିଦାନନ୍ଦ ମହାପାତ୍ର ଏବଂ ଅନ୍ୟ ସଦସ୍ୟ ପରିଚାଳନାରେ ସହଯୋଗ କରିଥିଲେ। ଏହି ଅବସରରେ ସାମଗ୍ରିକ ସଫଳତା ହାସଲ କରିଥିବା ଦୁଇଜଣ ଲେଖାଁଏ ବାଳକ ଓ ବାଳିକାଙ୍କୁ ଧାବିକା ଶ୍ରାବଣୀ ନନ୍ଦ ଓ ନମିତା କବାଟଙ୍କ ନାମରେ ସ୍ଥାପିତ କ୍ରୀଡ଼ାବିତ୍ ସମ୍ମାନ ପ୍ରଦାନ ସହ ମୋଟ ୯୦ ଜଣଙ୍କୁ ସମ୍ମାନିତ କରାଯାଇଥିଲା। ଅନୁଷ୍ଠାନର ଉପସଭାପତି ପ୍ରସନ୍ନ ବିଷୋୟୀ ଓ ଜୟଦେବ ନାୟକ, ସାଧାରଣ ସମ୍ପାଦକ ଶରତ ସାହୁ, ସହ ସମ୍ପାଦକ ସତ୍ୟବ୍ରତ ପାତ୍ର, କୋଷାଧ୍ୟକ୍ଷ କିଶୋର ମିଶ୍ରଙ୍କ ସମେତ ପ୍ରଭାତ ଦାଶ, ମୋଚିରାମ ମିଶ୍ର, ସନାତନ ମିଶ୍ର, ଶଶୀଭୂଷଣ ପ୍ରଧାନ, ଯୁଧିଷ୍ଠିର ମହାନ୍ତି ଓ ଅଶୋକ ମିଶ୍ର ସହଯୋଗ କରିଥିଲେ।

## ପୁଣି କଟାଗଲା ୧୦୬ ଏକର ଜମିର ଗଞ୍ଜେଇ ଗଛ

ଫିରିଙ୍ଗିଆ, ୧୪।୧୧(ସମିସ): ଫିରିଙ୍ଗିଆ ବ୍ଲକ ଗୋଚପଡ଼ା ପୁଲିସ ପକ୍ଷରୁ ଚାଲିଥିବା ଗଞ୍ଜେଇ ଗଛ କଟା ଅଭିଯାନ ଦ୍ୱିତୀୟ ଦିନରେ ଥାନା ଅଧିକାରୀ ଚିରଞ୍ଜୀବ ବେହେରାଙ୍କ ନେତୃତ୍ୱରେ ଲୋଇସିଂ ପଞ୍ଚାୟତର ରୁକପଦର, ଭାଟୁଲ ଓ କୁମେଲ ସିଂ ଗାଁ ନିକଟବର୍ତ୍ତୀ ୧୦୬ ଏକର ପରିମିତ ଜଙ୍ଗଲ ଜମିରେ ଚାଷ ହୋଇଥିବା କୋଟିଏ ଟଙ୍କାର ଗଞ୍ଜେଇ ଗଛ କାଟି ନଷ୍ଟ କରାଯାଇଛି। ଦ୍ୱିତୀୟ ଦିନରେ ବନବିଭାଗ, ପୁଲିସ ଓ ଅବକାରୀ ବିଭାଗର କର୍ମଚାରୀ ମାନେ ସାମିଲ ଥିବାବେଳେ ମାଜିଷ୍ଟ୍ରେଟ ଦାୟିତ୍ୱରେ ଥିବା ପୃଥ୍ୱିରାଜ ମହାନନ୍ଦିଆଙ୍କ ଉପସ୍ଥିତିରେ ଗଞ୍ଜେଇ ଗଛ କଟାଯାଇଥିଲା। ଅନ୍ୟପଟେ ସୁରକ୍ଷା ଦୃଷ୍ଟିକୁ ଆଖି ଆଗରେ ରଖି ବ୍ୟାପକ ପୁଲିସ ଫୋର୍ସ ମଧ୍ୟ ମୁତୟନ କରାଯାଇଥିଲା। ଏନେଇ ଗୋଛପଡ଼ା ଥାନାରେ ଏକ ମାମଲା ରୁଜୁ ହୋଇଥିବା ଥାନା ଅଧିକାରୀ ଚିରଞ୍ଜୀବି ବେହେରା ସୂଚନା ଦେଇଛନ୍ତି।

## ସଜନା ଗଛରୁ ପଡ଼ି ବୃଦ୍ଧ ମୃତ

ଫିରିଙ୍ଗିଆ, ୧୪।୧୧(ସମିସ): ଫିରିଙ୍ଗିଆ ବ୍ଲକ ରତଙ୍ଗ ପଞ୍ଚାୟତ ଡ଼ଙ୍ଗରପଡ଼ା ଗାଁରେ ଜଣେ ବୃଦ୍ଧ ସଜନା ଗଛରେ ଚଢି ଶାଗ ତୋଳୁଥିବା ବେଳେ ଖସି ପଡ଼ି ମୃତ୍ୟୁ ଘଟିଛି। ମୃତକ ହେଲେ ବିଗିରାଇ ମଲିକ (୬୩)। ସେ ନିଜ ଘର ପାଖରେ ଥିବା ସଜନା ଗଛରେ ଚଢି ଶାଗ ତୋଳୁଥିବାବେଳେ ଡ଼ାଳ ଭାଙ୍ଗି ଯିବାରୁ ପଡ଼ିଯାଇଥିଲେ। ଗୁରୁତର ଅବସ୍ଥାରେ ପରିବାର ଲୋକେ ତାଙ୍କୁ ପ୍ରଥମେ ଫିରିଙ୍ଗିଆ ସ୍ୱାସ୍ଥ୍ୟକେନ୍ଦ୍ର ଓ ପରେ ଫୁଲବାଣୀ ଜିଲ୍ଲା ଚିକିତ୍ସାଳୟକୁ ନେଇଥିଲେ। ସେଠାରେ ପହଞ୍ଚିବା ପରେ ଡାକ୍ତର ମୃତ ଘୋଷଣା କରିଥିଲେ। ଫିରିଙ୍ଗିଆ ଥାନାରେ ଏନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରାଯାଇ ମୃତଦେହ ବ୍ୟବଚ୍ଛେଦ ପାଇଁ ପଠାଯାଇଛି।

## କନ୍ଧମାଳରେ ଶୀତ ଲହରୀ ଜାରି; ଆଗକୁ ଥରାଇବ

ଫୁଲବାଣୀ, ୧୪।୧୧(ସମିସ): ବିଳମ୍ବରେ ହେଲେ ବି କନ୍ଧମାଳ ଜିଲ୍ଲାରେ ଆରମ୍ଭ ହୋଇଛି ଶୀତ ଲହରୀ। ରାତିର ତାପମାତ୍ରା ନିମ୍ନଗାମୀ ହେବା ସହ ସକାଳୁ ଘନ କୁହୁଡିର ଆସ୍ତରଣ ଦେଖିବାକୁ ମିଳୁଛି। ଗତ କିଛି ଦିନ ହେଲା ପାରଦ କ୍ରମାଗତ ଭାବେ ନିମ୍ନଗାମୀ ହେବାରେ ଲାଗିଛି। କୃଷି ବିଜ୍ଞାନକେନ୍ଦ୍ରର ସୂଚନା ଅନୁସାରେ ୧୩ ତାରିଖ ୭.୫ ଡିଗ୍ରୀ ତାପମାତ୍ରା ସହ ଜି.ଉଦୟଗିରି ରାଜ୍ୟର ସର୍ବାଧିକ ଥଣ୍ଡା ଅଞ୍ଚଳ ରହିଛି। ଦାରିଙ୍ଗବାଡିରେ ରାତି ତାପମାତ୍ରା ୭.୫ ଡିଗ୍ରୀ ଥିବା ବେଳେ ଫୁଲବାଣୀରେ ସର୍ବନିମ୍ନ ତାପମାତ୍ରା ୮.୫ ରେକର୍ଡ କରାଯାଇଛି। ଜିଲ୍ଲାର ଆଭ୍ୟନ୍ତରୀଣ ଅଞ୍ଚଳ ମାନଙ୍କରେ ମଧ୍ୟ ତାପମାତ୍ରା ନିମ୍ନଗାମୀ ହେଉଛି। ଶୀତ ଯୋଗୁଁ ଦାରିଙ୍ଗବାଡି ସମେତ ବିଭିନ୍ନ ପର୍ଯ୍ୟଟନସ୍ଥଳୀ ଗୁଡ଼ିକରେ ଭିଡ଼ ଜମିବାରେ ଲାଗିଛି। ଜି.ଉଦୟଗିରି ଅଞ୍ଚଳର କାଲିଗାଡୁ, ରାଜାଗାଡା, କଲିନାଜୁ, କାକାଲବାକି ସମେତ ବିଭିନ୍ନ ସ୍ଥାନରେ ପର୍ଯ୍ୟଟକଙ୍କ ଭିଡ଼ ଜମୁଛି। ପାଣିପାଗ ବିଭାଗ ସୂଚନା ଅନୁସାରେ ଆଗାମୀ କିଛିଦିନ ମଧ୍ୟରେ ତାପମାତ୍ରା ୩ରୁ ୪ ଡିଗ୍ରୀ କମିବା ସମ୍ଭାବନା ରହିଛି। ତେଣୁ ଆଗାମୀ ସପ୍ତାହରେ ଶୀତ ଲହରୀ ବଢ଼ିବା ଆଶଙ୍କା ରହିଛି। ଏପଟେ ବର୍ତ୍ତମାନ ସୁଦ୍ଧା ରାତ୍ରି କାଳୀନ ଆଶ୍ରୟ ସ୍ଥଳୀ ପ୍ରସ୍ତୁତ ହୋଇନାହିଁ। ଅପରପକ୍ଷେ ରାସ୍ତା କଡରେ ଶୀତ ପୋଷାକ ବିକ୍ରି ଆରମ୍ଭ ହେଲାଣି।

## ବିଦ୍ୟାଳୟସ୍ତରୀୟ ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ

ଟିକାବାଲି, ୧୪।୧୧(ସମିସ): ଟିକାବାଲି ବ୍ଲକ ସେଣ୍ଟ ଯୋହନ ଇଂଲିଶ ମିଡିୟମ ସ୍କୁଲରେ ବିଦ୍ୟାଳୟସ୍ତରୀୟ ବାଲ ବୈଜ୍ଞାନିକ ପ୍ରଦର୍ଶନୀ ଆୟୋଜିତ ହୋଇଯାଇଛି। ଟିକାବାଲି ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ ଅଧୀନରେ ଥିବା ସମସ୍ତ ସରକାରୀ ଓ ବେସରକାରୀ ବିଦ୍ୟାଳୟରେ ଏହି ବୈଜ୍ଞାନିକ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଥିବା ବେଳେ ସେଣ୍ଟ ଜୋହନ ସ୍କୁଲରେ ଏହାକୁ ଏକ ଭିନ୍ନ ଢଙ୍ଗରେ ଆୟୋଜନ କରାଯାଇଥିଲା। ନିମନ୍ତ୍ରିତ ଅତିଥିମାନଙ୍କ ଦ୍ୱାରା ପ୍ରଥମେ ପ୍ରଦର୍ଶନୀକୁ ଉଦ୍‌ଘାଟନ କରାଯାଇଥିଲା। ଏହାପରେ ଏକ ଉଦ୍‌ଘାଟନୀ ସଭା ଅନୁଷ୍ଠିତ ହୋଇଥିଲା। ଅତିଥିମାନେ ଉପସ୍ଥିତ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ମୁଖ୍ୟ ଅତିଥି ଭାବରେ ଟିକାବାଲି ବ୍ଲକ ଅଧ୍ୟକ୍ଷ ଦିଲୀପ କହଁର, ସମ୍ମାନିତ ଅତିଥି ଭାବରେ ଟିକାବାଲି ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ପ୍ରଦୀପ୍ତ କୁମାର ନାୟକ ଏବଂ ସ୍କୁଲର ପ୍ରିନ୍ସିପାଲ ସମୁଏଲ ନାୟକ ଓ ଆସିଷ୍ଟାଣ୍ଟ ପ୍ରିନ୍ସପାଲ ରଞ୍ଜୀତ ଦିଗାଳ ଉପସ୍ଥିତ ଥିଲେ। ସଭା ଶେଷରେ, ବିଦ୍ୟାଳୟର ୧ମ ଶ୍ରେଣୀରୁ ଆରମ୍ଭ କରି ୫ମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀ ୮୦ରୁ ଉର୍ଦ୍ଧ୍ୱ ବିଭିନ୍ନ ପ୍ରକଳ୍ପ ପ୍ରଦର୍ଶନ କରିଥିଲେ।

## ବିବେକାନନ୍ଦ ଶିକ୍ଷା କେନ୍ଦ୍ରରେ 'ମୋ ହାଟ'



ଜି.ଉଦୟଗିରି, ୧୪।୧୧(ସମିସ): ଜି. ଉଦୟଗିରି ସ୍ଥିତ ସ୍ୱାମୀ ବିବେକାନନ୍ଦ ଶିକ୍ଷାକେନ୍ଦ୍ରଠାରେ 'ମୋ ହାଟ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଡ଼ିଓ ଶରତ କୁମାର ମଲ୍ଲିକ ମୁଖ୍ୟଅତିଥି ଭାବେ ଯୋଗ ଦେଇ ଉଦ୍‌ଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ ଜି.ଉଦୟଗିରି ବିଜ୍ଞାପିତ ଅଞ୍ଚଳ ପରିଷଦର କାର୍ଯ୍ୟନିର୍ବାହୀ ଅଧିକାରୀ ଆଶିଷ ଗୌରବ କର ଓ ସମ୍ମାନିତ ଅତିଥି ଭାବେ ଅତିରିକ୍ତ ବ୍ଲକ ଶିକ୍ଷା ଅଧିକାରୀ ପ୍ରଫୁଲ୍ଲ କୁମାର ସାହୁ, ନିବେଦିତ ପ୍ରଧାନ ଓ ସିରିକି ଉଚ୍ଚ ବିଦ୍ୟାଳୟ ପ୍ରଧାନଶିକ୍ଷକ ଶାନ୍ତନୁ ନାୟକ ଯୋଗ ଦେଇଥିଲେ। ଛାତ୍ରଛାତ୍ରୀ ବ୍ୟବସାୟକୁ କିପରି ଚିହ୍ନିବା ସହ ନିଜେ ଲାଭ କ୍ଷତି ଜାଣିପାରିବେ ସେନେଇ ଏହି କାର୍ଯ୍ୟକ୍ରମ ହୋଇଥିଲା। ୨୦ରୁ ଉର୍ଦ୍ଧ୍ୱ ବ୍ୟବସାୟଭିତ୍ତିକ ଷ୍ଟଲ୍ ଖୋଲାଯାଇଥିଲା। ଶିକ୍ଷା କେନ୍ଦ୍ରର ସମ୍ପାଦକ ଅରୁଣ କୁମାର ଷଡଙ୍ଗୀଙ୍କ ସଭାପତିତ୍ୱରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସମସ୍ତ ଅତିଥି ଛାତ୍ରଛାତ୍ରୀଙ୍କୁ ମାନପତ୍ର ପ୍ରଦାନ କରିଥିଲେ।

● ବିଧାୟକଙ୍କ ବିଡୁଆ ପ୍ରାଥମିକ ବିଦ୍ୟାଳୟ ପରିଦର୍ଶନ

## ଅସ୍ୱାସ୍ଥ୍ୟକର ପରିବେଶ ଦେଖି କ୍ଷୁବ୍ଧ



ପାରଳାଖେମୁଣ୍ଡି, ୧୪।୧୧(ସମିସ): ଗଜପତି ଜିଲ୍ଲା ଗୁମ୍ମା ବ୍ଲକ ଝାମି ପଞ୍ଚାୟତ ଏସ.ବିଡୁଆ ଗ୍ରାମକୁ ବିଧାୟକ ଇଂ.ରୂପେଶ କୁମାର ପାଣିଗ୍ରାହୀ ଏକ ସାମାଜିକ କାର୍ଯ୍ୟକ୍ରମରେ ଯୋଗଦେବା ପାଇଁ ଯାଇଥିଲେ। ଫେରିବା ବାଟରେ ଅଚାନକ ବିଡୁଆ ପ୍ରାଥମିକ ବିଦ୍ୟାଳୟକୁ ପରିଦର୍ଶନରେ ଯାଇଥିଲେ। ପରିସର ଅପରିଷ୍କାର ଦେଖି କ୍ଷୁବ୍ଧ ହୋଇଥିଲେ। କିଛିଦିନ ପୂର୍ବେ ବିଧାୟକ ଏଇଭଳି ଅପରିଷ୍କାର ପରିବେଶ ଦେଖି ତୁରନ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଡ. ମାୟାଧର ସାହୁଙ୍କୁ ଅବଗତ କରିଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ସଫେଇ କରାଯାଇ ନ ଥିବାରୁ ବିଧାୟକ ଦୁଃଖ ପ୍ରକାଶ କରିଥିଲେ। ସମସ୍ୟାକୁ ନେଇ ଜିଲ୍ଲା ପ୍ରଶାସନର ଦୃଷ୍ଟି ଆକର୍ଷଣ କରିବେ ବୋଲି ପ୍ରଧାନ ଶିକ୍ଷକଙ୍କୁ କହିଥିଲେ। ଶେଷରେ ବିଧାୟକ ଛାତ୍ରଛାତ୍ରୀଙ୍କ ସହ ମିଶି ମାଣ୍ଡିଆ ଲଡୁ ଖାଇବା ସହ ବିଭିନ୍ନ ବିଷୟରେ କଥା ହୋଇଥିଲେ। ବିଧାୟକଙ୍କ ପରିଦର୍ଶନ ସମୟରେ ଗୁମ୍ମା ବ୍ଲକ ଉପାଧ୍ୟକ୍ଷ ଶ୍ରୀନିବାସ ରାଓ, ମନି ଗଣପତି ଓ ରାଗଲା ଧନୁଜୟ ପ୍ରମୁଖଙ୍କ ସମେତ କିଛି ଅଭିଭାବକ ଉପସ୍ଥିତ ଥିଲେ।

୩ ବର୍ଷ ହେଲା ନିର୍ମାଣ ସରୁନି ଅଙ୍ଗନବାଡ଼ି ଗୃହ

## ଭଙ୍ଗାଘରେ ଗଢ଼ା ଚାଲିଛି ପିଲାଙ୍କ ଭବିଷ୍ୟତ

ବାଲିଗୁଡ଼ା, ୧୪।୧୧(ସମିସ)



କନ୍ଧମାଳ ଜିଲ୍ଲା ବାଲିଗୁଡ଼ା ବ୍ଲକ ବାରଖମା ପଞ୍ଚାୟତର ଦଣ୍ଡିସାହି ଗ୍ରାମରେ ବିପଦସଂକୁଳ ଅବସ୍ଥାରେ ଚାଲିଛି ଅଙ୍ଗନବାଡ଼ି କେନ୍ଦ୍ରରେ ପିଲାଙ୍କ ଭବିଷ୍ୟତ ଗଢ଼ା। ଏହି ଗ୍ରାମରେ ସରକାର ୩ ବର୍ଷ ପୂର୍ବରୁ ନୂତନ ଅଙ୍ଗନବାଡ଼ି କୋଠା ନିର୍ମାଣ ନିମନ୍ତେ ଅନୁଦାନ ଦେଇଥିଲେ। ହେଲେ ୩ ବର୍ଷ ହେବ ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଛି କିନ୍ତୁ ସମ୍ପୂର୍ଣ୍ଣ ହୋଇପାରୁନାହିଁ। ଗୃହ କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇପାରୁ ନ ଥିବାରୁ ଗ୍ରାମର ଏକ ଭଙ୍ଗା ଦଦରା ଘରେ ପିଲାଙ୍କ ଭବିଷ୍ୟତ ଗଢ଼ା ଚାଲିଥିବା ଦେଖିବାକୁ ମିଳିଛି। ସବୁଠାରୁ ଆଶ୍ଚର୍ଯ୍ୟର କଥା ହେଉଛି କେତେବେଳେ ଯେ ସେହି ଭଙ୍ଗା ଘରୁ କାଠ ଭାଙ୍ଗି ପିଲାମାନଙ୍କ ଉପରେ ପଡ଼ିଯିବ ତାହା କହି ହେବନାହିଁ। ପ୍ରତିଦିନ ଏହି ରାସ୍ତା ଦେଇ ସ୍ଥାନୀୟ ସରପଞ୍ଚ ନିଜ ଘରକୁ ଯିବା ଆସିବା କରନ୍ତି। କିନ୍ତୁ ଏହି ଭଙ୍ଗା ଦଦରା କୁଡ଼ିଆ ଘର ଉପରେ ନଜର ପଡୁନି। ନିର୍ମାଣ କରୁଥିବା ଠିକାଦାର ଓ ଯନ୍ତ୍ରୀଙ୍କ ମନମାନି ଯୋଗୁଁ ଆଜି ବିପଦସଂକୁଳ ଅବସ୍ଥାରେ ଶିଶୁଙ୍କ ଭବିଷ୍ୟତ ଗଢ଼ାଯାଉଛି। କିଛି ବି ଅଘଟଣ ଘଟିଲେ ଦାୟୀ କିଏ ରହିବ ବୋଲି ସାଧାରଣରେ ଆଲୋଚନା ହେଉଛି। ଅଞ୍ଚଳବାସୀ ଓ ଅଙ୍ଗନବାଡି କର୍ମୀ ସ୍ଥାନୀୟ ପ୍ରଶାସନ ଓ ବାଲିଗୁଡ଼ା ଗୋଷ୍ଠୀ ଉନ୍ନୟନ ଅଧିକାରୀ ରାଜ୍ୟ ସରକାରଙ୍କୁ ଗୃହ ନିର୍ମାଣ କାର୍ଯ୍ୟ ସମ୍ପୂର୍ଣ୍ଣ ନିମନ୍ତେ ଅନୁରୋଧ କରିଛନ୍ତି।

### ପିକ୍‌ନିକ୍‌ରୁ ଫେରୁଥିବାବେଳେ ଅଘଟଣ

# ଘାଟିରେ ଓଲଟିଲା ଅଟୋ; ଛାତ୍ରଛାତ୍ରୀ ଓ ଶିକ୍ଷୟିତ୍ରୀ ଆହତ

ପାରଳାଖେମୁଣ୍ଡି/କାଶୀନଗର,୧୪।୧୧(ସମିସ): ଗଜପତି ଜିଲ୍ଲା କାଶୀନଗର ସହରରେ ଥିବା ଏକ ବେସରକାରୀ ସ୍କୁଲର ଛାତ୍ରଛାତ୍ରୀଙ୍କୁ ନେଇ ପିକନିକ୍ ଯାଇ ଫେରୁଥିବା ଅଟୋ ପାର୍ଓଡା ପଞ୍ଚାୟତ ତରଭା ଘାଟିରେ ଓଲଟି ପଡ଼ିବାରୁ ଛାତ୍ରଛାତ୍ରୀଙ୍କ ସମେତ ଜଣେ ଶିକ୍ଷୟିତ୍ରୀ ଗୁରୁତର ଆହତ ହୋଇଛନ୍ତି।

ସୂଚନା ମୁତାବକ, କାଶୀନଗରରେ ଥିବା ସ୍ମାର୍ଟ ପବ୍ଲିକ ସ୍କୁଲରେ ଶିଶୁ ଦିବସ ପାଳନ ଅବସରରେ ଛାତ୍ରଛାତ୍ରୀ ଓ ଶିକ୍ଷୟିତ୍ରୀ ତରଭା ଘାଟି ଅଞ୍ଚଳକୁ ପିକନିକ୍ ପାଇଁ ଯାଇଥିଲେ। ଭୋଜି ସାରି ଅଟୋ ଯୋଗେ ଫେରୁଥିବାବେଳେ କୌଣସି କାରଣରୁ ଅଟୋଟି ଦୁର୍ଘଟଣାଗ୍ରସ୍ତ ହୋଇଥିଲା। ଏଥିରେ ବସିଥିବା ଶିକ୍ଷୟିତ୍ରୀଙ୍କ ସମେତ ୬ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଗୁରୁତର ଆହତ ହୋଇଥିଲେ। ଖବର ପାଇ ଏହି ବେସରକାରୀ ସ୍କୁଲର ଅଧକ୍ଷ ଅମିତ ପାଟିକା ସେମାନଙ୍କୁ ଉଦ୍ଧାର କରି ଆହତ ୨ଜଣଙ୍କୁ ପାରଳାଖେମୁଣ୍ଡି ସ୍ଥିତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିବା ବେଳେ ଅନ୍ୟମାନଙ୍କୁ ଆନ୍ଧ୍ର ଶ୍ରୀକାକୁଲମ୍ ଜିଲ୍ଲା ଅନ୍ତର୍ଗତ ପୁରୁଣାପାଟଣାଠାରେ ଥିବା ଏକ ବେସରକାରୀ ହସ୍ପିଟାଲରେ ଭର୍ତ୍ତି କରିଥିଲେ।





ଦୁର୍ଘଟଣା ଖବର ପାଇ ପିକନିକ୍ ଯାଇଥିବା ଛାତ୍ରଛାତ୍ରୀଙ୍କ ଅଭିଭାବକମାନେ କାଶୀନଗର ଠାରେ ଥିବା ସ୍ମାର୍ଟ ପବ୍ଲିକ ସ୍କୁଲ ସମ୍ମୁଖରେ ଭିଡ ଜମାଇ ବିଦ୍ୟାଳୟ କର୍ତ୍ତୃପକ୍ଷଙ୍କ ଦାୟିତ୍ୱହୀନତା ଯୋଗୁ ଏପରି ଘଟିଥିବା କହି ଅସନ୍ତୋଷ ବ୍ୟକ୍ତ କରିଥିଲେ। କାଶୀନଗର ପୁଲିସ ଖବର ପାଇ ଜାଣିବା ପରେ ସ୍କୁଲ ନିକଟକୁ ଯାଇ ଅଭିଭାବକଙ୍କୁ ବହୁ ବୁଝାସୁଝା କରିବା ପରେ ପରିସ୍ଥିତି ଶାନ୍ତ ପଡିଥିଲା। ତେବେ ଏଠାରେ ସାଧାରଣରେ ପ୍ରଶ୍ନ ଉଠୁଛି ଯେ, ବିଦ୍ୟାଳୟର ଅଧକ୍ଷ ସ୍ଥାନୀୟ ପୁଲିସକୁ ପ୍ରଥମେ ଖବର ନଦେବା ଏବଂ କାହିଁକି ପାରଳାଖେମୁଣ୍ଡି ସ୍ଥିତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଗୁରୁତର ଆହତଙ୍କୁ ପ୍ରଥମେ ଭର୍ତ୍ତି ନକରି ଆନ୍ଧ୍ରର ପୁରୁଣାପାଟଣା ସ୍ଥିତ ବେସରକାରୀ ହସ୍ପିଟାଲ୍‌କୁ ନେଲେ। ଏହା ପଛରେ କଣ ରହସ୍ୟ ରହିଛି ତାହା ପୁଲିସ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁ ବୋଲି ସେମାନେ ଦାବି କରିଛନ୍ତି।

## ବଳାତ୍କାର ଅଭିଯୋଗ ଆଣିଲେ ମହିଳା


ପାରଳାଖେମୁଣ୍ଡି,୧୪।୧୧(ସମିସ): ଗଜପତି ଜିଲ୍ଲା ଗୋଷାଣି ବ୍ଲକ ଉପଲଡା ଗ୍ରାମର ଜଣେ ମହିଳା ତୋଟାଗୁମୁଡା ଗ୍ରାମର ଆର୍. ବାସୁଦେବ ରାଓ ନାମକ ଜଣେ ବ୍ୟକ୍ତି ବଳାତ୍କାର କରିଥିବା ଗୁରାଣ୍ଡି ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗକାରିଣୀ ଜଣକ ଜଣେ ବିଧବା। ଅଭିଯୋଗ ପ୍ରକାରେ ଗୁରୁବାର ଦିନ ପ୍ରାୟ ୧୨ଟା ବେଳେ ମା'ଙ୍କ ଦେହ ଅସୁସ୍ଥ ଖବର ଶୁଣି ଏମ୍. ଏନ୍.ପେଟା ଗ୍ରାମକୁ ମହିଳା ଜଣକ ସ୍କୁଟିରେ ଯାଉଥିଲେ। ଏହି ସମୟରେ ବାସୁଦେବ ରାଓ ତାଙ୍କୁ ଏକ କୁକୁଡା ଫାର୍ମ ନିକଟରେ ଅଟକାଇ ଶାରୀରିକ ସମ୍ପର୍କ ସ୍ଥାପନ ପାଇଁ ବାଧ କରିଥିଲା ବୋଲି ସେ ଅଭିଯୋଗରେ ଦର୍ଶାଇଛନ୍ତି। ଆର୍.ବାସୁଦେବ ରାଓ ଗତ ୨୦୨୨ ମସିହାରୁ ମହିଳାଙ୍କୁ ବିଭିନ୍ନ ପ୍ରଲୋଭନ ଦେଖାଇବା ସହ ବିବାହ ପ୍ରତିଶ୍ରୁତି ଦେଇଥିଲେ। ବିଭିନ୍ନ ସମୟରେ ତାଙ୍କୁ ବଳାତ୍କାର କରିଥିଲେ। ପ୍ରତିବାଦ କଲେ ପୁଅକୁ ମାରିଦେବାକୁ ଭୟ ଦେଖାଇ ଆସୁଥିଲା ଏବଂ ବଳପୂର୍ବକ ଓ ଅନିଚ୍ଛା ସତ୍ତ୍ୱେ ଉଭୟ ଶାରୀରିକ ଓ ଆର୍ଥିକ ଶୋଷଣ କରିଥିବା ମହିଳା ଜଣକ ଅଭିଯୋଗରେ ଉଲ୍ଲେଖ କରିଛନ୍ତି। ଏହାସହ ବାସୁଦେବ ରାଓ ୪ ଲକ୍ଷ ଟଙ୍କା ନେଇଯାଇଥିବା ମଧ୍ୟ ଅଭିଯୋଗ କରିଛନ୍ତି। ଟଙ୍କା ବହୁବାର ମାଗିବାରୁ ପୁଅ ସହ ତାଙ୍କୁ ଜୀବନରେ ମାରିଦେବାକୁ ଧମକ ଦେଇଥିବା ମହିଳା ଜଣକ ଉଲ୍ଲେଖ କରିଛନ୍ତି। ଏନେଇ ଗୁରାଣ୍ଡି ଥାନାରେ ଏକ ମାମଲା ରୁଜ କରାଯାଇ ତଦନ୍ତ ଆରମ୍ଭ କରାଯାଇଥିବା ଥାନା ଅଧିକାରୀ ଓମ୍ ନାରାୟଣ ପାତ୍ର କହିଛନ୍ତି।

## ୫୧ ଏକର ଗଞ୍ଜେଇ ଗଛ କଟାଗଲା

ଦାରିଙ୍ଗବାଡି,୧୪।୧୧(ସମିସ): ଚଳିତ ବର୍ଷ ୧୦ ଦିନ ମଧ୍ୟରେ ୨ ଥର ଦାରିଙ୍ଗବାଡି ଥାନା ଅଞ୍ଚଳରେ ୯୧ ଏକର ଗଞ୍ଜେଇ ଗଛ କଟା ହୋଇଛି। ପୂର୍ବରୁ ୪୦ ଏକର ଜମିରେ ଚାଷ ହୋଇଥିବା ଗଞ୍ଜେଇ ଗଛକୁ କଟାଯାଇଥିବା ବେଳେ ଶୁକ୍ରବାର ୫୧ ଏକର ଜମିରେ ହୋଇଥିବା ଗଞ୍ଜେଇ ଗଛ କଟା ଯାଇଛି। କଟାବାଡି, ସୁଜାମାଜୁ ଓ ଆଡିବଙ୍ଗା ଅଞ୍ଚଳରେ ପୁଲିସ, ବନ ବିଭାଗ, ଅବକାରୀ ବିଭାଗଙ୍କ ଉପସ୍ଥିତି କ୍ରମେ ଗଞ୍ଜେଇ ନଷ୍ଟ କରାଯାଇଛି। କାର୍ଯ୍ୟନିର୍ବାହୀ ଦଣ୍ଡାଧିକାରୀ ଭାବେ ଅତିରିକ୍ତ ତହସିଲଦାର ଦୁଃଶାସନ ସ୍ୱାଇଁଙ୍କ ଉପସ୍ଥିତି କ୍ରମେ ଡିଏସପି ତଥା ଥାନା ଅଧିକାରୀ କନକ ମାଝୀ, ଅବକାରୀ ଥାନା ଭାରପ୍ରାପ୍ତ ଅଧିକାରୀ ଅମରଜିତ ସାହୁ ସମେତ ଫୋର୍ସ ଗଞ୍ଜେଇ କଟାରେ ସାମିଲ ଥିଲେ। ୫୧ ଏକର ଜମିରୁ ପ୍ରାୟ ୫୬ ହଜାର ୧୦୦ ଗଛ କଟାଯାଇଥିଲା।

## କାର୍ ଦୁର୍ଘଟଣାଗ୍ରସ୍ତ; ଚାଳକଙ୍କ ସହ ୨ ଗୁରୁତର

ଫିରିଙ୍ଗିଆ,୧୪।୧୧(ସମିସ): ଫିରିଙ୍ଗିଆ ଗୋଚ୍ଛାପଡା ମୁଖ୍ୟରାସ୍ତାର ବରେବାଟା ଛକ ନିକଟରେ ଏକ କାର ଦୁର୍ଘଟଣାଗ୍ରସ୍ତ ହେବାରୁ ଚାଳକଙ୍କ ସହ ଏଥିରେ ବସିଥିବା ଅନ୍ୟଜଣେ ଯୁବକ ଗୁରୁତର ହୋଇଛନ୍ତି। ଆହତମାନେ ହେଲେ ଫିରିଙ୍ଗିଆ ଥାନା କାଶିନିପଦର ପଞ୍ଚାୟତ ସଲପ ସାହିର ଚନ୍ଦନ ଦିଗାଳ ଓ ସାସିପଦର ଗାଁର ବଳଭଦ୍ର ଦିଗାଳ। ସେମାନେ ଦୁଇ ସାଙ୍ଗ। କାର ଚନ୍ଦନ ଦିଗାଳଙ୍କ ବୋଲି ଜଣାପଡ଼ିଛି। ଶୁକ୍ରବାର ଦୁଇ ସାଙ୍ଗ କାରରେ ଫିରିଙ୍ଗିଆ ସହରକୁ ଆସି କାମ ସରି ଘରକୁ ଫେରିବାବେଳେ ଭାରସାମ୍ୟ ହରାଇ ବରେବାଟା ନିକଟରେ ରାସ୍ତା କଡ଼କୁ ଓଲଟି ପଡିଥିଲା। ଏଥିରେ କାର ଡ୍ରାଇଭରଙ୍କ ସହ ଅନ୍ୟ ଜଣେ ଆହତ ହୋଇଥିଲେ।



ସ୍ଥାନୀୟ ଲୋକେ ସେମାନଙ୍କୁ ଉଦ୍ଧାର କରି ପ୍ରଥମେ ଫିରିଙ୍ଗିଆ ସ୍ୱାସ୍ଥ୍ୟକେନ୍ଦ୍ର ଓ ଉଭୟଙ୍କ ଅବସ୍ଥା ଗୁରୁତର ହେବାରୁ ଫୁଲବାଣୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି।

## ସ୍ୱଚ୍ଛସାଥୀଙ୍କୁ ଅସଦାଚରଣ; ଅଭିଯୁକ୍ତଙ୍କୁ ବର୍ଷେ ଜେଲ୍

ପାରଳାଖେମୁଣ୍ଡି,୧୪।୧୧(ସମିସ): ସ୍ୱଚ୍ଛସାଥୀଙ୍କୁ ଅସଦାଚରଣ ମାମଲାରେ କୋର୍ଟ ଅଭିଯୁକ୍ତଙ୍କୁ ବର୍ଷେ ଜେଲ ଦଣ୍ଡରେ ଦଣ୍ଡିତ କରିଛନ୍ତି। ୨୦୨୧ ଜୁଲାଇ ୬ରେ ଜଣେ ସ୍ୱଚ୍ଛସାଥୀ ଗାନ୍ଧିସ୍କୁଲ ନିକଟରେ ସଫେଇ କରୁଥିଲେ। ସେହି ସମୟରେ ଅଭିଯୁକ୍ତ ଡାମା ପନାଡୁ ଅସଦାଚରଣ କରିଥିଲେ। ପୂର୍ବରୁ ମଧ୍ୟ ବହୁବାର ହଇରାଣ କରିବା ସହ ତାଙ୍କ ସହ ରହିବା ପାଇଁ ଜୋର ଜବରଦସ୍ତ କରିବା ସହ କର୍ମସ୍ଥଳୀରେ ମଧ୍ୟ ହଇରାଣ କରୁଥିଲେ। ଶେଷରେ ଅତିଷ୍ଠ ହୋଇ ସେ ପାରଳାଖେମୁଣ୍ଡି ଥାନାରେ ଅଭିଯୋଗ କରିଥିଲେ। ତତ୍କାଳୀନ ସବ ଇନ୍ସପେକ୍ଟର ପିଙ୍କି କୁମାରୀ ମୁର୍ମୁ ଉକ୍ତ ମାମଲାର ତଦନ୍ତ କରି ଉକ୍ତ ଆସାମୀଙ୍କୁ କୋର୍ଟ ଚାଲାଣ କରିଥିଲେ। ଏହି ସମ୍ବେଦନଶୀଳ ମାମଲାର ଶୁଣାଣି କରି ସିଜେଏମ୍ ତଥା ଆସିଷ୍ଟାଣ୍ଟ ସେସନଜଜ ନରୋତ୍ତମ ସେଠୀ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରି ବର୍ଷେ ସଶ୍ରମ କାରାଦଣ୍ଡ ଓ ୫ହଜାର ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ଅଧିକ ୧ମାସ ସଶ୍ରମ କାରାଦଣ୍ଡ ନେଇ ରାୟରେ ଉଲ୍ଲେଖ କରିଛନ୍ତି। ସରକାରଙ୍କ ପକ୍ଷରୁ ଏପିପି ଆର. ଉଦୟ ଚନ୍ଦ୍ର ରାଓ ଏହି ମାମଲା ପରିଚାଳନା କରିଥିବା ଭାରପ୍ରାପ୍ତ କ୍ୟାଡ଼ର ପବ୍ଲିକ ପ୍ରସିକ୍ୟୁଟର ରାଜେଶ କୁମାର ମିଶ୍ର ସୂଚନା ଦେଇଛନ୍ତି।

## ପ୍ରୋବେସନାରୀ ଆଇଏଏସ୍‌ଙ୍କ କୋଚିଂ ସେଣ୍ଟର ପରିଦର୍ଶନ

ଫିରିଙ୍ଗିଆ, ୧୪।୧୧(ସମିସ): ଭାରତ ଦର୍ଶନ ଶିକ୍ଷାତ୍ମକ ଭ୍ରମଣର ଅଂଶ ଭାବେ ୯ ଜଣ ପ୍ରୋବେସନାରୀ ଆଇଏଏସ୍ ଅଧିକାରୀ ଶୁକ୍ରବାର ସକାଳେ ସିଭିଲ ସର୍ଭିସେସ୍ କୋଚିଂ ସେଣ୍ଟର ପରିଦର୍ଶନ କରିଥିଲେ। ପରିଦର୍ଶନର ଆରମ୍ଭରେ ଆଇଟିଡିଏ ପ୍ରକଳ୍ପ ପ୍ରଶାସକ ଗଦାଧର ପାତ୍ର ଅଧିକାରୀମାନଙ୍କୁ ସ୍ୱାଗତ ପରିଚୟ ସହ ଆଇଟିଡିଏର ସଫଳ ରୂପାୟନ ମଧ୍ୟରୁ ୨ ବ୍ୟାଚର ସଫଳତା ଓ ଆଗାମୀ କାର୍ଯ୍ୟ ପ୍ରଣାଳୀ ବିଷୟରେ ଜଣାଇଥିଲେ। କୋଚିଂ ସୁପରିଟେଣ୍ଡେଣ୍ଟ୍ ଦାୟିତ୍ୱରେ ଥିବା ଶିବ ସୁନ୍ଦର ସାହୁ କୋଚିଂ ସେଣ୍ଟରର କାର୍ଯ୍ୟପ୍ରଣାଳୀ, ପଢ଼ାଶୁଣା ପ୍ରକ୍ରିୟା, ଆବଶ୍ୟକ ସୁବିଧା ଓ ଛାତ୍ରଛାତ୍ରୀଙ୍କ ପାଇଁ ଚାଲୁଥିବା ଉଦ୍ୟମ ସମ୍ପର୍କରେ କହିଥିଲେ। ପ୍ରାୟ ଦେଢ଼ଘଣ୍ଟା ଧରି ପ୍ରୋବେସନାରୀ ଆଇଏଏସ୍ ଅଧିକାରୀମାନେ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରି ପ୍ରଶାସନିକ ଅଧିକାରୀ ପରୀକ୍ଷା ନିମିତ୍ତ ବିଭିନ୍ନ ଅଭ୍ୟାସ ପ୍ରଣାଳୀ, ବିଭିନ୍ନ ଚୟନ ବିଷୟ ବାଛିବା ପଦ୍ଧତି ଏବଂ ୟୁପିଏସସି ପରୀକ୍ଷା ସମ୍ପର୍କିତ ଅନେକ ପ୍ରଶ୍ନର ସହଜ ଓ ପ୍ରାୟୋଗିକ ଉତ୍ତର ଦେଇଥିଲେ। ଛାତ୍ରଛାତ୍ରୀଙ୍କ ଉତ୍ସାହ ପ୍ରତି ଅଧିକାରୀ ସନ୍ତୋଷ ପ୍ରକାଶ କରି, ଜିଲ୍ଲା ପ୍ରଶାସନର ଏହି ଅଭିନବ ପ୍ରୟାସକୁ ପ୍ରଶଂସା କରିଥିଲେ। ଡିଆରଡିଏ କନ୍ଧମାଳ, ଦୁଃଶାସନ ସିଂ ସମସ୍ତ ଅଧିକାରୀଙ୍କୁ ଜିଲ୍ଲାର ବିଭିନ୍ନ ସ୍ଥାନ, ଯୋଜନା ଓ ସଫଳ ପ୍ରକଳ୍ପ ସ୍ଥଳୀର ପରିଦର୍ଶନ କରାଇଥିଲେ।



## କଳିଙ୍ଗ ମହାବିଦ୍ୟାଳୟ ଏନ୍‌ଏସ୍‌ଏସ୍ ଛାତ୍ରଙ୍କ ସଫଳତା

ଜି.ଉଦୟଗିରି,୧୪।୧୧(ସମିସ): ଜି.ଉଦୟଗିରି କଳିଙ୍ଗ ମହାବିଦ୍ୟାଳୟର ଜାତୀୟ ସେବା ଯୋଜନା ଛାତ୍ର ଏଲିଓ ବଳିୟାର ସିଂ ନ୍ୟାସନାଲ ଇଣ୍ଟିଗ୍ରେଟେଡ୍ କ୍ୟାମ୍ପ ତରଫରୁ ଅନୁଷ୍ଠିତ ସଂଗୀତ ପ୍ରତିଯୋଗିତାରେ ଅଂଶଗ୍ରହଣ କରି ପ୍ରଥମ ସ୍ଥାନ ଅଧିକାର କରିଛନ୍ତି। ଜାତୀୟ ସେବା ଯୋଜନାର ଜାତୀୟସ୍ତରରେ ଅନୁଷ୍ଠିତ ଶିବିରରେ ଉକ୍ତ ଛାତ୍ରର କୃତିତ୍ୱ ପାଇଁ ଅଧକ୍ଷ ପ୍ରଫେସର ପ୍ରସନ୍ନ କୁମାର ନାୟକ ତଥା ଜାତୀୟ ସେବା ଯୋଜନାର ଜିଲ୍ଲା ସଂଯୋଜକ ଡ଼ ନଳିନୀ କୁମାର ପାଣିଗ୍ରାହୀ, ପ୍ରୋଗ୍ରାମ ଅଫିସର ଗିରିଶ କୁମାର ମୁଠାମାଝି, ଅଧିକାରିଣୀ ସରିତା ମିଶ୍ର ତଥା ମହାବିଦ୍ୟାଳୟର ସମସ୍ତ ଅଧାପକ ଅଧାପିକା, କର୍ମଚାରୀ ଓ ଛାତ୍ରଛାତ୍ରୀ ଶୁଭେଚ୍ଛା ସହ ଅଭିନନ୍ଦନ ଜଣାଇଛନ୍ତି। ଉଲ୍ଲେଖନୀୟ ଯେ ଏହି ଶିବିର ମହର୍ଷି ଦୟାନନ୍ଦ ବିଶ୍ୱବିଦ୍ୟାଳୟ, ରୋହତକ, ହରିୟାଣାରେ ଅନୁଷ୍ଠିତ ହୋଇଥିଲା।



## ବିଦ୍ୟାଳୟସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା

ରାୟଗଡ,୧୪।୧୧(ସମିସ): ରାୟଗଡ଼ ବ୍ଲକ ସଦର ମହକୁମା ସରକାରୀ ଏସଏସଡି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ କେନ୍ଦ୍ର ସରକାରଙ୍କ ଅଧୀନରେ ମେରା ଭାରତ ଯୁବା ଭାରତ ଦ୍ୱାରା ବ୍ଲକସ୍ତରୀୟ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଶୁକ୍ରବାର ଅନୁଷ୍ଠିତ ହୋଇଥିଲା। ମୁଖ୍ୟ ଅତିଥି ଭାବେ ପ୍ରଧାନଶିକ୍ଷକ ସୁରେଶ କୁମାର ସାହୁକାର ଏବଂ ସମ୍ମାନିତ ଅତିଥି ଭାବେ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଭାରପ୍ରାପ୍ତ ଅଧକ୍ଷ ଜିତେନ୍ଦ୍ର ମୁଦୁଲି ଉପସ୍ଥିତ ରହି କ୍ରୀଡ଼ାବିତ୍‌ଙ୍କୁ ଉତ୍ସାହିତ କରିଥିଲେ। ବିଭିନ୍ନ ବିଦ୍ୟାଳୟରୁ ୧୩୫ଜଣ କ୍ରୀଡ଼ାବିତ୍ ଅଂଶଗ୍ରହଣ କରିଥିଲେ। ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମକୁ ବିଦ୍ୟାଳୟର କ୍ରୀଡ଼ାଶିକ୍ଷକ ସନ୍ତୋଷ ପ୍ରସାଦ ପଣ୍ଡା ପରିଚାଳନା କରିଥିବା ବେଳେ ଶିକ୍ଷକ/ଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

## ନୂଆଗଡ଼ ବ୍ଲକ୍ ସକାଳ ପ୍ରତିନିଧିଙ୍କ ମାତୃ ବିୟୋଗ

ପାରଳାଖେମୁଣ୍ଡି,୧୪।୧୧(ସମିସ): ଗଜପତି ଜିଲ୍ଲା ନୂଆଗଡ ବ୍ଲକ ଦୈନିକ "ସକାଳ' ଖବର କାଗଜର ସାମ୍ବାଦିକ ମନୋହର ପରିଚ୍ଛାଙ୍କ ମା' ବିମୋହିନୀ ପରିଚ୍ଛାଙ୍କ ୫୭ ବର୍ଷ ବୟସରେ ପରଲୋକ ଘଟିଛି। ସେ ଦୀର୍ଘଦିନ ହେଲା ଅସୁସ୍ଥ ଥିଲେ। ତାଙ୍କ ବିୟୋଗରେ 'ସକାଳ' ବ୍ରହ୍ମପୁର ସଂସ୍କରଣ ମୁଖ୍ୟ ଶକ୍ତିଧର ରାଜଗୁରୁଙ୍କ ସମେତ ସମସ୍ତ କର୍ମଚାରୀ, ଗଜପତି ଜିଲ୍ଲା ପ୍ରତିନିଧି ରଶ୍ମିରଞ୍ଜନ ମିଶ୍ର, ମୋହନା ବ୍ଲକର ସୁମନ ପଟ୍ଟନାୟକ, ରାୟଗଡ ବ୍ଲକର ସାଇରଞ୍ଜନ ପଟ୍ଟନାୟକ, ଗୋଷାଣି ବ୍ଲକର ନରସିଂହ ପ୍ରସାଦ ପଟ୍ଟନାୟକ, ଗୁମ୍ମା ବ୍ଲକର ଋଷିକେଶ ଦଳାଇ ଓ କାଶୀନଗର ବ୍ଲକର ରାଜେଶ ମିଶାଲ ଶୋକ ପ୍ରକାଶ କରିବା ସହ ଅମର ଆତ୍ମାର ସଦ୍‌ଗତି କାମନା କରିଛନ୍ତି।



# ବିଭିନ୍ନ ବିଦ୍ୟାଳୟରେ 'ଶିଶୁ ଦିବସ'

ଛତ୍ରପୁର,୧୪।୧୧(ସମିସ): ଛତ୍ରପୁର ସହରରେ ଅବସ୍ଥାପିତ ୟୁରୋ ସ୍କୁଲ ପକ୍ଷରୁ ଶିଶୁ ଦିବସକୁ ନିଆରା ଢ଼ଙ୍ଗରେ ପାଳିତ କରାଯାଇଛି। ଛାତ୍ରଛାତ୍ରୀଙ୍କ ଗୁଣାତ୍ମକ ଓ ଭୌତିକ ଶିକ୍ଷାର ବିକାଶ କ୍ଷେତ୍ରରେ ସ୍କୁଲ ପକ୍ଷରୁ ଉଦ୍ୟମ ଜାରି ରହିଥିବା ବେଳେ ଆଜି ଶିଶୁ ଦିବସରେ ଛାତ୍ରଛାତ୍ରୀଙ୍କ ପାଇଁ "ଫନ୍ ଫେୟର' ତଥା ମଜା ମେଳାର ଆୟୋଜନ କରାଯାଇଥିଲା। ଏଥିରେ ଛାତ୍ରଛାତ୍ରୀଙ୍କ ସହ ଅଭିଭାବକ ଓ ଶିକ୍ଷକ ଏବଂ ଶିକ୍ଷୟିତ୍ରୀମାନେ ମଧ୍ୟ ସାମିଲ ହୋଇଥିଲେ। ଛାତ୍ରଛାତ୍ରୀଙ୍କ ନିମନ୍ତେ ମନୋରଞ୍ଜନ ଖେଳ, ବିଭିନ୍ନ ପ୍ରକାର ଖାଦ୍ୟ ଷ୍ଟଲ୍, ସାଂସ୍କୃତିକ କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା। ପ୍ରାରମ୍ଭରେ ସ୍କୁଲର ପ୍ରିନ୍ସପାଲ ତପସ୍ୱିନୀ ସାହୁ, ଏକାଡେମୀ ନିର୍ଦ୍ଦେଶକ ପ୍ରମୋଦ କୁମାର ମିଶ୍ର ପ୍ରମୁଖ ପୂର୍ବତନ ପ୍ରଧାନମନ୍ତ୍ରୀ ଜବାହାରଲାଲ ନେହୁରୁଙ୍କ ଫୋଟଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରି କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରିଥିଲେ।






● **ପୁରୁଷୋତ୍ତମପୁର:** ପୁରୁଷୋତ୍ତମପୁର କୁମାରି ସ୍ଥିତ ସନସାଇନ ଇଣ୍ଟରନ୍ୟାସନାଲ ସ୍କୁଲରେ ଶିଶୁ ଦିବସ ପାଳିତ ହୋଇଯାଇଛି। ସ୍କୁଲ ସଭାପତି ପ୍ରଫୁଲ୍ଲ କୁମାର ରଥଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ପୁରୁଷୋତ୍ତମପୁର ଏସଡିପିଓ ସୁଜିତ କୁମାର ନାୟକ, ମୁଖ୍ୟବକ୍ତା ତାରାତାରିଣୀ ମହାବିଦ୍ୟାଳୟର ଅଧକ୍ଷା ଡଃ ସନ୍ଧ୍ୟାରାଣୀ ପାତ୍ର, ସମ୍ମାନିତ ଅତିଥି ତାରାତାରିଣୀ ମହାବିଦ୍ୟାଳୟର ଓଡିଆ ଅଧାପକ ପ୍ରଶାନ୍ତ ପଟ୍ଟନାୟକ, ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଏ ରାଜଗୋପାଳ ରାଓ, ଲକ୍ଷ୍ମୀ ଚରଣ ପାଣିଗ୍ରାହୀ ଉପସ୍ଥିତ ରହି ଜବାହରଲାଲ ନେହେରୁଙ୍କ ଜୀବନି ଉପରେ ଆଲୋକପାତ କରିଥିଲେ। ସ୍କୁଲ ଅଧକ୍ଷ ସୁନିଲ ମହାନ୍ତି କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ, ଛାତ୍ରଛାତ୍ରୀ ଓ ଅଭିଭାବକ ମାନେ ଉପସ୍ଥିତ ଥିଲେ।

● **କବିସୂର୍ଯ୍ୟନଗର:** ସ୍ଥାନୀୟ ସିଦ୍ଧେଶ୍ୱର ପୀଠରେ କବିସମ୍ରାଟ ଉପେନ୍ଦ୍ର ଭଞ୍ଜ ପବ୍ଲିକ ସ୍କୁଲ ପକ୍ଷରୁ ଶୁକ୍ରବାର ଦିନ "ହ୍ୟାପି ଚିଲଡ୍ରେନ ଡେ " ପାଳିତ ହୋଇଯାଇଛି। ଏଥିରେ ସମସ୍ତ ନର୍ସରୀ କ୍ଲାସ ଠାରୁ ଦଶମ କ୍ଲାସ ପର୍ଯ୍ୟନ୍ତ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ସ୍କୁଲର ଅଧକ୍ଷ ବିଦେଶୀ ଖଟେଇଙ୍କ ପୌରାହିତ୍ୟରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଭାବେ ଲାୟନ୍ସ କ୍ଲବ ସଭାପତି ଇଂ. କୃପାସିନ୍ଧୁ ସ୍ୱାଇଁ, ମୁଖ୍ୟବକ୍ତା ଶିକ୍ଷକ ଗୌରୀ ପ୍ରଧାନ, ସମ୍ମାନିତ ଅତିଥି ଭାବେ ସୋମନାଥ ପଟ୍ଟନାୟକ ଓ ସୁବାସ ଚନ୍ଦ୍ର ରେଡି ମଞ୍ଚାସୀନ ଥିଲେ। ସ୍କୁଲ ଚେୟାରମ୍ୟାନ ରୁମା ପୋଲାଇ ଧନ୍ୟବାଦ ପ୍ରଦାନ କରିଥିଲେ।






● **ବେଲଗୁଣ୍ଠା:** ବେଲଗୁଣ୍ଠା ବ୍ଲକର ସମସ୍ତ ସରକାରୀ ଏବଂ ଘରୋଇ ଶିକ୍ଷା ଅନୁଷ୍ଠାନରେ ଶିଶୁ ଦିବସ ପାଳିତ ହୋଇଯାଇଛି। ଶିକ୍ଷାବିତ୍ କୁଞ୍ଜବିହାରୀ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ କୁମୁଦିନୀ ଫାଉଣ୍ଡେସନ୍ ପକ୍ଷରୁ "ମୋ ଜେଜେ ମାଆ ଓ ମୋ ଜେଜେ ବାପା " ଶୀର୍ଷକରେ ପ୍ରବନ୍ଧ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଅତିଥି ରୂପେ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ରାମଚନ୍ଦ୍ର ସାହୁ, ସମିତିସଭ୍ୟ ବିଭୂପାଦ ଜେନା, ଶିକ୍ଷାବିତ୍ ରାମକୃଷ୍ଣ ପାତ୍ର ଏବଂ କୁମୁଦିନୀ ଫାଉଣ୍ଡେସନ୍ ପ୍ରତିଷ୍ଠାତା ସନ୍ନ୍ୟାସୀ ପାତ୍ର ପ୍ରମୁଖ ଯୋଗ ଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ଏହି ଅବସରରେ ବିଜୟ ଚନ୍ଦ୍ର ଶତପଥୀଙ୍କୁ ଶ୍ରେଷ୍ଠ ଜେଜେ ବାପା ରୂପେ ସମ୍ମାନିତ କରାଯାଇଥିଲା ଓ ଇଙ୍ଗିନାଠୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଅନୁଷ୍ଠିତ ଶିଶୁ ଦିବସ କାର୍ଯ୍ୟକ୍ରମରେ ପ୍ରଧାନ ଶିକ୍ଷକ ମନୋଜ କୁମାର ନାୟକ,ସଭାପତି ସୂର୍ଯ୍ୟକାନ୍ତ ନାୟକ,ମୁଖ୍ୟ ଅତିଥି ରବୀନ୍ଦ୍ର ଗଉଡ, ସମ୍ମାନିତ ଅତିଥି ମୃତ୍ୟୁଞ୍ଜୟ ରଥ, ଲକ୍ଷ୍ମଣ ମଲ୍ଲିକ, ପବିତ୍ର ନାୟକ,ଶିକ୍ଷୟିତ୍ରୀ ଦୀପ୍ତାଂଶୁ ପ୍ରଭା ଦେବୀ, ବାଲରାଜ୍ ଆୟେଙ୍ଗର, ସମୀର ସାହୁ,ସଞ୍ଜିତା ପାଢ଼ୀ, ରଶ୍ମିତା ରାଉତ ଉପସ୍ଥିତ ରହି ବ୍ଲକସ୍ତରୀୟ ସୁରଭି ରେ ପୁରସ୍କୃତ ୩ଜଣ ଛାତ୍ରୀଙ୍କୁ ସମ୍ମାନିତ କରିଥିଲେ।

● **କୁକୁଡାଖଣ୍ଡି:** କୁକୁଡାଖଣ୍ଡି ସରକାରୀ ନୋଡାଲ ହାଇସ୍କୁଲରେ ଶିଶୁ ଦିବସ ପାଳିତ ହୋଇଛି। କାର୍ଯ୍ୟକ୍ରମରେ ପୋଷାକ ବଣ୍ଟନ ସହ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା। ପ୍ରଧାନ ଶିକ୍ଷୟିତ୍ରୀ ମଧୁସ୍ମିତା ପାଢ଼ୀଙ୍କ ଅଧକ୍ଷତାରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିବା ବେଳେ ଶିକ୍ଷକ ଶିକ୍ଷୟିତ୍ରୀ ମାନେ ସହଯୋଗ କରିଥିଲେ। ପ୍ରଧାନ ଶିକ୍ଷୟିତ୍ରୀ ଶ୍ରୀମତୀ ପାଢୀ ଧନ୍ୟବାଦ ଅର୍ପଣ କରିଥିଲେ। ସେହିପରି ଲୋଚାପଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଶିଶୁ ଦିବସ ପାଳିତ ହୋଇଥିଲା। ପ୍ରଧାନ ଶିକ୍ଷୟିତ୍ରୀ ନୀଳିମା ଶତପଥି କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ। ଗୀତ ଓ ନୃତ୍ୟ ପ୍ରଦର୍ଶନ, ନେହେରୁ ଜୀବନୀ ଉପରେ ଛାତ୍ରଛାତ୍ରୀ ମାନେ ଅଭିଭାଷଣ ଦେଇଥିଲେ।

● **କୋଦଳା:** କୋଦଳା ସରସ୍ୱତୀ ଶିଶୁ ମନ୍ଦିରରେ ଶିଶୁ ଦିବସ ପାଳିତ ହୋଇଯାଇଛି। କୋଦଳା ତାଲୁକା ଆଇନ ସେବା ପ୍ରାଧୀକରଣ ପକ୍ଷରୁ ଅନୁଷ୍ଠିତ ଶିଶୁ ଦିବସରେ କମିଟି ଅଧକ୍ଷ ତଥା କୋଦଳା ଅତିରିକ୍ତ ଜିଲ୍ଲା ଦୌରାଜଜ୍ ବିଶ୍ୱ ରଞ୍ଜନ ବେହେରା, ଜେଏମଏଫସି ଜଜ୍ ଶୋଭନ କୁମାର ପଣ୍ଡା ଯୋଗଦେଇ ଛାତ୍ରଛାତ୍ରୀ ମାନଙ୍କୁ ଦେଶର ଭବିଷ୍ୟତ ଭାବେ ଅଭିହିତ କରି କିଭଳି ସେମାନେ ଦେଶ ସେବାରେ ନିଜକୁ ବ୍ରତୀ କରିପାରିବେ ସେ ସମ୍ପର୍କରେ ମାର୍ଗଦର୍ଶନ କରିଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ଅତିରିକ୍ତ ପିପି ସୁବାଷ ଚନ୍ଦ୍ର ସାହୁ, ଓକିଲ ସଂଘ ସଂପାଦକ ଗୋପାଳକୃଷ୍ଣ ସାହୁ, ବରିଷ୍ଠ ଆଇନଜୀବୀ ପ୍ରଫୁଲ୍ଲ କୁମାର ମିଶ୍ର, ଭାସ୍କର ସ୍ୱାଇଁ, ଜମିର ଅଲ୍ଲୀ ଖାନ୍, ଶିଶୁ ମନ୍ଦିରର ଗୁରୁଜୀ, ଗୁରୁମା, ବହୁ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।

● **ବୁଗୁଡ଼ା:** ବୁଗୁଡ଼ା ଏନଏସି ଅନ୍ତର୍ଗତ ନିଉ ଏରା ପବ୍ଲିକ ସ୍କୁଲରେ ଶିଶୁ ଦିବସ ପାଳିତ ହୋଇଯାଇଛି। ଉପାଧକ୍ଷ ଅନିରୁଦ୍ଧ ଗୌଡ଼ଙ୍କ ସଭାପତିତ୍ୱରେ ଆୟୋଜିତ ଉତ୍ସବରେ ମୁଖ୍ୟଅତିଥି ଭାବେ ବୁଗୁଡ଼ା ମିଡ଼ିଆ କ୍ଲବ୍ ସଭାପତି ଅନୀଲ ପଟ୍ଟନାୟକ ଯୋଗଦେଇଥିଲେ। ସ୍କାଉଟ ମାଷ୍ଟର ବୈଷ୍ଣବ ଚରଣ ଦାଶ ସଂଯୋଜନା କରିଥିବା ବେଳେ ସୀମାଞ୍ଚଳ ଦାଶ ଅତିଥି ପରିଚୟ ପ୍ରଦାନ କରିଥିଲେ। ରୁଦ୍ର ପ୍ରତାପ ପ୍ରଧାନ, ନିବେଦିତା ମିଶ୍ର, ନାରାୟଣ ସେଠୀ ନମିତା ପଟ୍ଟନାୟକ, ସୋନମ୍ ଦାଶ, କବିତା ସେଠୀ, ସୁନୀତା ପଟ୍ଟନାୟକ, ରୋଜାଲିନ ପଟ୍ଟନାୟକ, ସ୍ୱପ୍ନାରାଣୀ ପଣ୍ଡା, ଆରତୀ ବିଷୋୟୀ, ପୂଜା ନାହାକ, ଶିଲ୍ପା ମହାନ୍ତି, ଶୁଭଶ୍ରୀ ଜେନା, ଅଦିତି ପୋଲାଇ, ମିନତୀ ବିଷୋୟୀ ପ୍ରମୁଖ ସହଯୋଗ କରିଥିଲେ। ସୁଦୀପ୍ତା କୁମାରୀ ମିଶ୍ର ଧନ୍ୟବାଦ୍ ଅର୍ପଣ କରିଥିଲେ।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୭୬ ● ପାଉଣ୍ଡ ୧୧୭.୨୪
- ୟୁରୋ ୧୦୩.୧୭ ● ୟେନ୍ ୦.୫୭

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୮,୪୦୦ (ନୂଆଦିଲ୍ଲୀ)
- ରୁପା : ୧,୮୦,୦୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍ସେକ୍ସ ୮୪,୫୬୨.୦୦
- ନିଫ୍ଟି ୨୫,୯୦୦.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ଇଭି ନୀତିର ପୁନର୍ବିଚାର ଜରୁରୀ: ସୁପ୍ରିମକୋର୍ଟ

## ବଡ଼ ସହରରେ ଆରମ୍ଭ କରାଯାଉ ପାଇଲଟ୍ ପ୍ରକଳ୍ପ

**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ଦେଶରେ ପ୍ରଚଳିତ ଇଲେକ୍ଟ୍ରିକ୍ ଯାନ (ଇଭି) ନୀତିର ପୁନର୍ବିଚାର କରାଯିବା ଆବଶ୍ୟକ। ଗୁରୁବାର ସୁପ୍ରିମକୋର୍ଟ ଇଲେକ୍ଟ୍ରିକ୍ ଯାନକୁ ପ୍ରୋତ୍ସାହିତ କରୁଥିବା ନୀତି ଉପରେ ଦାୟର ଏକ ଜନସ୍ୱାର୍ଥ ମାମଲାର ଶୁଣାଣି କରି ଏହା କହିଛନ୍ତି। ଶୁଣାଣି ସମୟରେ, କୋର୍ଟ ମୌଖିକ ଭାବରେ ସରକାରଙ୍କୁ ଜାତୀୟ ବୈଦ୍ୟୁତିକ ଗତିଶୀଳତା ମିଶନ୍ ଯୋଜନା (ଏନ୍ଇଏମ୍ଏମ୍ପି) ୨୦୨୦ର ପୁନଃବିଚାର କରିବାକୁ ପରାମର୍ଶ ଦେଇଛନ୍ତି। ଏହାଦିଲ୍ଲୀ, ମୁମ୍ବଇ, କଲକାତା, ଚେନ୍ନାଇ ଏବଂ ବେଙ୍ଗାଲୁରୁ ଭଳି ମେଟ୍ରୋ ସହରରେ ପାଇଲଟ୍ ପ୍ରକଳ୍ପଗୁଡ଼ିକୁ ଆରମ୍ଭ କରିବାକୁ ମଧ୍ୟ ପରାମର୍ଶ ଦେଇଛନ୍ତି। ଜଷ୍ଟିସ୍ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ୍ ଜ୍ୟୋମଲ୍ୟା ବାଗଚୀଙ୍କ ଖଣ୍ଡପୀଠ ସମ୍ମୁଖରେ ଓକିଲ ପ୍ରଶାନ୍ତ ଭୂଷଣ ଯୁକ୍ତି ଦର୍ଶାଇଥିଲେ ଯେ ଇଭି କ୍ରୟ ଉପରେ ରିଆତି ଏବଂ ଟିକସ ଛାଡ଼ ଭଳି ସରକାରଙ୍କ ନୀତିଗୁଡ଼ିକୁ କାର୍ଯ୍ୟକାରୀ କରାଯିବା ଆବଶ୍ୟକ।

ଏହି ଜନସ୍ୱାର୍ଥ ମାମଲା ସେଣ୍ଟର ଫର ପବ୍ଲିକ୍ ଇଣ୍ଟରେଷ୍ଟ ଲିଟିଗେସନ୍, କମନ୍ କଜ୍ ଏବଂ ସୀତାରାମ ଜିନ୍ଦଲ ଫାଉଣ୍ଡେସନ୍ ୨୦୧୯ରେ ପିଆଇଏଲ୍ ଦାୟର କରିଥିଲେ। ଲକ୍ଷ୍ୟ ଥିଲା ଜୀବାଶ୍ମ ଇନ୍ଧନ ଯାନରୁ ନିର୍ଗମନକୁ ରୋକିବା, ଯାହା ବାୟୁ ପ୍ରଦୂଷଣ ଏବଂ ଜଳବାୟୁ ପରିବର୍ତ୍ତନରେ ଯୋଗଦାନ କରିବ। ଆବେଦନକାରୀମାନେ ଯୁକ୍ତି ଦେଇଥିଲେ ଯେ ସରକାରୀ ଅବହେଳା ନାଗରିକଙ୍କ ସ୍ୱାସ୍ଥ୍ୟ ଏବଂ ସ୍ୱଚ୍ଛ ପରିବେଶ ଅଧିକାରକୁ ଉଲ୍ଲଂଘନ କରୁଛି। ସେମାନେ ସରକାର ସହରଗୁଡ଼ିକୁ "ଗ୍ୟାସ୍ ଚାମ୍ବର»ରେ ପରିଣତ କରୁଥିବା ଅଭିଯୋଗ କରିଥିଲେ। ଆବେଦନକାରୀମାନେ ଭାରୀ ଶିଳ୍ପ ମନ୍ତ୍ରଣାଳୟର ଏନ୍ଇଏମ୍ଏମ୍ପି ୨୦୧୨ ଏବଂ ନୀତି ଆୟୋଗର ୨୦୧୮



ମାସକ ପରେ ପରବର୍ତ୍ତୀ ଶୁଣାଣି

«ଶୂନ୍ୟ ନିର୍ଗମନ ଯାନ" ରିପୋର୍ଟକୁ କାର୍ଯ୍ୟକାରୀ କରିବାକୁ ଦାବି କରିଥିଲେ। ଏଥିରେ ଇଭି ଉପରେ ରିଆତି, ଟିକସ ଛାଡ଼, ସରକାରୀ ଯାନଗୁଡ଼ିକୁ ଇଭିରେ ପରିବର୍ତ୍ତନ, ବାଧ୍ୟତାମୂଳକ ଚାର୍ଜିଂ ପଏଣ୍ଟ ଏବଂ ଏକ ଫି' ସିଷ୍ଟମ (ପ୍ରଦୂଷକ ଯାନ ଉପରେ ଫି, ଇଭି ଉପରେ ସବସିଡି) ଅନ୍ତର୍ଭୁକ୍ତ ଥିଲା। ସେମାନେ ବ୍ୟକ୍ତିଗତ ଚାର୍ଜିଂ ଭିତ୍ତିଭୂମି ପାଇଁ ପ୍ରୋତ୍ସାହନ, ଟୋଲ୍/ପାର୍କିଂ ଛାଡ଼ ଏବଂ ହାଇଡ୍ରୋଜେନ୍ ଯାନ ଉପରେ ଧ୍ୟାନ ଦେବାକୁ ମଧ୍ୟ ଆହ୍ୱାନ କରିଥିଲେ।

୨୦୨୦ରେ, ସୁପ୍ରିମକୋର୍ଟ କହିଥିଲେ ଯେ ଏହି ପ୍ରସଙ୍ଗ କେବଳ ଏନ୍ସିଆର୍‌ର ନୁହେଁ ବରଂ ସମଗ୍ର ଦେଶର ପରିବେଶକୁ ପ୍ରଭାବିତ କରେ। କୋର୍ଟ ପକ୍ଷମାନଙ୍କଠାରୁ ଇଭି କ୍ରୟ, ଚାର୍ଜିଂ ପୋର୍ଟ, ଇନ୍ଧନ ପ୍ରଣାଳୀ, ହାଇଡ୍ରୋଜେନ୍ ଯାନ, ଅନ୍ୟାନ୍ୟ ଶକ୍ତି ଉତ୍ସ ଏବଂ ଆମଦାନୀ/ପରିବେଶିକ ପ୍ରଭାବ ଉପରେ ସହାୟତା ଲୋଡ଼ିଥିଲେ। କୋର୍ଟ ସ୍ୱୀକାର କରିଛନ୍ତି ଯେ ସରକାରଙ୍କ ସୁପାରିଶଗୁଡ଼ିକୁ କାର୍ଯ୍ୟକାରୀ ନ କରିବା ଯୋଗୁଁ ପ୍ରଦୂଷଣ ବୃଦ୍ଧି ପାଉଛି। ଆଜିର ଶୁଣାଣିରେ ଜଷ୍ଟିସ୍ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ୍ ଜ୍ୟୋମଲ୍ୟା ବାଗଚୀଙ୍କ ଖଣ୍ଡପୀଠ ସମ୍ମୁଖରେ, ଆଇନଜୀବୀ ପ୍ରଶାନ୍ତ ଭୂଷଣ ଯୁକ୍ତି ଦେଇଥିଲେ ଯେ ଇଭିର ଉଚ୍ଚ ମୂଲ୍ୟ ହ୍ରାସ କରିବା ପାଇଁ ପ୍ରୋତ୍ସାହନ ରାଶି ଏବଂ ଚାର୍ଜିଂ ପଏଣ୍ଟ ଆବଶ୍ୟକ। ଆଟର୍ଣ୍ଣି ଜେନେରାଲ ଆର. ଭେଙ୍କଟରମଣି କୋର୍ଟଙ୍କୁ ସୂଚନା ଦେଇଛନ୍ତି ଯେ ୧୩ଟି କେନ୍ଦ୍ରୀୟ ମନ୍ତ୍ରଣାଳୟ ଇଭିକୁ ପ୍ରୋତ୍ସାହିତ କରିବା ପାଇଁ ଏକାଠି କାମ କରୁଛନ୍ତି। କୋର୍ଟ ସମସ୍ତ ବିଜ୍ଞପ୍ତି ଏବଂ ପ୍ରଗତି ରିପୋର୍ଟ ଗୋଟିଏ ମାସ ମଧ୍ୟରେ ଦାଖଲ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି।

## କୋର୍ଟ ଗଲେ ଅନୀଲ ଅମ୍ବାନୀ

# କୋବ୍ରାପୋଷ୍ଟ ବିରୋଧରେ ଦାଖଲ କଲେ ମାନହାନୀ ମୋକଦ୍ଦମା




**ନୂଆଦିଲ୍ଲୀ, ୧୪।୧୧ (ଏଜେନ୍ସି):** କୋବ୍ରାପୋଷ୍ଟ ବିରୋଧରେ କୋର୍ଟ ଯାଇଛନ୍ତି ଶିଳ୍ପପତି ତଥା ରିଲାଏନ୍ସ ଗ୍ରୁପ୍ ଅଧ୍ୟକ୍ଷ ଅନୀଲ ଅମ୍ବାନୀ। ଖାଲି କୋବ୍ରା ପୋଷ୍ଟ ନୁହେଁ, ଅନୀଲ ଦ ଇକୋନୋମିକ୍ ଟାଇମ୍ସ, ଟାଇମ୍ସ ଅଫ୍ ଇଣ୍ଡିଆ ବିରୋଧରେ ମଧ୍ୟ ମାନହାନୀ ମାମଲା ଦାଖଲ କରିଛନ୍ତି। ଦିଲ୍ଲୀର ଏକ କୋର୍ଟରେ ଏ ନେଇ ମାମଲା ରୁଜୁ କରାଯାଇଥିବା ସୂଚନା ମିଳିଛି, ଯାହାର ଶୁଣାଣି ଆରମ୍ଭ ହୋଇଛି।

ସୂଚନାନୁସାରେ, ବିଭିନ୍ନ ଗଣମାଧ୍ୟମରେ ତାଙ୍କ କମ୍ପାନୀ ୪୧ ହଜାର କୋଟି ଟଙ୍କାର ଠକେଇ କରିଥିବା ନେଇ ଖବର ପ୍ରକାଶ ପାଇଥିଲା। ଗୁରୁବାର ଏହି ମାମଲାର ଶୁଣାଣି ବରିଷ୍ଠ ବିଚାରପତି ବିବେକ ବେନିଓ୍ୱାଲ କରିଛନ୍ତି। କୋର୍ଟ ତଥ୍ୟ ଅନୁସାରେ, କୋବ୍ରାପୋଷ୍ଟ, ଇକୋନୋମିକ୍ ଟାଇମ୍ସ, ଟାଇମ୍ସ ଅଫ୍ ଇଣ୍ଡିଆ ବିରୋଧରେ ପିଟିସନ୍ ଫାଇଲ କରାଯାଇଛି। ପ୍ରଥମେ କୋବ୍ରାପୋଷ୍ଟରେ ଅକ୍ଟୋବର ୩୦ରେ ଖବର ପ୍ରକାଶ ପାଇଥିଲା ଯେ, ଅନିଲ ଅମ୍ବାନୀଙ୍କ କମ୍ପାନୀ ୪୧,୯୨୧ କୋଟିର ଏକ ଆର୍ଥିକ ଠକେଇ କରିଥିଲା। ୨୦୦୬ ମସିହାରୁ ଏହି ଠକେଇ ଚାଲିଥିଲା। ଅନ୍ୟ ଖବର କାଗଜ ଏବଂ ଓ୍ୱେବସାଇଟରେ ଏ ନେଇ ଖବର ପ୍ରକାଶିତ ହୋଇଥିଲା। ଏହା ରିଲାଏନ୍ସ ଏବଂ ଅନୀଲ ଅମ୍ବାନୀଙ୍କ ସମ୍ମାନହାନୀ କରୁଥିବା କୋର୍ଟରେ ଆବେଦନ ହୋଇଛି।

# ଖଣ୍ଡଗିରିରେ ଚାନ୍ଦି ଭଣ୍ଡାରର ୨୫ତମ ଷ୍ଟୋର

**ଭୁବନେଶ୍ୱର,୧୪।୧୧(ସମିସ):** ଚାନ୍ଦି ଭଣ୍ଡାର ଖଣ୍ଡଗିରିରେ ଏହାର ୨୫ତମ ଷ୍ଟୋର ଶୁଭାରମ୍ଭ କରିଛି। ଖଣ୍ଡଗିରି ଗୁମ୍ଫା ରୋଡ଼୍‌ରେ ୨୫୦୦ ବର୍ଗଫୁଟ ପରିମିତ ସ୍ଥାନରେ ନିର୍ମିତ ନୂଆ ଷ୍ଟୋର ଡିଜାଇନ୍ ଏବଂ ମନମୋହକ ଡିସ୍ ଅତି ସୁନ୍ଦର ପରିବେଶ ପ୍ରଦାନ କରୁଛି। ଐତିହ୍ୟ ସହିତ ମିଶ୍ରିତ ଆଧୁନିକ ବିଳାସକୁ ପ୍ରତିଫଳିତ କରିବା ପାଇଁ ଏହି ନୂଆ ଷ୍ଟୋର ରୁପା କଳାକୃତିର ସର୍ବୋତ୍ତମ ପ୍ରଦର୍ଶନ କରୁଛି। ଏଥିସହିତ ଏହା ଗ୍ରାହକଙ୍କୁ ଏକ ନିମଗ୍ନ ଏବଂ ପ୍ରେରଣାଦାୟକ ସପିଂ ଅଭିଜ୍ଞତା ପ୍ରଦାନ କରୁଛି। ଏହି ସ୍ୱତନ୍ତ୍ର ଅବସରକୁ ପାଳନ କରିବା ପାଇଁ ଚାନ୍ଦି ଭଣ୍ଡାର 'ୱେଡିଂ ଷ୍ଟୋରିଜ୍ ବାଇ ଚାନ୍ଦି ଭଣ୍ଡାର' କ୍ୟାମ୍ପେନ୍ ଆଣିଛି। ଗ୍ରାହକ ନଭେମ୍ବର ୧୫ରୁ ୩୦ ପର୍ଯ୍ୟନ୍ତ ରୁପା ଗହଣା ଏବଂ କଳାକୃତିର ଗଢ଼ା ମଜୁରି ଉପରେ ୩୦% ପର୍ଯ୍ୟନ୍ତ ରିହାତି ପାଇପାରିବେ। ଏହି ଅଫର୍ ଉକ୍ତ ମୂଲ୍ୟବାନ ଗ୍ରାହକମାନଙ୍କ ପ୍ରତି ଏକ କୃତଜ୍ଞତାର ନିଦର୍ଶନ, ଯେଉଁମାନେ ଚାନ୍ଦି ଭଣ୍ଡାରକୁ ସେମାନଙ୍କ କାହାଣୀ ଆଣିଛନ୍ତି ଓ ଚାନ୍ଦି ଭଣ୍ଡାରକୁ ସେମାନଙ୍କ ସ୍ୱତନ୍ତ୍ର ଦିନର ଅଂଶ କରିଥାନ୍ତି। ଚାନ୍ଦି ଭଣ୍ଡାରର ପ୍ରତିଷ୍ଠାତା ଲିପ୍‌ସା ହଂସ କୁହନ୍ତି, ଆମ ଗହଣା ଆଭୁଷଣଠାରୁ ଆହୁରି ଅଧିକ କିଛି।




ଏହା ପରମ୍ପରାର ଏକ ଖଣ୍ଡ, ପ୍ରେମର ପ୍ରକାଶନ ଏବଂ ଆମ ଗ୍ରାହକଙ୍କ ବିବାହ କାହାଣୀର ଅଂଶ। ଏହି କ୍ୟାମ୍ପେନ୍ ସହ ଆମେ ବାସ୍ତବ ଦମ୍ପତିଙ୍କ ସେହି ସମ୍ପର୍କ ଏବଂ ପ୍ରକୃତ ସୌନ୍ଦର୍ଯ୍ୟକୁ ପାଳନ କରିବାକୁ ଲକ୍ଷ୍ୟ ରଖିଛୁ। ସର୍ବୋତ୍ତମ ଗହଣା ସହିତ ଆହୁରି ଅଧିକ କିଛି ପ୍ରଦାନ କରୁଛି ଚାନ୍ଦି ଭଣ୍ଡାର। ପାରମ୍ପରିକ ରୁପା ଆଇଟମ୍ ସହିତ ଆଧୁନିକ ଲାଇଫଷ୍ଟାଇଲ୍ ଉତ୍ପାଦ ଏହା ଉପଲବ୍ଧ କରିଥାଏ ।

# ଏନ୍‌ଡିଏର ବିହାର ବିଜୟ ପରେ ବି ବଜାରରେ ନିରାଶା

**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ବିହାର ନିର୍ବାଚନରେ ଏନ୍‌ଡିଏର ବିଶାଳ ବିଜୟ ନିଶ୍ଚିତ ହେବା ସତ୍ତ୍ୱେ, ଷ୍ଟକ୍ ବଜାର ହ୍ରାସ ପାଇଛି। ଏକଜିଟ୍ ପୋଲର ଆଶା ଅନୁସାରେ ୭୫୦ ପଏଣ୍ଟ ବୃଦ୍ଧି ପାଇଥିବା ସେନସେକ୍ସ ଫଳାଫଳ ଦିନ କାରବାର ମଧ୍ୟରେ ୩୭୬ ପଏଣ୍ଟ ହ୍ରାସ ପାଇଲା। ଏହି ହ୍ରାସର ଅନେକ ପ୍ରମୁଖ କାରଣ ରହିଛି। ବିହାର ବିଧାନସଭା ନିର୍ବାଚନର ଫଳାଫଳ ପୁଣି ଥରେ ଏହି ପ୍ରଶ୍ନ ଉଠାଇଛି। ଏକଜିଟ୍ ପୋଲରେ ଏନ୍‌ଡିଏ ପାଇଁ ଏକ ବଡ଼ ବିଜୟ ପୂର୍ବାନୁମାନ କରିଥିଲା ଏବଂ ବଜାର ଉତ୍ସାହରେ ଭରି ଯାଇଥିଲା। ବୁଧବାର ସେନସେକ୍ସ ୭୫୦ ପଏଣ୍ଟ ଏବଂ ନିଫ୍ଟି ୨୩୦ ପଏଣ୍ଟ ବୃଦ୍ଧି ପାଇଲା। ନିବେଶକମାନେ ଉତ୍ସାହିତ ଥିଲେ ।

> ନିର୍ବାଚନ ଫଳାଫଳ ଦିନ ବଜାର ଖସିବା ଟ୍ରେଣ୍ଡ ପାଲଟିଛି
>
> ଏକ୍‌ଜିଟ୍ ପୋଲ୍‌ରେ ଉଠିଥିଲା
>
> ବିହାର ନିର୍ବାଚନ ଫଳାଫଳ; ପ୍ରଫିଟ୍ ବୁକିଂର ଖେଳ

ଶୁକ୍ରବାର ଅପରାହ୍ନ ପ୍ରାୟ ୨ଟା ସମୟରେ ସେନସେକ୍ସ ୩୭୬ ପଏଣ୍ଟ କିମ୍ବା ୦.୪୪% ହ୍ରାସ ପାଇ ୮୪,୧୦୨.୯୬ ପଏଣ୍ଟରେ କାରବାର କରୁଥିଲା। ନିଫ୍ଟି ୧୧୦.୭୧ ପଏଣ୍ଟ କିମ୍ବା ୦.୪୨% ହ୍ରାସ ପାଇ ୨୫,୭୭୧.୪୦ ପଏଣ୍ଟରେ କାରବାର କରୁଥିଲା। ଇନଫୋସିସ୍, ଆଇଚର ମୋଟର୍ସ ଏବଂ ଟାଟା ଷ୍ଟିଲ୍ ଭଳି ପ୍ରମୁଖ କମ୍ପାନୀଗୁଡ଼ିକର ସେୟାର ନିଫ୍ଟିରେ ୩% ପର୍ଯ୍ୟନ୍ତ ହ୍ରାସ ପାଇଥିଲା। ଏହାର ଅର୍ଥ ହେଉଛି ଯେ ଫଳାଫଳ ଆସିବାର ଦୁଇ ଦିନ ପୂର୍ବରୁ ଏହି ଖବରକୁ ପାଳନ କରୁଥିବା ବଜାର, ଫଳାଫଳ ନିଶ୍ଚିତ ହେବା ପରେ ଦୁର୍ବଳ ହୋଇଗଲା। କ'ଣ ସେୟାର ବଜାର ମଧ୍ୟ "ନିଶ୍ଚିତତା" ପୂର୍ବରୁ ଉତ୍ସାହ ଉପରେ ଖେଳେ? ସାଧାରଣ ନିବେଶକଙ୍କ ମନ ଭାବୁଛି ଯେ ଏହି ବିରୋଧାଭାସ ପଛରେ କାରଣ କ'ଣ। ବିଶେଷଜ୍ଞମାନେ କୁହନ୍ତି ଯେ ଏହାର ସରଳ ଉତ୍ତର ହେଉଛି ପ୍ରଫିଟ୍ ବୁକିଂ।

ସେୟାର ବଜାର କେବଳ ଗୋଟିଏ ଦଳକୁ ନୁହେଁ, 'ସ୍ଥିର ଏବଂ ନିର୍ଣ୍ଣାୟକ ନେତୃତ୍ୱ'କୁ ଭଲ ପାଏ। ଯେତେବେଳେ ବଜାର ଏକ ଦୃଢ଼, ସ୍ଥିର ସରକାର ଗଠନ ଆଶା କରେ ଯାହା ଆର୍ଥିକ ସଂସ୍କାରକୁ ଆଗକୁ ବଢ଼ାଇବ, ସେତେବେଳେ ଏହା ପୂର୍ବରୁ ଉତ୍ସବ ପାଳନ କରିବା ଆରମ୍ଭ କରେ। ଏହି କାରଣରୁ, ଏକଜିଟ୍ ପୋଲଗୁଡ଼ିକ ଏନ୍‌ଡିଏ ପାଇଁ ଏକ ବଡ଼ ବିଜୟର ପୂର୍ବାନୁମାନ କରିବା ମାତ୍ରେ ବଜାରରେ ବୃଦ୍ଧି ଘଟିଥିଲା। କିନ୍ତୁ ଫଳାଫଳ ଦିନ ବଜାରର ଏହି ହ୍ରାସ ନୂଆ ନୁହେଁ। ଯଦି ଆମେ ୨୦୧୦ ବିହାର ନିର୍ବାଚନକୁ ଦେଖିବା, ଯେତେବେଳେ ନୀତିଶ କୁମାରଙ୍କ ନେତୃତ୍ୱରେ ଏନ୍‌ଡିଏ ଏକ ବଡ଼ ବିଜୟ ହାସଲ କରିଥିଲା। କାରଣ ବିଶ୍ୱରେ ମାନ୍ଦାବସ୍ଥା ଥିବାରୁ ବଜାର ପ୍ରଭାବିତ ହୋଇ ନ ଥିଲା।

# ବେଦାନ୍ତର ନନ୍ଦଘର ୧୬ଟି ରାଜ୍ୟରେ ୧୦,୦୦୦ ଟପିଲା

**ଭୁବନେଶ୍ୱର, ୧୪।୧୧(ସମିସ):** ଶିଶୁ ଦିବସ ଅବସରରେ, ବେଦାନ୍ତ ଗ୍ରୁପର ସାମାଜିକ ପ୍ରଭାବ ଶାଖା ଅନିଲ ଅଗ୍ରୱାଲ ଫାଉଣ୍ଡେସନ (ଏଏଏଫ), ଭାରତର ଅଗ୍ରଣୀ ଶକ୍ତି ପରିବର୍ତ୍ତନ ଧାତୁ, ତୈଳ ଏବଂ ଗ୍ୟାସ, ଗୁରୁତ୍ୱପୂର୍ଣ୍ଣ ଖଣିଜ ପଦାର୍ଥ, ଶକ୍ତି ଏବଂ ପ୍ରଯୁକ୍ତିବିଦ୍ୟା ସମନ୍ୱୟ, ଭାରତର ସାମାଜିକ ପ୍ରଭାବ ଯାତ୍ରାରେ ଏକ ଐତିହାସିକ ମୁହୂର୍ତ୍ତ ଘୋଷଣା କରିଛି। ବେଦାନ୍ତର ପ୍ରମୁଖ ସାମାଜିକ ପ୍ରଭାବ ପଦକ୍ଷେପ, ନନ୍ଦଘର ୧୬ଟି ରାଜ୍ୟରେ ୧୦,୦୦୦ କେନ୍ଦ୍ର ମାଇଲଖୁଂଟ ଅତିକ୍ରମ କରିଛି, ସାରା ଦେଶରେ ପ୍ରତିଦିନ ଚାରି ଲକ୍ଷରୁ ଅଧିକ ଶିଶୁ ଏବଂ ତିନି ଲକ୍ଷ ମହିଳାଙ୍କ ଜୀବନକୁ ପରିବର୍ତ୍ତନ କରୁଛି। ନନ୍ଦଘର ଗ୍ରାମୀଣ କେନ୍ଦ୍ରଗୁଡ଼ିକୁ ଆଧୁନିକୀକରଣ କରି ଏବଂ ଉନ୍ନତ ପୁଷ୍ଟିସାର, ପ୍ରାରମ୍ଭିକ ଶିକ୍ଷା, ସ୍ୱାସ୍ଥ୍ୟସେବା ଏବଂ ଦକ୍ଷତା ବିକାଶ ମାଧ୍ୟମରେ ମହିଳା ଏବଂ ଶିଶୁମାନଙ୍କୁ ସଶକ୍ତ କରି ଭାରତର ଅଙ୍ଗନୱାଡି ଇକୋସିଷ୍ଟମକୁ ପୁନଃପରିଭାଷିତ କରୁଛି। ଭାରତ ସରକାରଙ୍କ ସମନ୍ୱିତ ଶିଶୁ ବିକାଶ ଯୋଜନା ସହିତ ମିଳିତ ଭାବରେ, ଯାହା ଚଳିତ ବର୍ଷ ୫୦ ବର୍ଷ ପୂରଣ କରୁଛି।

## ବାଲିଯାତ୍ରାରେ ଭାରତ ମସଲାର ଲକି ଡ୍ର ସହିତ ବମ୍ପର ପ୍ରାଇଜ୍ ଘୋଷଣା

# ବମ୍ପର ପ୍ରାଇଜ୍ ବିଜେତା ସୁମିତ୍ରାଙ୍କୁ ମିଳିଲା ସ୍କୁଟି

**କଟକ, ୧୪।୧୧(ସମିସ):** ଭାରତ ମସଲା ପକ୍ଷରୁ ପ୍ରତିଦିନ ଉଠାଯାଇଥିବା ଲକି ଡ୍ର'ର ଶେଷ ଦିନର ଭାଗ୍ୟଶାଳୀ ବିଜେତାମାନଙ୍କର ଭାଗ୍ୟର କୁପନଗୁଡିକୁ ଦୁଇ ନମ୍ବର ଷ୍ଟଲ୍‌ରେ ସର୍ବସମ୍ମୁଖରେ ଉଠାଣ କରାଯାଇଥିଲା। ଏଥିରେ ପ୍ରଥମ ବିଜେତା ଜଣକ ହେଇଛନ୍ତି କଟକ ଖାନନଗରର ପ୍ରିୟଦର୍ଶିନୀ ରଣା, ଯିଏକି ମୁଖ୍ୟ ଅତିଥି ନିର୍ଦ୍ଦେଶିକା ଏସ ଏନ ମିଲେନିୟମଙ୍କଠାରୁ ପୁରସ୍କାର ସ୍ୱରୂପ ମାଇକ୍ରୋ ଓଭେନ୍ ଗ୍ରହଣ କରିଥିଲେ। ସେହିପରି ୨ୟ ବିଜେତା ବିଡିଏ ଭୁବନେଶ୍ୱରର ପୌଷଲ୍ୟା ମିତ୍ର ରେସିଙ୍ଗ ବାଇ ସାଇକେଲ। ୩ୟ ବିଜେତା କଟକ ନିମସାହିର ରିନୁ ବେଗମଙ୍କୁ ବାଉଲ୍ ସେଟ୍, ସାନ୍ତ୍ୱନା ମୂଳକ ବିଜେତା କଟକ ଜଗତପୁର ଶାନ୍ତନୁ କୁମାର ବେହେରା ଫ୍ରାଇଂ ପ୍ୟାନ୍ ମୁଖ୍ୟ ଅତିଥି ପୁରସ୍କାର ସ୍ୱରୂପ ପ୍ରଦାନ କରିଥିଲେ। ଏତଦ୍ ବ୍ୟତୀତ ଯାଜପୁର ଜିଲ୍ଲା ଜାରକା ଅଞ୍ଚଳର ସୁମିତ୍ରା ପରିଡାଙ୍କୁ ବମ୍ପର୍ ପ୍ରାଇଜ ସ୍ୱରୂପ ସ୍କୁଟି (ଇଭି) ପ୍ରଦାନ କରାଯାଇଥିଲା। ଏଥିରେ ଜିଏମ୍ ପ୍ରଡକ୍ସନ ନବକୃଷ୍ଣ ପ୍ରଧାନଙ୍କ ସମେତ ଭାରତ ମସଲା କମ୍ପାନୀର ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ।




# ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍ କ୍ଷୁଧାମୁକ୍ତ ବିଶ୍ୱ ପଦକ୍ଷେପକୁ ବଢ଼ାଉଛି

**ଭୁବନେଶ୍ୱର ,୧୪।୧୧(ଏଜେନ୍ସି):** ବିଶ୍ୱର ୫ମ ବୃହତ୍ତମ ଅଳଙ୍କାର ଖୁଚୁରା ବିକ୍ରେତା ଏବଂ ଭାରତର ଅଗ୍ରଣୀ କର୍ପୋରେଟ୍ ସାମାଜିକ ଦାୟିତ୍ୱ ଗ୍ରହଣ କରୁଥିବା କମ୍ପାନୀ ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍, ଇଥିଓପିଆକୁ ଏହାର ପ୍ରମୁଖ ହଙ୍ଗର ଫ୍ରି ୱାର୍ଲ୍ଡ ପଦକ୍ଷେପର ବିସ୍ତାର ଘୋଷଣା କରିଛି। ଭାରତ ଏବଂ ଜାମ୍ବିଆରେ ଏହାର ପରିବର୍ତ୍ତନମୂଳକ ସଫଳତା ପରେ, ଏହି ପଦକ୍ଷେପ ଏବେ ଆଫ୍ରିକୀୟ ମହାଦେଶରେ ଅଭିବୃଦ୍ଧିର ପରବର୍ତ୍ତୀ ପର୍ଯ୍ୟାୟରେ ପ୍ରବେଶ କରୁଛି। ଭାରତର ସାମୂହିକ ପ୍ରଗତିରେ ମୂଳ, ହଙ୍ଗର ଫ୍ରି ୱାର୍ଲ୍ଡ ମଡେଲ୍ ପ୍ରତିନିଧିତ୍ୱ କରେ ଯେ ଭାରତୀୟ ଉଦ୍ୟୋଗ ସ୍ଥାନୀୟ ସଫଳତାରୁ ବିଶ୍ୱ ପ୍ରଭାବ କିପରି ନିର୍ମାଣ କରିପାରିବ। ନିରନ୍ତର ଭାବରେ ଏହାର ନିଟ୍ ଲାଭର ୫% - ଭାରତରେ ବାଧ୍ୟତାମୂଳକ ସିଏସଆର୍ ଆବଣ୍ଟନର ଦୁଇଗୁଣରୁ ଅଧିକ - ନିବେଶ କରି ମାଲାବାର କର୍ପୋରେଟ୍ ସାମାଜିକ ଦାୟିତ୍ୱର ସ୍କେଲ ଏବଂ ଆନ୍ତରିକତାକୁ ପୁନଃପରିଭାଷିତ କରି ଚାଲିଛି, ଏହାର ପ୍ରମାଣିତ ଭାରତ-ଆଧାରିତ ଢାଞ୍ଚାକୁ କ୍ଷୁଧା ଏବଂ ଶିକ୍ଷାଗତ ଅସମାନତା ବିରୁଦ୍ଧରେ ଏକ ବିଶ୍ୱ ଆନ୍ଦୋଳନରେ ରୂପେ ପ୍ରତିଫଳିତ କରୁଛି। ଦୁବାଇ ଗୋଲ୍ଡ ସୌକର ମାଲାବାର ଇଠକ୍ଷଗ୍ତ;ରନ୍ୟାସନାଲ ହବ୍‌ରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ମାଲାବାର ଗ୍ରୁପ୍‌ର ଉପାଧ୍ୟକ୍ଷ ଶ୍ରୀଯୁକ୍ତ ଅବଦୁଲ ସଲାମ କେ.ପି. ଆନୁଷ୍ଠାନିକ ଭାବରେ ଦୁବାଇର ଇଥିଓପିଆ କନସୁଲ ଜେନେରାଲ ମହାମହିମ ଅସମେଲାଶ ବେକେଲେଙ୍କୁ ହଙ୍ଗର ଫ୍ରି ୱାର୍ଲ୍ଡ କାର୍ଯ୍ୟକ୍ରମର ଆଗ୍ରହ ପତ୍ର ପ୍ରଦାନ କରିଥିଲେ।

# ପ୍ରଥମ ଗୃହରଣ ଆଣିଥିଲେ ଡିବି ରେମେଡିଓସ୍

## ୧୯୭୮ରେ ଏଚ୍‌ଡିଏଫ୍‌ସିରୁ ନେଇଥିଲେ ୭୦ ହଜାର ଟଙ୍କା

**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ଆଜିକାଲି, ଯେତେବେଳେ କେହି ଘର କିଣିବା ବିଷୟରେ ଚିନ୍ତା କରନ୍ତି, ସେତେବେଳେ ମନକୁ ପ୍ରଥମ ଚିନ୍ତା ଆସେ ଗୃହ ଋଣ। ପ୍ରାୟ ପ୍ରତ୍ୟେକ ବ୍ୟାଙ୍କ ଆକର୍ଷଣୀୟ ସୁଧ ହାର ଏବଂ ସହଜ କିସ୍ତିରେ ଋଣ ପ୍ରଦାନ କରିବାକୁ ପ୍ରସ୍ତୁତ। କିନ୍ତୁ ଆପଣ କେବେ ଭାବିଛନ୍ତି କି ଭାରତରେ ଏହି ଧାରା କିପରି ଆରମ୍ଭ ହୋଇଥିଲା? ଏକ ସମୟ ଥିଲା ଯେତେବେଳେ ଆମ ଦେଶର ବ୍ୟାଙ୍କିଙ୍ଗ ବ୍ୟବସ୍ଥାରେ ଗୃହ ଋଣ ଶବ୍ଦର ଅସ୍ତିତ୍ୱ ମଧ୍ୟ ନ ଥିଲା। ଆଜି, ଆମେ ଜାଣିବା ଯେ ଭାରତରେ ପ୍ରଥମ ଗୃହ ଋଣ କିଏ ନେଇଥିଲେ, କେଉଁ ବ୍ୟାଙ୍କ ଏହାକୁ ପ୍ରଦାନ କରିଥିଲା ଏବଂ ଏହାର ମୂଲ୍ୟ କେତେ ଥିଲା। ଭାରତରେ ଗୃହ ଋଣର ଯାତ୍ରା ୧୯୭୮ ମସିହାରେ ଆରମ୍ଭ ହୋଇଥିଲା। ଡି.ବି. ରେମେଡିଓସ୍ ଦେଶର ପ୍ରଥମ ଗୃହ ଋଣ ନେଇଥିବା ଗ୍ରାହକ। ମୁମ୍ବାଇରେ ସେ ଘର ତିଆରି ପାଇଁ ୭୦,୦୦୦ ଟଙ୍କାର ଋଣ ଏଚ୍‌ଡିଏଫ୍‌ସି (ହାଉସିଂ ଡେଭଲପମେଣ୍ଟ ଫାଇନାନ୍ସ କର୍ପୋରେସନ)କୁ ମାଗିଥିଲେ, ହେଲେ ତାଙ୍କୁ ୩୦,୦୦୦ ଟଙ୍କାର ଋଣ ମିଳିଥିଲା। ଏହି ଋଣର ସୁଧ ହାର ୧୦.୫% ଥିଲା। ରେମେଡିଓସ୍ ମୁମ୍ବାଇର ମାଲାଡ ଅଞ୍ଚଳରେ ଏହି ଘର ନିର୍ମାଣ କରୁଥିଲେ। ଏହି ଋଣପରିମାଣ ତାଙ୍କ ଘରର ମୋଟ ମୂଲ୍ୟର ଅଧାରୁ କମ୍ ଥିଲା।

ଭାରତରେ ବ୍ୟାଙ୍କିଙ୍ଗର ଇତିହାସ ବହୁତ ପୁରୁଣା। ୧୯୩୫ ମସିହାରେ ଭାରତୀୟ ରିଜର୍ଭ ବ୍ୟାଙ୍କ (ଆର୍‌ବିଆଇ) ପ୍ରତିଷ୍ଠା ଏକ କେନ୍ଦ୍ରୀକୃତ ଢାଞ୍ଚା ପ୍ରଦାନ କରିଥିଲା। ୧୯୬୯ ଏବଂ ୧୯୮୦ ମସିହାରେ ବ୍ୟାଙ୍କଗୁଡ଼ିକର ଜାତୀୟକରଣ ସାଧାରଣ ଲୋକଙ୍କ ପାଇଁ ବ୍ୟାଙ୍କ ସେବାକୁ ସୁଲଭ କରିଥିଲା। ଏହା ସତ୍ତ୍ୱେ, ୧୯୭୦ ଦଶକ ପର୍ଯ୍ୟନ୍ତ ବ୍ୟାଙ୍କଗୁଡ଼ିକ ମୁଖ୍ୟତଃ ଶିଳ୍ପ ଏବଂ ବାଣିଜ୍ୟ ଉପରେ ଧ୍ୟାନ ଦେଉଥିଲେ।



«ଗୃହ ନିର୍ମାଣ" ପାଇଁ ସାଧାରଣ ଲୋକଙ୍କୁ ଋଣ ପ୍ରଦାନ କରିବା ପାଇଁ କୌଣସି ସଂଗଠିତ ଢାଞ୍ଚା ନ ଥିଲା। ସେହି ସମୟରେ, ଯେତେବେଳେ ସରକାରୀ ବ୍ୟାଙ୍କଗୁଡ଼ିକ ମଧ୍ୟ ଏହି କ୍ଷେତ୍ରରେ ପ୍ରବେଶ କରିବାକୁ ସଙ୍କୋଚ କରୁଥିଲେ, ଗୋଟିଏ କମ୍ପାନୀ ଏହି ବଜାରରେ ଉପସ୍ଥିତି ଜାହିର କରିଥିଲା। ସେହି କମ୍ପାନୀ ହେଉଛି, ଏଚ୍‌ଡିଏଫ୍‌ସି (ହାଉସିଂ ଡେଭଲପମେଣ୍ଟ ଫାଇନାନ୍ସ କର୍ପୋରେସନ)। ସେହି ସମୟରେ, ଏଚ୍‌ଡିଏଫ୍‌ସି ଗୃହ ଋଣ ବଜାରରେ ଏକମାତ୍ର ସଂଗଠିତ ସଂସ୍ଥା ଥିଲା।

୨୦୦୨ ପୂର୍ବରୁ, ବ୍ୟାଙ୍କଗୁଡ଼ିକର ଏକ ପ୍ରମୁଖ ଚିନ୍ତା ଥିଲା। ଯଦି ଜଣେ ଗ୍ରାହକ ଗୃହ ଋଣରେ ଖିଲାପ କରନ୍ତି (ଖିଲାପୀ), ତେବେ ବ୍ୟାଙ୍କ ଏହାକୁ କିପରି ପରିଚାଳନା କରିବେ? ଏହି ସମ୍ପର୍କରେ କୌଣସି ସ୍ପଷ୍ଟ ଏବଂ ଦୃଢ଼ ଆଇନ ନ ଥିଲା। ବ୍ୟାଙ୍କଗୁଡ଼ିକ ଋଣ ଦେବାକୁ ଭୟ କରୁଥିଲେ, ଭୟ କରୁଥିଲେ ଯେ ସେମାନଙ୍କର ଟଙ୍କା ଅଟକି ଯାଇପାରେ। ଏହି ଭୟକୁ ଦୂର କରିବା ପାଇଁ, ୨୦୦୨ରେ ସରଫେସୀ ଆଇନ ପ୍ରଣୟନ କରାଯାଇଥିଲା। ଏହି ଆଇନ ବ୍ୟାଙ୍କଗୁଡ଼ିକୁ ଋଣ ଖିଲାପୀ ହେଲେ ସମ୍ପତ୍ତି ଜବତ କରିବାର ଏବଂ ସେମାନଙ୍କ ଟଙ୍କା ପୁନରୁଦ୍ଧାର ପାଇଁ ଏହାକୁ ନିଲାମ କରିବାର ଅଧିକାର ଦେଇଥିଲା। ଏହି ଆଇନ ବ୍ୟାଙ୍କଗୁଡ଼ିକୁ ପ୍ରଚଣ୍ଡ ଆତ୍ମବିଶ୍ୱାସ ଦେଇଥିଲା। ଏହା ପରେ ହିଁ ଅଧିକାଂଶ ସରକାରୀ ଏବଂ ବେସରକାରୀ ବ୍ୟାଙ୍କ ଗୃହ ଋଣ ବଜାରରେ ପ୍ରବେଶ କରିଥିଲେ।

# ମଧ୍ୟବିତ୍ତଙ୍କୁ ଚେତାବନୀ: ବଜେଟ୍ ବାହାରେ ଗୃହରଣ କଲେ ବର୍‌ବାଦ

**ନୂଆଦିଲ୍ଲୀ,୧୪।୧୧(ଏଜେନ୍ସି):** ଯଦି ଆପଣ ମୁମ୍ବାଇ ଏବଂ ବେଙ୍ଗାଲୁରୁ ଭଳି ବଡ଼ ସହରରେ ଘର କିଣିବାର ସ୍ୱପ୍ନ ଦେଖୁଛନ୍ତି, ତେବେ ଏହା ସ୍ୱପ୍ନ ହୋଇ ରହିଯାଇପାରେ। ଏଠାରେ ପ୍ରପର୍ଟି ମୂଲ୍ୟ ଏତେ ମହଙ୍ଗା ଯେ ଏହା ସାଧାରଣ ବ୍ୟକ୍ତିଙ୍କ ପାଖରେ ପହଞ୍ଚିବା ବାହାରେ ହୋଇଯାଉଛି। ଏହି ସମୟରେ, ଯଦି ଜଣେ ମଧ୍ୟବିତ୍ତ ଶ୍ରେଣୀର ବ୍ୟକ୍ତି ଋଣ ନେଇ ଘର କିଣିବାକୁ ଚାହାଁନ୍ତି, ତେବେ ସେମାନେ ବର୍ବାଦ୍ ହୋଇଯାଇପାରନ୍ତି। ତଥାପି, ଅନେକ ଲୋକ ଏଭଳି କରି ପୂର୍ବରୁ ନଷ୍ଟ ହଇରାଣଶ ହରକତ୍ ହୋଇଛନ୍ତି। ହେଲେ ବଜାର ବିଶେଷଜ୍ଞମାନେ ଏବେ ଏ ନେଇ ସତର୍କ କରାଇଛନ୍ତି।




ଲିଙ୍କଡଇନ୍‌ରେ ଏକ ପୋଷ୍ଟରେ, ବିଶେଷଜ୍ଞ ସୁଜୟ ୟୁ କହିଛନ୍ତି ଯେ ପ୍ରମୁଖ ସହରଗୁଡ଼ିକରେ ଘର କିଣିବା ଆଉ ସମ୍ପତ୍ତି ସୃଷ୍ଟି କରିବା ନୁହେଁ, ବରଂ ଏଭଳି ପଦକ୍ଷେପ ଆପଣଙ୍କୁ ଅସୁବିଧାରେ ପକାଇପାରେ। ସେ ବ୍ୟାଖ୍ୟା କରିଛନ୍ତି ଯେ ଆଜିର ସହରାଞ୍ଚଳ ଭାରତୀୟଙ୍କ ପାଇଁ ଘର କିଣିବା ଅପେକ୍ଷା ଭଡା ନେବା ଅଧିକ ଲାଭଦାୟକ। ତାଙ୍କ ପୋଷ୍ଟରେ, ସୁଜୟ ଏହି ଧାରଣାକୁ ଏଡାଇଯାଇଛନ୍ତି ଯେ ସମ୍ପତ୍ତି କିଣିବା ଅର୍ଥ ଧନୀ ହେବା।

ତାଙ୍କ ମତରେ ଆଜିର ସମୟରେ ମୁମ୍ବାଇରେ ଏକ ୨ ବିଏଚ୍‌କେ ଫ୍ଲାଟର ମୂଲ୍ୟ ୨ ରୁ ୨.୨ କୋଟି ଟଙ୍କା। ବେଙ୍ଗାଲୁରୁରେ, ଏହା ୧.୨ ରୁ ୧.୪ କୋଟି ଟଙ୍କା ପର୍ଯ୍ୟନ୍ତ ରହିଛି। ଅନ୍ୟପକ୍ଷରେ, ଏହି ସହରଗୁଡ଼ିକରେ ଗୋଟିଏ ପରିବାରର ହାରାହାରି ବାର୍ଷିକ ଆୟ କେବଳ ୨୦ ରୁ ୩୦ ଲକ୍ଷ। ଏହାର ଅର୍ଥ ହେଉଛି ଘରର ମୂଲ୍ୟ ପରିବାରର ଆୟଠାରୁ ୮ରୁ ୧୨ ଗୁଣ ଅଧିକ, ଯେତେବେଳେ କି ବିଶ୍ୱ ସ୍ତରରେ ଏହା ୩ରୁ ୫ଗୁଣ ରହିବା ଯୁକ୍ତିଯୁକ୍ତ ବୋଲି ବିବେଚନା କରାଯାଏ।

ସୁଜୟ ତାଙ୍କ ପୋଷ୍ଟରେ ଗୃହ ଋଣ ଇଏମ୍ଆଇ ଉପରେ ମଧ୍ୟ ନିଜର ମତ ପ୍ରକାଶ କରି। ସେ ଏହାକୁ ଏକ ଫାଶ ଭାବରେ ବର୍ଣ୍ଣନା କରିଥିଲେ। ସେ ଲେଖିଛନ୍ତି ଯେ ମୁମ୍ବାଇରେ ୨ କୋଟି ମୂଲ୍ୟର ଏକ ଫ୍ଲାଟ୍ ପାଇଁ, ପ୍ରତି ମାସରେ ୧.୪ ଲକ୍ଷ ଟଙ୍କାରୁ ଅଧିକ ଇଏମ୍ଆଇ ଦେବାକୁ ପଡ଼େ। ଏହି ଇଏମ୍ଆଇ ପରିବାରର ମୋଟ ଆୟର ୫୦ ରୁ ୭୦% ଆୟ ଖାଇଯାଏ। ସୁଜୟ ଏ ନେଇ ଚେତାଇ ଦେଇଛନ୍ତି। ତାଙ୍କ ଅନୁସାରେ, ବିଶ୍ୱବ୍ୟାପୀ ଆର୍ଥିକ ପରାମର୍ଶଦାତାମାନେ କୁହନ୍ତି ଯେ ଘର ଭଡ଼ା କିମ୍ବା ଇଏମ୍ଆଇ ଜଣଙ୍କର ଆୟର ୩୦% ରୁ ଅଧିକ ହେବା ଉଚିତ୍ ନୁହେଁ। ସେ ଏହା ମଧ୍ୟ ବ୍ୟାଖ୍ୟା କରିଛନ୍ତି ଯେ ସମ୍ପତ୍ତିରୁ ରିଟର୍ଣ୍ଣ ମଧ୍ୟ ବହୁତ କମ୍। ଏକ ପ୍ରମୁଖ ଅଧ୍ୟୟନ ଅନୁଯାୟୀ, ୨୦୧୩ ରୁ ୨୦୨୩ ମଧ୍ୟରେ ମୁମ୍ବାଇରେ ସମ୍ପତ୍ତି ମୂଲ୍ୟ ୧% ହ୍ରାସ ପାଇଛି। ସାରା ଦେଶରେ ୨୦୧୦ ପରଠାରୁ ପ୍ରପର୍ଟି ମୂଲ୍ୟ ବାର୍ଷିକ ମାତ୍ର ୩% ବୃଦ୍ଧି ପାଇଛି। ଏହି ସମୟରେ, ଭଡା ରିଟର୍ଣ୍ଣ ପ୍ରାୟ ୨%, ଯାହା ବିଶ୍ୱରେ ସର୍ବନିମ୍ନ।

ସୁଜୟ କହିଛନ୍ତି, ସମ୍ପତ୍ତିରେ ନିବେଶ ଆପଣଙ୍କୁ ଧନୀ କରି ନ ଥାଏ, ବରଂ ଆପଣଙ୍କର ସ୍ୱାଧୀନତା, ଗତିବିଧିର ସ୍ୱାଧୀନତା ଏବଂ ନିବେଶ କରିବାର କ୍ଷମତା ହ୍ରାସ କରିଥାଏ। ସେ ବେଙ୍ଗାଲୁରୁର ହ୍ୱାଇଟ୍ ଫିଲ୍ଡ ଅଞ୍ଚଳର ଯୁବ ଭଡାଟିଆଙ୍କ ଉଦାହରଣ ଦେଇଥିଲେ। ଏହି ଲୋକମାନେ ସେମାନଙ୍କର ଇଏମ୍ଆଇ ସଞ୍ଚୟ କରନ୍ତି ଏବଂ ଏସ୍ଆଇପି (ସିଷ୍ଟମେଟିକ୍ ନିବେଶ ଯୋଜନା) ରେ ନିବେଶ କରିନ୍ତି। ଏହା କରି ସେମାନେ ଦୁଇ ଦଶନ୍ଧି ପରେ ଯେଉଁମାନେ ବଡ଼ ଗୃହ ଋଣ ନେଇଛନ୍ତି ସେମାନଙ୍କ ଅପେକ୍ଷା ଅଧିକ ଧନ ଅର୍ଜନ କରିଥାନ୍ତି।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେଇପାରେ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟାର ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ।

**ମକର:** ସମୟର ସଠିକ ଉପଯୋଗ କରିବେ। ସମ୍ପର୍କୀୟଙ୍କ ସହଯୋଗ ମିଳିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।


**କୁମ୍ଭ:** ଦୀର୍ଘଦିନର ଆଶା ପୂରଣ ହେବ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହି ପାରନ୍ତି। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ।

## ଆଜିର ଇତିହାସ

- ୧୮୩୦-ସମାଜ ସଂସ୍କାରକ ରାଜା ରାମମୋହନ ରାୟଙ୍କ ବିଲାତ ଯାତ୍ରା।
- ୧୯୨୦- ଜେନିଭାରେ ଲିଗ୍ ଅଫ୍ ନେସନ୍‌ର ପ୍ରଥମ ବୈଠକ ଆରମ୍ଭ।
- ୧୯୬୧- ମିଳିତ ଜାତିସଂଘ ପରମାଣୁ ଅସ୍ତ୍ରଶସ୍ତ୍ର ଉପରେ ପ୍ରତିବନ୍ଧକ ଲଗାଇଲା।
- ୧୯୭୧- ଇଣ୍ଟେଲ୍ ବିଶ୍ୱର ପ୍ରଥମ ମାଇକ୍ରୋପ୍ରୋସେସର୍ ଇଣ୍ଟେଲ୍ ୪୦୦୪ ଲଞ୍ଚ୍ କଲା।
- ୨୦୦୦- ଝାଡ଼ଖଣ୍ଡ ଭାରତର ୨୮ତମ ରାଜ୍ୟ ହେଲା।
- ୨୦୦୭- ଚିଲିରେ ୭.୭ ତୀବ୍ରତାର ଭୂମିକମ୍ପ ଆସିଥିଲା।

## ବିରଳ ବେଙ୍ଗ
# ପାଟିରେ ଦେଖେ ଦୁନିଆ




କାନାଡ଼ାର ଓଣ୍ଟାରିଓ ଅନ୍ତର୍ଗତ ବର୍ଲିଂଟନ୍‌ରେ ଏକ ବିରଳ ପ୍ରଜାତିର ବେଙ୍ଗର ସନ୍ଧାନ ମିଳିଛି। ସାଧାରଣ ବେଙ୍ଗର ଆଖି ମୁହଁ ଉପରେ ଥିବାବେଳେ ଏହାର ଆଖି ପାଟି ଭିତରେ ରହିଛି। ବୈଜ୍ଞାନିକମାନେ ଏହାର ନାଁ ଦେଇଛନ୍ତି 'ଇଣ୍ଟ୍ରୋସ୍ପେକ୍ଟିଭ ଫ୍ରଗ୍'। କାରଣ ଏହି ବେଙ୍ଗକୁ ଦୁନିଆ ଦେଖିବାକୁ ତା'ର ପାଟି ଖୋଲିବାକୁ ପଡ଼ିଥାଏ। ପାଟି ଭିତରେ ଆଖି ରହିବା କାରଣ ଜେନେଟିକ୍ ମ୍ୟୁଟେଶନ। ଘଟଣାକ୍ରମେ ଓଣ୍ଟାରିଓର ଜଣେ ହାଇସ୍କୁଲ ଛାତ୍ର ଡିଡ୍ରେ ଘର ଅଗଣାରେ ଖେଳୁଥିଲେ। ଏହି ସମୟରେ ସେ ଏକ ବିଚିତ୍ର ବେଙ୍ଗକୁ ଦେଖିଥିଲେ। ତାଙ୍କୁ ଲାଗିଥିଲା ବେଙ୍ଗଟି ଆଖି ବନ୍ଦ କରି ଶୋଇଛି। ହେଲେ ବେଙ୍ଗଟିକୁ ଧରିବାବେଳେ ସେ ପାଟି ଖୋଲିଥିଲା। ବେଙ୍ଗର ଆଖି ତା'ର ପାଟି ଭିତରେ ଥିବା ଦେଖି ଡିଡ୍ରେ ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ତେଣୁ ସେ ଏହି ବେଙ୍ଗକୁ ନେଇ ଘରେ ରଖିଥିଲେ। ଏହାର ନାଁ ଦେଇଥିଲେ 'ଗୋଲମ'। ଏହା ସହିତ ସେ ସାମ୍ବାଦିକ ସ୍କଟ୍ ଗାର୍ଡନରଙ୍କୁ ଫୋନ୍ କରି ବେଙ୍ଗଟି ବିଷୟରେ କହିଥିଲେ। ସ୍କଟ୍ ବେଙ୍ଗର କଳା ଧଳା ଫଟୋ ଉଠାଇ ଥିଲେ। ଫଟୋରେ ବେଙ୍ଗର ମୁହଁ ଖୋଲାଥିଲା। ଗାର୍ଡନରଙ୍କ କହିବାନୁସାରେ, ଏହି ବେଙ୍ଗଟି ସାମାନ୍ୟ ଦେଖାଯାଉଥିଲେ ହେଁ, ଏହା ଆଖି ଖୋଲିଲେ ଭୟାନକ ଲାଗିଥାଏ। ବୈଜ୍ଞାନିକଙ୍କ କହିବା ଅନୁସାରେ, ଏହା ମ୍ୟାକ୍ରୋମ୍ୟୁଟେସନ ଅଟେ। ସାଧାରଣତଃ ବେଙ୍ଗ ଭ୍ରୁଣରେ ଆଖି ମୁଣ୍ଡ ଉପରେ ବିକଶିତ ହୁଏ। ଆଖି ଡୋଳା ବାହାରକୁ ଆସିଥାଏ। ହେଲେ ଗୋଲମର ବିକାଶ ପ୍ରକ୍ରିୟା ବାଧାପ୍ରାପ୍ତ ହୋଇଯାଇ ଥାଇପାରେ। ଟରୋଣ୍ଟୋ ବିଶ୍ୱବିଦ୍ୟାଳୟର ପ୍ରଫେସର ଜେମ୍ସ ବୋଗର୍ଟ ଏହି ମାମଲାର ଯାଞ୍ଚ କରିଥିଲେ। ତାଙ୍କ କହିବାନୁସାରେ, 'ବେଙ୍ଗ ପାଟି ଭିତରେ ଆଖି ରହିବା ଜିନ୍ ନିୟନ୍ତ୍ରଣରେ ବ୍ୟାହତ କିମ୍ବା ପରିବେଶ ପ୍ରଦୂଷଣର ମଧ୍ୟ କାରଣ ହୋଇପାରେ। ଗୋଲମ୍ କ୍ଷେତ୍ରରେ କିନ୍ତୁ ଏହା ଜନ୍ମଜାତ।'

## ପ୍ରଥମ ଥର ଏକାଠି ଆସିବେ
# ଶ୍ରଦ୍ଧା-ରଣଦୀପ



ବଲିଉଡ୍ ଅଭିନେତ୍ରୀ ଶ୍ରଦ୍ଧା କପୁର ବହୁତ ଦେଖିଚାହିଁ ଫିଲ୍ମ ସାଇନ୍ କରନ୍ତି। 'ସ୍ତ୍ରୀ ୨'ର ଜବରଦସ୍ତ ସଫଳତା ପରେ ଏବେ ସେ 'ଇଥା' ଫିଲ୍ମରେ ଲିଡ୍ ରୋଲରେ ନଜର ଆସିବେ। 'ଛାବା' ଭଳି ବ୍ଲକ୍‌ବଷ୍ଟର ଫିଲ୍ମ ଦେଇଥିବା ଲକ୍ଷ୍ମଣ ଉତେକର ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଅଛନ୍ତି। ଏଥିରେ ଶ୍ରଦ୍ଧା କପୁରଙ୍କ ବିପକ୍ଷରେ ରଣଦୀପ ହୁଦା ଦେଖାଯିବେ। ପ୍ରଥମ ଥର ପାଇଁ ରଣଦୀପ ଓ ଶ୍ରଦ୍ଧା ଏକାଠି ବଡ଼ ପରଦାରେ ନଜର ଆସିବେ। ଏଇ ମାସ ଶେଷ ଆଡ଼କୁ ଏହାର ସୁଟିଂ ମୁମ୍ବାଇରୁ ଆରମ୍ଭ ହେବ। 'ଇଥା' ପ୍ରସିଦ୍ଧ ଲାବଣୀ ତଥା ତମାଶା କଳାକାର ବିଠାବାଈ ନାରାୟଣ ଗାଓଁଙ୍କର ବାୟୋପିକ୍ ହେବ। ଏଥିପାଇଁ ଶ୍ରଦ୍ଧା ଏବେ ଲାବଣୀ ନୃତ୍ୟ ଶିଖୁଛନ୍ତି। ଏଯାବତ୍ ଏହି ଫିଲ୍ମର ରିଲିଜ୍ ଡେଟ୍ ସାମ୍ନାକୁ ଆସିନାହିଁ।

## ଆଜି ଆସିଥିଲେ
# ବିପ୍ଲବୀ ବିର୍ସା ମୁଣ୍ଡା



ବିର୍ସା ମୁଣ୍ଡା ଭାରତର ଜଣେ ଦେଶପ୍ରେମୀ ସଂଗ୍ରାମୀ ଭାବରେ ଇତିହାସରେ ବିଖ୍ୟାତ। ୧୮୭୫ ମସିହା ଆଜିର ଦିନରେ ସେ ଅଧୁନା ଝାଡ଼ଖଣ୍ଡ ରାଜ୍ୟର ଖୁଣ୍ଟି ଜିଲ୍ଲା ଉଲିହାତୁ ଗ୍ରାମରେ ଜନ୍ମଗ୍ରହଣ କରିଥିଲେ। ତାଙ୍କର ବାଲ୍ୟଶିକ୍ଷା ସାଲଗାଠାରେ ଆରମ୍ଭ ହୋଇଥିଲା। ଚାଇଁବସା ମିଶନ୍ ସ୍କୁଲରେ ପଢୁଥିଲାବେଳେ ଗୋରା ପ୍ରଧାନଶିକ୍ଷକ ଆକ୍ରୋଶମୂଳକ ଭାବେ ବିର୍ସାଙ୍କୁ ଚାବୁକରେ ମାଡ଼ ମାରିଥିଲେ ଓ ସ୍କୁଲରୁ ବହିଷ୍କାର କରି ଦେଇଥିଲେ। ସେବେଠାରୁ ପାଠପଢ଼ା ଛାଡ଼ି ବ୍ରିଟିଶ୍ ଶାସନରୁ ଓଡ଼ିଶାକୁ ମୁକ୍ତ କରିବାକୁ ସେ ଲାଗିପଡ଼ିଥିଲେ। ଏଥିପାଇଁ ସ୍ଥାନୀୟ ଆଦିବାସୀଙ୍କୁ ସେ ଏକାଠି କରିଥିଲେ। ସେବକପଟ୍ଟା ନ ଲେଖିବା, ଖଜଣା ନ ଦେବା ଏବଂ ବନ୍ଧୁକ ମୁନକୁ ଡରି ଧର୍ମ ପରିବର୍ତ୍ତନ ନ କରିବାକୁ ସେ ଆଦିବାସୀମାନଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରୁଥିଲେ। ତାଙ୍କ ନେତୃତ୍ୱରେ ଆଦିବାସୀମାନେ ଏକତ୍ରିତ ହୋଇ ଇଂରେଜମାନଙ୍କ ବିରୁଦ୍ଧରେ ସଶସ୍ତ୍ର ବିପ୍ଳବ କରିବା ପାଇଁ ଆଗଭର ହେବାର ଦେଖି ଇଂରେଜ ଶାସକ ପ୍ରମାଦ ଗଣିଲେ। ୧୮୯୫ ମସିହା ଅଗଷ୍ଟ ୧୬ ଦିନ ଇଂରେଜ ସିପାହୀ ବିର୍ସା ମୁଣ୍ଡାଙ୍କ ସମେତ ତାଙ୍କର ୧୫ ଜଣ ସାଥିଙ୍କୁ ଗିରଫ କରିଥିଲେ। ଦେଶଦ୍ରୋହ ଅପରାଧରେ ତାଙ୍କୁ ଦୁଇବର୍ଷ କାରାଦଣ୍ଡ ଦିଆଗଲା। ଏଥିପାଇଁ ତାଙ୍କୁ ରାଞ୍ଚି ଜେଲ୍‌କୁ ପଠାଇ ଦିଆଗଲା। ମହାରାଣୀ ଭିକ୍ଟୋରିଆଙ୍କ ସୁବର୍ଣ୍ଣ ଜୟନ୍ତୀ ପାଳନ ଅବସରରେ ଅନେକ କଏଦୀଙ୍କୁ ମୁକ୍ତ କରି ଦିଆଯାଇଥିଲା। ଏମିତିରେ ବିର୍ସା ଓ ତାଙ୍କର ସହକର୍ମୀମାନେ ମଧ୍ୟ ମୁକ୍ତି ପାଇ ଯାଇଥିଲେ। ତାଙ୍କ ଆହ୍ୱାନରେ ଶହ ଶହ ଯୁବକ ନିଜ ମାତୃଭୂମିକୁ ବିଦେଶୀ ଶାସନ କବଳରୁ ମୁକ୍ତ କରିବାପାଇଁ ଶପଥ ନେଲେ। ସେମାନେ ୧୮୯୯ ମସିହା ଡିସେମ୍ବର ୯ ତାରିଖ ଦିନ ନିଆଁହୁଳା, ଧନୁତୀର ଓ ବର୍ଚ୍ଛା ଧରି ଗୋରାମାନଙ୍କର ବାସଭବନ ଓ ଅଫିସ୍‌ରେ ନିଆଁ ଲଗାଇଦେଲେ। ରାଞ୍ଚି ବିଚାରାଳୟ ଆକ୍ରମଣ କରୁଥିବା ସମୟରେ ସେମାନଙ୍କ ଭିତରୁ ୧୨ଜଣ ଶହୀଦ ହୋଇଥିଲେ। ବ୍ରିଟିଶ୍ ସରକାର ବିର୍ସାଙ୍କୁ ଧରାଇଦେଲେ ପାଞ୍ଚଶହ ଟଙ୍କା ପୁରସ୍କାର ମିଳିବ ବୋଲି ଘୋଷଣା କରିଥିଲେ। ତାଙ୍କର ସନ୍ଧାନ ନେବାପାଇଁ କନେଷ୍ଟବଳ ବୁଦ୍ଧୁରାମ ଓ ଜୟରାମଙ୍କୁ ଇଟିକା ଗ୍ରାମକୁ ପଠାଗଲା। ବିର୍ସାଙ୍କର ମୁଖ୍ୟ ସହକର୍ମୀ ଗୟା ମୁଣ୍ଡା ଅନ୍ୟ ଗ୍ରାମବାସୀଙ୍କ ସହାୟତାରେ ୧୯୦୦ ମସିହା ଜାନୁଆରୀ ୧୫ ତାରିଖରେ ଦୁଇଜଣ କନେଷ୍ଟବଳଙ୍କୁ ହତ୍ୟା କରିଥିଲେ। ଏହାର ପ୍ରତିଶୋଧ ନେଇ ମିଃ ଷ୍ଟ୍ରିଟ୍ ଫିଲ୍ଡ ସଶସ୍ତ୍ର ପୋଲିସ୍ ବାହିନୀ ସହାୟତାରେ ଗୟା ମୁଣ୍ଡାଙ୍କୁ ଗିରଫ କରିବା ସମୟରେ ସେମାନଙ୍କ ଭୀଷଣ ଅସ୍ତ୍ରାଘାତରେ ସେ ମୃତ୍ୟୁବରଣ କରିଥିଲେ। ଏହା ପରେ ବିର୍ସାଙ୍କ ନେତୃତ୍ୱରେ ଗ୍ରାମବାସୀମାନେ ଦମନଲୀଳାର ମୁଖ୍ୟକେନ୍ଦ୍ର ଖୁଣ୍ଟିଥାନାରେ ନିଆଁ ଲଗାଇଦେଲେ, କନେଷ୍ଟବଳ ରଘୁରାମକୁ ହତ୍ୟାକଲେ ଓ ଅନ୍ୟ ପୁଲିସ୍‌ମାନଙ୍କୁ ଥାନା ଛାଡ଼ି ଚାଲିଯିବାକୁ ଧମକ ଦେଲେ। ଏହାର ଜବାବରେ ୩୦୦ ଫୁଟ ଉଚ୍ଚା ଡୋମ୍ବରି ପାହାଡ଼, ଯେଉଁଠି ବିର୍ସା ଓ ତାଙ୍କ ସହକର୍ମୀ ନରସିଂହ ଅନ୍ୟ ସଂଗ୍ରାମୀମାନଙ୍କୁ ଉଦ୍‌ବୋଧନ ଦେଉଥିଲେ, ତାକୁ ଘେରିଗଲେ ଓ ଆତ୍ମସମର୍ପଣ କରିବାପାଇଁ ଘୋଷଣା କଲେ। ବିଦ୍ରୋହୀମାନେ ଏଥିରେ ରାଜି ନ ହୋଇ ପାହାଡ଼ ଉପରୁ ଧନୁତୀର, ବର୍ଚ୍ଛା ଓ ପଥରଦ୍ୱାରା ଇଂରେଜମାନଙ୍କ ଉପରେ ଆକ୍ରମଣ ଆରମ୍ଭ କରିଦେଲେ। ଏହାର ଜବାବରେ ଇଂରେଜମାନଙ୍କ ତରଫରୁ ଗୁଳିଗୋଳା ମାଡ଼ରେ ନରସିଂହ ମୁଣ୍ଡାଙ୍କ ସମେତ ଦୁଇଶହ ବିଦ୍ରୋହୀ ଶହୀଦ୍ ହୋଇ ଯାଇଥିଲେ। ବିର୍ସା ଅଳ୍ପକେ ବର୍ଞ୍ଚିଯାଇ ଆତ୍ମଗୋପନ ପାଇଁ ଚକ୍ରଧରପୁର ଜଙ୍ଗଲକୁ ଚାଲିଗଲେ। କେତେଜଣ ବିଶ୍ୱାସଘାତକଙ୍କ ପାଇଁ ୧୯୦୦ ମସିହା ମାର୍ଚ୍ଚ ୩ ତାରିଖରେ ଇଂରେଜ ସରକାର ତାଙ୍କୁ ଗିରଫକରି ରାଞ୍ଚି ଜେଲ୍‌କୁ ପଠାଇ ଦେଲେ। ତାଙ୍କ ପାଦରେ କଡ଼ା ପିନ୍ଧାଇ ଦିଆଯାଇଥିଲା, ଅନେକ ପ୍ରକାରର ନିର୍ଯାତନା ଦିଆଯାଉଥିଲା ଓ ତାଙ୍କ ଖାଦ୍ୟରେ ବିଷ ମିଶାଇ ଦିଆଯାଇଥିଲା। ମାତ୍ର ପଚିଶ ବର୍ଷ ବୟସ୍କ ବିଦ୍ରୋହୀ ବିର୍ସା ରାଞ୍ଚି ଜେଲ୍‌ରେ ୧୯୦୦ ମସିହା ଜୁନ୍ ୯ ତାରିଖ ଦିନ ଶେଷନିଃଶ୍ୱାସ ତ୍ୟାଗକଲେ। ବିର୍ସା ମୁଣ୍ଡା ଭାରତୀୟ ସ୍ୱାଧୀନତା ସଂଗ୍ରାମର ଜଣେ ଅଗ୍ରଗଣ୍ୟ ସଂଗ୍ରାମୀ ଯାହାଙ୍କର ସାହସ ଓ ବଳିଦାନ ହଜାର ହଜାର ଭାରତୀୟଙ୍କୁ ଅନୁପ୍ରାଣିତ କରିଥିଲା।

## ପ୍ରହେଳିକା



- ସାଗର ଦୁଲଣୀ ନାମେ ବିଖ୍ୟାତ
ତାଙ୍କ ଯୋଗୁଁ ମିଳେ ଧନ ସମ୍ପଦ
କଳା ସାଆନ୍ତଙ୍କ ସେ ପାଟରାଣୀ
ଦୀନ ଦରିଦ୍ରକୁ କରନ୍ତି ଧନୀ
ସ୍ୱଚ୍ଛତା ପରଖି ସିଏ
ମାଣବସା ଦିନ ଗୃହେ ବିରାଜନ୍ତି
କୁହ ତାଙ୍କ ନାମ କିଏ।

ଉତ୍ତର-ଲକ୍ଷ୍ମୀ ମାତା

- ମଗୁଶୁର ମାସ ଗୁରୁବାରରେ
ସଭିଏଁ ପାଳନ୍ତି ସେ ପର୍ବ ଘରେ
ଘରଦ୍ୱାର ଖଳା ଝୋଟିରେ ହସେ
ଧୂପ ନୈବେଦ୍ୟର ମହକ ଆସେ
ଖଟୁଲିରେ ଶୋହେ ଧାନର ବେଣି
ପୂଜନ୍ତି ଭକ୍ତିରେ ସର୍ବ ଗୃହିଣୀ
ପର୍ବ ମଧ୍ୟେ ସିଏ ସାର
ଶଙ୍ଖ ହୁଳହୁଳି ଉଚ୍ଛୁଳି ପଡ଼ଇ
କୁହ ଦେଖି ନାମ ତା'ର।

ଉତ୍ତର-ମାଣବସା ପର୍ବ

- ମାଣବସା ପର୍ବ ଯେବେ ଆସଇ
ଏ ପିଠା ମାତାଙ୍କୁ ଭୋଗ ଲାଗଇ
ଚାଉଳ ଚୂନାରେ ହୁଏ ତିଆରି
ଛେନା ନଡ଼ିଆର ପୁରରେ ଭରି
ହାତକୁ ଲାଗଇ ଭାରି କୋମଳ
ଖାଇବାକୁ ହୁଏ ମନ ବ୍ୟାକୁଳ
ଅଥାରରେ ସିଝା ହୁଏ
ଦେଖିବାକୁ ସିଏ ଧଳା ଫର ଫର
କୁହ ତା'ର ନାମ କିଏ।

ଉତ୍ତର-ମଣ୍ଡାପିଠା

ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା, ଜଗତସିଂହପୁର
ମୋ-୭୩୫୫୬୩୪୩୪୬

## ଆସିଛି ଶୀତ ଶୁଭୁଚି ଗୀତ



ପ୍ରଶାନ୍ତ କୁମାର ଦାଶ

ଆସିଛି ଶୀତ ଶୁଭୁଚି ଗୀତ
ରାତିଟା ଗଲେ ପାହି
ସକାଳ ହେଲେ ଖରା ପଡ଼ିଲେ
ଝଲସେ ଗାଆଁ ସାହି ॥
ସବୁରି ଓଠେ ଭରିବ ହସ
ପଳାଇ ଯିବ ଦୁଃଖ
ଶୀତଟି ସିନା ଥରାଏ ଦେହ
ବାଣ୍ଟୁଥାଏ ସେ ସୁଖ ॥
ଦିନ ଛୁଟିବ ଘୋଡ଼ାଟି ପରି
ରାତି ହୋଇବ ବଡ଼
ନ ଡରି ଶୀତ ଶିଶିର ଦାଉ
ଫୁଟିବ ଗଛେ କଢ଼ ॥
ଚାଷୀ ଦେଖିବ ସୁନା ସପନ
ନରମ ଶେଯେ ଶୋଇ
ସକାଳୁ ସଞ୍ଜ କ୍ଷେତରେ ଚାରା
କେତେ ସେ ଦେବ ରୋଇ ॥
ଶୀତ ଋତୁ ତ ଅମଳ ଋତୁ
ନାନା ଫସଲ ମିଳେ
ରହିବ ନାହିଁ ଦୁଃଖ ଅଭାବ
ଚାଷୀ ଭାଇର ତିଳେ ॥
ଓଷା ପରବ ଗେଲ ଗରବ
ଶୀତ ସଭିଙ୍କୁ ଦେବ
ସୁନ୍ଦର କରି ସରସ ଧରା
ଶେଷେ ମେଲାଣି ନେବ ॥

କୁଞ୍ଜର –ସଙ୍ଗଳାଇ, ପୁରୀ
ମୋ-୯୬୬୮୮୨୨୧୯୦

## ଶୀତ ଗୀତଗାଏ



ରମାକାନ୍ତ ଦାସ

ଶୀତ ଗୀତଗାଏ
କୁହୁଡ଼ି ଖରାରେ
ଶୀତଳ ପବନ ଦେଇ
ଶୀତ ଗୀତଗାଏ
ଗଙ୍ଗଶିଉଳିର
ମଧୁର ମହକେ
ଚଉଦିଗ ମହକାଇ ॥
ଶୀତ ଗୀତଗାଏ
ଧାନ କିଆରିରେ
ଶିଶିର ମୁକୁତା ଥୋଇ
ଶୀତ ଗୀତଗାଏ
ଘର ଅଗଣାରେ
ଦେହକୁ ଦିଏ ଥରାଇ ॥
ଶୀତ ଗୀତଗାଏ
କୁହୁଡ଼ି ଚାଦରେ
ପତରୁ ଝରଇ
ମୁକୁତା ବିନ୍ଦୁ
ଶୀତ ଗୀତଗାଏ
ବରଫ କଣାରେ
ସଜାଇ ତଟିନୀ ସିନ୍ଧୁ ॥
ଶୀତ ଗୀତଗାଏ
ବାଡ଼ି ବଗିଚାରେ
ସୋରିଷ ଫୁଲ ମହକଇ
ଶୀତ ଗୀତଗାଏ
ପୋଖରୀ ତୁଠରେ
ଶୀତଳ ପବନ ଯାଏ ବହି॥
ଶୀତ ଗୀତଗାଏ
ଘାସ ଗାଲିଚାରେ
କୁହୁଡ଼ିର ଆସ୍ତରଣେ
ଶୀତ ଗୀତଗାଏ
ଗାଆଁ ଗଛମାନେ
ସୁରୁଜ ଆଲୋକ ବୁଣେ ॥

ନନ୍ଦିଗ୍ରାମ, ନାଉଗାଁ,
ଜଗତସିଂହପୁର
ମୋ - ୯୬୬୮୮୧୫୩୬୯

## ସୁମନ
# ଶତ୍ରୁତା ହାର ମାନିଲା



ସୁବ୍ରତ ଦାସ



ଜଙ୍ଗଲରେ ହାତୀ ରଜା ହେବା ପରେ ସିଂହର କ୍ରୋଧ ବଢ଼ି ଯାଇଥିଲା। ଯେଉଁମାନେ ହାତୀ ସପକ୍ଷରେ ମତ ଦେଇଥିଲେ, ସିଂହ ସେମାନଙ୍କ ଉପରେ ପ୍ରତିଶୋଧ ନେବା ପାଇଁ ସ୍ଥିର କରିଥିଲା। ସେଥିପାଇଁ ସିଂହ ତା'ର ସମର୍ଥକମାନଙ୍କୁ ଡାକି ହାତୀର ଆଦେଶ ନ ମାନିବାକୁ ପରାମର୍ଶ ଦେଇଥିଲା। ଯେପରି ପୂର୍ବରୁ ଜଙ୍ଗଲରେ ନିଜ ଇଚ୍ଛାରେ ଶିକାର କରୁଥିଲା, ସେପରି କରିବା ପାଇଁ ମତାଉଥିଲା। ଯିଏ ପ୍ରତିବାଦ କରିବ,ତାକୁ ଦଳବଦ୍ଧ ଭାବେ ମିଶି ଆକ୍ରମଣ କରିବେ ବୋଲି ସିଂହ ଚେତାବନୀ ଦେଇଥିଲା। ସିଂହର ସମର୍ଥକମାନେ ତାକୁ ବିଶ୍ୱାସ କରି ହଁ ମାରିଥିଲେ। ଏମିତି କିଛିଦିନ ବିତିଗଲା । ଅନେକ ସମୟରେ ସିଂହ ନିରୀହ ପଶୁପକ୍ଷୀମାନଙ୍କୁ ଶିକାର କରିବା ପାଇଁ ଧମକ ଦେଲା ,ଭୟ ଦେଖାଇଲା । ନିରୀହ ଜୀବଜନ୍ତୁମାନେ ଡରି ହାତୀ ପାଖରେ ପହଞ୍ଚି ଅଭିଯୋଗ କଲେ । ହାତୀ ସମସ୍ତଙ୍କ କଥା ଶୁଣିଲା । ଧୀର ଭାବରେ ହାତୀ ବୁଝାଇଲା; ଧୈର୍ଯ୍ୟ ଧର, ସମୟ ଆସିବ ; ସିଂହର କ୍ରୋଧ ଶାନ୍ତ ହୋଇଯିବ । ସମସ୍ତେ ହାତୀ ଉପରେ ବିଶ୍ୱାସ ରଖି ଜଙ୍ଗଲ ଭିତରକୁ ଚାଲିଗଲେ। ହାତୀ ଖୁବ୍ ଧୈର୍ଯ୍ୟବାନ ଥିଲା । ସମସ୍ତଙ୍କର ଭଲ,ମନ୍ଦ, ଅସୁବିଧା ସମୟରେ ପହଞ୍ଚି ସାହାଯ୍ୟ ସହଯୋଗ କରେ ବୋଲି ଜଙ୍ଗଲର ସବୁ ପଶୁପକ୍ଷୀମାନେ ତାକୁ ଖୁବ୍ ଆଦର କରନ୍ତି । ସେଥିପାଇଁ ତାଙ୍କୁ ଜଙ୍ଗଲର ରଜା ମଧ୍ୟ କରିଛନ୍ତି । ଦିନେ କ୍ରୋଧୀ ସିଂହଟି ତା'ର ଶାବକକୁ ନେଇ ଜଙ୍ଗଲର ଶେଷ ଭାଗ ଆଡ଼କୁ ଶିକାର କରିବା ପାଇଁ ଯାଇଥାଏ । ସିଂହ ସାଙ୍ଗରେ ତା'ର କିଛି ଅନୁଚର ଗଧିଆ, ବିଲୁଆ, ହେଟା କିଶିଆଳ ଥାଆନ୍ତି । ଜଙ୍ଗଲର ଶେଷ ଭାଗରେ ଗୋଟିଏ ଭଙ୍ଗା କୂଅ ଥିଲା । କୂଅଟି ମଧ୍ୟ ଗଭୀରିଆ ହୋଇଥାଏ । ବହୁ ଜୀବ ଜନ୍ତୁ ଅସାବଧାନ ବଶତଃ ସେହି କୂଅରେ ପଡ଼ି ଆଗରୁ ପ୍ରାଣ ହରାଇଛନ୍ତି । ଥରେ ହାତୀ ଜଙ୍ଗଲରେ ସଭା କରି କହିଲା, ଜଙ୍ଗଲ ଶେଷ ଭାଗରେ ଗୋଟିଏ କୂଅ ଅଛି। କୌଣସି ଜୀବ ଜନ୍ତୁ ସେଠାକୁ ଯିବ ନାହିଁ । ସେହି ସ୍ଥାନଟିକୁ ଜାଣିବା ପାଇଁ ଆମ୍ବଗଛଗୁଡ଼ିକୁ ଗୋଲାକାର ଭାବେ କୂଅ ଚାରିପଟେ ଲଗାଯାଇଥିଲା । ସମସ୍ତଙ୍କୁ ବାରଣ କରାଯାଇଥିଲା, ଆମ୍ବ ଗଛଗୁଡ଼ିକୁ ଚିହ୍ନି ସେ ସ୍ଥାନକୁ କୌଣସି ଜୀବଜନ୍ତୁ ନ ଯିବା ପାଇଁ । ମାତ୍ର ସିଂହ ହାତୀର କଥା ନ ମାନି ତା ଦଳ ବଳ ଧରି ଶିକାର କରିବାକୁ ସେଠାକୁ ଯାଇଥିଲା । ସେଠାରେ ସିଂହ ଶାବକଟି ଡିଆଁ ମାରି ଖେଳୁ ଖେଳୁ ହଠାତ୍ ଭଙ୍ଗା କୂଅରେ ପଡ଼ି ଯାଇଥିଲା । ଗଧିଆ ପଡ଼ିଯିବା ଶବ୍ଦ ଶୁଣି ପଡ଼ିଗଲା.. ପଡ଼ିଗଲା ଚିତ୍କାର କରି ସିଂହକୁ କହିଲା । ସମସ୍ତେ ବ୍ୟସ୍ତ ହୋଇ ଦେଖିଲାବେଳକୁ ସିଂହ ଶାବକଟି ସତରେ କୂଅ ଭିତରେ ପଡି ଯାଇଛି । ସିଂହ ଖୁବ୍ ବ୍ୟସ୍ତ ହୋଇ ପଡ଼ିଲା। ଶାବକଟିକୁ କିପରି କୂଅରୁ ଉଦ୍ଧାର କରାଯିବ,ସବୁ ବୁଦ୍ଧି ବାହାର କଲେ ହେଲେ କିଛି କାମ ଦେଲାନି। ଏହି ସମୟରେ ବିଲୁଆ କ୍ଷୀପ୍ର ଗତିରେ ଆସି ହାତୀ ପାଖରେ ପହଞ୍ଚିଲା। ସେତେବେଳେ ହାତୀ ବରଗଛ ମୂଳେ ଶୋଇଥାଏ। ବିଲୁଆର କଥା ଶୁଣି ହାତୀ ଧଡ଼ପଡ ହୋଇ ଉଠି ପଡ଼ିଲା ଓ ଜଙ୍ଗଲ ଭିତରକୁ ଦୌଡ଼ିଲା । ସିଂହ ଏଣେ ବ୍ୟସ୍ତ ହୋଇ ଗର୍ଜନ କରୁଥାଏ । ସିଂହର ଗର୍ଜନ ଶୁଣି ଅଳ୍ପ ସମୟ ଭିତରେ ସବୁ ପଶୁପକ୍ଷୀମାନେ ରୁଣ୍ଡ ହୋଇଗଲେ। ହେଲେ କେହି କିଛି କରି ପାରୁ ନଥିଲେ । ହାତୀ ପହଞ୍ଚି ଦେଖିଲା,କୂଅ ଭିତରେ ସିଂହ ଶାବକଟି ଉବୁଟୁବୁ ହେଉଛି। ସେ ତାର ଶୁଣ୍ଢକୁ କୂଅ ଭିତରକୁ ବଢ଼ାଇଲା । ଶୁଣ୍ଢ ପାଉ ନ ଥାଏ। ଆଉ ସମୟ ବିଳମ୍ବ ନ କରି ହାତୀ ତା ଶୁଣ୍ଢରେ ଗୋଟିଏ ସରୁ ଆମ୍ବ ଗଛ ଉପାଡ଼ି ଦେଲା ଏବଂ ମୂଳ ସହ ଗଛଟିକୁ କୂଅ ଭିତରକୁ ପକାଇଲା । ଗଛର ମୂଳ ସିଂହ ଶାବକ ପାଖକୁ ଲାଗିଗଲା । ସଙ୍ଗେ ସଙ୍ଗେ ସିଂହ ଶାବକଟି ଗଛ ଉପରେ ଚଢ଼ି ଅଗ୍ରଭାଗକୁ ଉଠି ଆସିଲା । ହାତୀ ତା ଶୁଣ୍ଢ ବଢାଇ ଶାବକକୁ ଉପରକୁ ନେଇ ଆସିଲା। ଶାବକଟି ଖୁବ୍ ଖୁସି ହୋଇ ସିଂହ ପାଖକୁ ଦୌଡ଼ିଗଲା । ସିଂହ ତାକୁ ଗେହ୍ଲା କରି ତା ଜିଭରେ ଚାଟି ପକାଇଲା । ସବୁ ପଶୁପକ୍ଷୀମାନେ ଏ ଦୃଶ୍ୟ ଦେଖି ଖୁବ୍ ଖୁସି ହୋଇଗଲେ। ସିଂହର କ୍ରୋଧ ପାଣି ଭଳି ମିଳାଇଗଲା। ତା'ର ଶତ୍ରୁତା ହାର ମାନିଲା । ନିଜର ଭୁଲ ବୁଝିପାରିଲା ଏବଂ ଅପମାନିତ ମନେକରି ହାତୀ ଆଗରେ ଗୋଡ଼ ଯାକି ବସି ପଡ଼ିଲା । ହାତୀ ତା' ଶୁଣ୍ଢ ରେ ସିଂହକୁ ଆଉଁସି ଦେଲା । ସବୁ ପଶୁପକ୍ଷୀ ହାତୀକୁ ପ୍ରଶଂସା କଲେ । ସିଂହ ନିଜର ଭୁଲ ବୁଝି ପାରିଲା ଏବଂ ସମସ୍ତଙ୍କୁ କହିଲା,ବିପଦ ସମୟରେ ସାହାଯ୍ୟ କରିବା ହିଁ ପ୍ରକୃତ ବନ୍ଧୁ। ସେହିଦିନଠାରୁ ସିଂହ ହାତୀର ଉପଦେଶ ମାନିଲା ।

ରାଜେନ୍ଦ୍ରପୁର, ବାରିକପୁରବଜାର, ଭଦ୍ରକ
ମୋ- ୯୪୩୭୭୩୧୯୦୩






ଅନ୍ୱେଷା ପଟ୍ଟନାୟକ
ସପ୍ତମ ଶ୍ରେଣୀ
ଡି.ଏ.ଭି ପବ୍ଲିକ୍ ସ୍କୁଲ
ପୁରୀ





ସାନ୍ୱି ସାମଲ
ଦ୍ୱିତୀୟ ଶ୍ରେଣୀ
କଳିଙ୍ଗ ଇଣ୍ଟରନାସନାଲ ସ୍କୁଲ
ନିମାପଡ଼ା





ସ୍ୱର୍ଣ୍ଣିକା ପ୍ରଧାନ
ଷଷ୍ଠ ଶ୍ରେଣୀ
ସେଣ୍ଟ ଆନିସ କନଭେଣ୍ଟ ସ୍କୁଲ
ସୋନପୁର





ଶାନ୍ତନୁ ଶାନ୍ତିସ୍ୱରୂପ
ଷଷ୍ଠ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ଭୀମଟାଙ୍ଗି, ଭୁବନେଶ୍ୱର

# ସୂର୍ଯ୍ୟକାନ୍ତଙ୍କ ସନ୍ନ୍ୟାସ ଘୋଷଣା

କଟକ,୧୪।୧୧(ସମିସ): ଗତ ସିଜନ ଠାରୁ ରାଜ୍ୟ ବରିଷ୍ଠ ଦଳରୁ ଦୂରେଇ ରଖାଯିବା ପରେ ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ବିରୋଧରେ ଅସନ୍ତୋଷ ବ୍ୟକ୍ତ କରୁଥିବା ସୂର୍ଯ୍ୟକାନ୍ତ ପ୍ରଧାନ ସମସ୍ତ ଫର୍ମାଟରୁ ସନ୍ନ୍ୟାସ ଘୋଷଣା କରିଛନ୍ତି। ରାଜ୍ୟ ଦଳ ଚୟନରେ ପାତରଅନ୍ତର ଅଭିଯୋଗ ଉଠାଇ ସୂର୍ଯ୍ୟକାନ୍ତ ଏଭଳି ନିଷ୍ପତ୍ତି ନେଇଥିବା କହିଛନ୍ତି। ବିଶେଷକରି ମୁଖ୍ୟକୋଚ୍ ସୁରେନ୍ଦ୍ର ଭାବେ ଏବଂ ଚୟନକର୍ତ୍ତା ସୌରଜିତ ମହାପାତ୍ରଙ୍କୁ ଦାୟୀ କରିଛନ୍ତି ଏହି ୩୨ବର୍ଷୀୟ ଅଲରାଉଣ୍ଡର। ତାଙ୍କୁ ଦଳରୁ ଦୂରେଇ ରଖିବା ପଛରେ ସୁରେନ୍ଦ୍ର ଏବଂ ସୌରଜିତଙ୍କ ପ୍ରଚ୍ଛନ୍ନ ହାତ ରହିଥିବା ସେ କହିଛନ୍ତି।



## ସୁରେନ୍ଦ୍ର ଓ ସୌରଜିତଙ୍କୁ ଦାୟୀ କଲେ

ଚଳିତ ରଣଜୀ ସିଜନରେ ଦଳରେ ବାରମ୍ବାର ପରିବର୍ତ୍ତନ କରାଯିବା ସତ୍ତ୍ୱେ ସୂର୍ଯ୍ୟକାନ୍ତଙ୍କୁ ସାମିଲ କରାଯାଇନଥିଲା। ଓଡ଼ିଶାର ପ୍ରଦର୍ଶନ ନିକୃଷ୍ଟ ରହୁଥିଲେ ସୁଦ୍ଧା ତାଙ୍କୁ ଡକରା ମିଳିନଥିଲା। ନାଗାଲାଣ୍ଡ ବିପକ୍ଷ ମ୍ୟାଚ୍‌ରେ ଦଳ ପରିବର୍ତ୍ତନ ନିମନ୍ତେ ଦୁଇ ଦିନ ପୂର୍ବେ ଓସିଏ କାର୍ଯ୍ୟାଳୟରେ ବୈଠକ ବସିଥିଲା। ତେବେ ନାଗାଲାଣ୍ଡ ବିପକ୍ଷ ନୁହେଁ, ପରବର୍ତ୍ତୀ କୌଣସି ମ୍ୟାଚ୍‌ରେ ତାଙ୍କୁ ଦଳରେ ସାମିଲ କରାଯିବ ବୋଲି ବୈଠକ ସ୍ଥଳରୁ ଓସିଏର ଜଣେ ବରିଷ୍ଠ ପଦାଧିକାରୀ ସୂର୍ଯ୍ୟକାନ୍ତଙ୍କୁ ଫୋନ୍ ଯୋଗେ କହିଥିଲେ। ୬୨ଟି ରଣଜୀ ମ୍ୟାଚ୍ ଖେଳିଥିବା ସୂର୍ଯ୍ୟକାନ୍ତ ଫୋନ୍‌କଲ୍‌ରେ ଅସନ୍ତୋଷ ପ୍ରକାଶ କରିବା ସହ କ୍ରିକେଟ ଛାଡ଼ିବାକୁ ନିଷ୍ପତ୍ତି ନେଇଥିଲେ। ଖେଳାଳିଙ୍କ ପ୍ରତିଭା କିମ୍ବା ସେମାନଙ୍କ ପ୍ରଦର୍ଶନକୁ ମାପଦଣ୍ଡ ଭାବେ ବିଚାର କରାଯାଉନାହିଁ। ଚିହ୍ନାଜଣାରେ ରାଜ୍ୟ ଦଳ ଗଠନ ହେଉଛି। ବିଶେଷକରି ଚୟନ କମିଟିର କର୍ମକର୍ତ୍ତା ନିଜ ପରିଚିତ କିମ୍ବା ସେମାନଙ୍କ ଅଧିନ କ୍ଲବର ଖେଳାଳିଙ୍କୁ ରାଜ୍ୟ ଦଳରେ ସୁଯୋଗ ଦେଉଛନ୍ତି ବୋଲି ସୂର୍ଯ୍ୟକାନ୍ତ ଅଭିଯୋଗ କରିଛନ୍ତି। ପ୍ରକାଶଯୋଗ୍ୟ, ସୂର୍ଯ୍ୟକାନ୍ତ ୬୨ଟି ରଣଜୀ ମ୍ୟାଚରୁ ୧୯୭ ୱିକେଟ ଦଖଲ କରିବା ସହ ୧୨୮୦ରନ ସଂଗ୍ରହ କରିଛନ୍ତି। ଏକଦିବସୀୟ ଫର୍ମାଟରେ ୩୫ଟି ମ୍ୟାଚ୍‌ରୁ ୪୬ଟି ୱିକେଟ, ଟି-୨୦ ଫର୍ମାଟରେ ୫୨ଟି ମ୍ୟାଚ୍‌ରୁ ସେ ୪୭ଟି ୱିକେଟ ଅକ୍ତିଆର କରିଛନ୍ତି।

## ଏସୀୟ ତୀରନ୍ଦାଜୀ: ୧୮ ବର୍ଷ ପରେ ଭାରତୀୟ ରିକର୍ଭ ଦଳକୁ ସ୍ୱର୍ଣ୍ଣ

ଢାକା, ୧୪।୧୧ (ଏଜେନ୍ସି): ବାଂଲାଦେଶରେ ଚାଲିଥିବା ଏସୀୟ ତୀରନ୍ଦାଜୀ ଚାମ୍ପିଅନସିପ୍‌ରେ ଯଶଦୀପ୍ ଭୋଗେ, ଅତନୁ ଦାସ ଓ ରାହୁଲଙ୍କୁ ନେଇ ଗଠିତ ଭାରତୀୟ ପୁରୁଷ ରିକର୍ଭ ଦଳ ସୁଟ୍ ଅଫ୍‌ରେ ୫-୪ରେ ଶକ୍ତିଶାଳୀ କୋରିଆକୁ ହରାଇ ଚାମ୍ପିଅନ ହୋଇଛି। ଏଥିସହ ଭାରତ ଦୀର୍ଘ ୧୮ ବର୍ଷ ପରେ ଏହି ଇଭେଣ୍ଟରେ ସ୍ୱର୍ଣ୍ଣିମ ସଫଳତା ପାଇଛି। ପୁରୁଷ ଓ ମହିଳା ରିକର୍ଭ ବ୍ୟକ୍ତିଗତ ଇଭେଣ୍ଟରେ ଭାରତର ବି. ଧୀରଜ ଓ ଅଙ୍କିତା ଭକତ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି।

## ସାଉଦୀ କେକେଆର୍‌ର ବୋଲିଂ କୋଚ୍

କୋଲକାତା, ୧୪।୧୧ (ଏଜେନ୍ସି): ଆଇପିଏଲ୍‌ର ଆଗାମୀ ୧୯ତମ ସଂସ୍କରଣ ଲାଗି କୋଲକାତା ନାଇଟ୍ ରାଇଡର୍ସ (କେକେଆର୍) ନ୍ୟୁଜିଲାଣ୍ଡର ଟିମ୍ ସାଉଦୀଙ୍କୁ ବୋଲିଂ କୋଚ୍ ଭାବେ ନିଯୁକ୍ତ କରିଛି। ୩୬ ବର୍ଷୀୟ କିୱି ଦ୍ରୁତ ବୋଲର ଚଳିତ ବର୍ଷ ପ୍ରାରମ୍ଭରେ ଅନ୍ତର୍ଜାତୀୟ କ୍ରିକେଟ୍‌ରୁ ଅବସର ନେଇଥିଲେ। ଗତକାଲି କେକେଆର୍ ଫ୍ରାଞ୍ଚାଇଜ ପୂର୍ବତନ ଅଷ୍ଟ୍ରେଲୀୟ ଅଲ୍‌ରାଉଣ୍ଡର ଶେନ୍ ୱାଟସନଙ୍କୁ ସହାୟକ କୋଚ୍ ଭାବେ ନିଯୁକ୍ତ କରିଥିଲା।

### ବୁମ୍‌ରାଙ୍କ ଘାତକ ବୋଲିଂ; ପ୍ରଥମ ଦିନରେ ୧୧ ୱିକେଟର ପତନ

# ୧୫୯ରେ ଅଟକିଲା ଦକ୍ଷିଣ ଆଫ୍ରିକା

କୋଲକାତା,୧୪।୧୧(ଏଜେନ୍ସି): ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କ ଘାତକ ବୋଲିଂ ବଳରେ ଏଠାରେ ଶୁକ୍ରବାର ଆରମ୍ଭ ହୋଇଥିବା ଭାରତ ବିପକ୍ଷ ପ୍ରଥମ ଟେଷ୍ଟର ପ୍ରଥମ ଦିନରେ ଦକ୍ଷିଣ ଆଫ୍ରିକାର ପ୍ରଥମ ଇନିଂସ ୧୫୯ ରନ୍‌ରେ ସୀମିତ ରହିଛି। ଦକ୍ଷିଣ ଆଫ୍ରିକାର ଜଣେ ହେଲେ ଖେଳାଳି ବଡ଼ ସ୍କୋର କରିପାରି ନ ଥିଲାବେଳେ ଭାରତ ପକ୍ଷରୁ ବୁମ୍‌ରା ୫ଜଣ ଖେଳାଳିଙ୍କୁ ଆଉଟ କରିଛନ୍ତି। ଇଡେନ୍‌ପିଚ୍ ଉଭୟ ପେସ ଓ ସ୍ପିନ୍‌ଙ୍କୁ ସୁହାଉଥିଲାବେଳେ ଅନଇଭିନ୍ ବାଉନ୍ସ ବ୍ୟାଟରଙ୍କ ଲାଗି ସମସ୍ୟା ସୃଷ୍ଟି କରିଥିଲା। ମହମ୍ମଦ୍ ସିରାଜ ଓ କୁଲଦୀପ ଯାଦବ ୨ଟି ଲେଖାଏଁ, ଅକ୍ଷର ପଟେଲ ଗୋଟିଏ ୱିକେଟ ଅକ୍ତିଆର କରିଛନ୍ତି। ଜବାବରେ ଭାରତ ପ୍ରଥମ ଇନିଂସରେ ଓପନର ଯଶସ୍ୱୀ ଜୟସ୍ୱାଲ (୨୭ ବଲ୍‌ରେ ୧୨ରନ୍)ଙ୍କ ୱିକେଟ ହରାଇ ୨୦ ଓଭର ଖେଳି ୧ ୱିକେଟ ବିନିମୟରେ ୩୭ ରନ୍ ସଂଗ୍ରହ କରିନେଇଛି। ପ୍ରଥମ ଦିନ ଆଲୋକ ଅଭାବରୁ ଖେଳ ବନ୍ଦ ରହିଲା ବେଳକୁ ଲୋକେଶ ରାହୁଲ ୧୩ ଓ ୱାଶିଂଟନ ସୁନ୍ଦର ୬ ରନ୍‌ରେ ବ୍ୟାଟିଂ କରୁଥିଲେ।

ପୂର୍ବରୁ ଦକ୍ଷିଣ ଆଫ୍ରିକା ଦଳ ଟସ୍ ଜିତିବା ପରେ ନିର୍ଦ୍ୱନ୍ଦ୍ୱରେ ପ୍ରଥମେ ବ୍ୟାଟିଂ କରିଥିଲା। ଦଳର ଦୁଇ ଓପନର ମଧ୍ୟ ଭଲ ଆରମ୍ଭ କରିଥିଲେ। ଦକ୍ଷିଣ ଆଫ୍ରିକା ଇନିଂସର ୧୧ତମ ଓଭରରେ ଦଳୀୟ ସ୍କୋର ୫୭ ରନ୍ ହୋଇଥିଲାବେଳେ ର୍‍ୟାନ୍ ରିକେଲଟନ୍‌ଙ୍କୁ ଆଉଟ କରି ଯଶପ୍ରୀତ୍ ବୁମ୍‌ରା ଭାରତକୁ ବ୍ରେକ୍‌ଥ୍ରୁ ଦେଇଥିଲେ। ଏହା ପରେ ଭ୍ରମଣକାରୀ ଦଳ ଘରୋଇ ଦଳର ବୋଲିଂକୁ ଉଚିତ ମୁକାବିଲା କରି ନ ପାରି ୫୫ ଓଭରରେ ମାତ୍ର ୧୫୯ ରନ୍ କରି ଆଉଟ ହୋଇଯାଇଥିଲା। ଦଳ ପକ୍ଷରୁ ୬ଜଣ ଖେଳାଳି ଦୁଇ ଅଙ୍କରେ ପହଞ୍ଚିଥିଲାବେଳେ ୨୩ତମ ବଲ୍‌ରେ ଖାତା ଖୋଲିଥିବା ଆଇଡେନ୍ ମାରକ୍ରମ ସର୍ବାଧିକ ୩୧ ଓ ଟ୍ରିଷ୍ଟାନ୍ ଷ୍ଟବ୍ସ ସର୍ବାଧିକ ୭୪ ବଲ୍ ଖେଳି ୧୫ ରନ୍‌ରେ ଅପରାଜିତ ରହିଥିଲେ। ଅଧିନାୟକ ତେମ୍ବା ବଭୁମାଙ୍କ ବ୍ୟାଟରୁ ମାତ୍ର ୩ ରନ୍ ମିଳିଥିଲା। ଭାରତ ପକ୍ଷରୁ ଅନ୍‌ଇଭିନ୍ ପିଚ୍‌ରୁ ଫାଇଦା ଉଠାଇ ବୁମ୍‌ରା ସର୍ବାଧିକ ୫ଟି ଓ ସିରାଜ ୨ଟି ୱିକେଟ ପାଇଥିଲେ। ପେସ୍ ବୋଲରଙ୍କୁ ୭ଟି ୱିକେଟ ମିଳିଥିଲାବେଳେ ଭାରତର ୪ ଜଣିଆ ସ୍ପିନ୍ ବାହିନୀ ଆଉ ୩ଟି ୱିକେଟ ପାଇଥିଲେ। ୨ଟି ୱିକେଟ ନେଇଥିବା ବାମହାତୀ କୁଳଦୀପ ଯାଦବ କିଛିଟା ଯାଦୁକରୀ ସ୍ପିନ୍ ବୋଲିଂ କରି ୨ଜଣ ଖେଳାଳିଙ୍କୁ ପାଭିଲିୟନ ଫେରାଇଦେଇଥିଲେ।



### କୋଲକାତା ଟେଷ୍ଟ ସ୍କୋର ବୋର୍ଡ

**ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସ: ୧୫୯/୧୦,** ୫୫ ଓଭର (ମାରକ୍ରମ-କ୍ୟା.ପନ୍ତ୍ ବୋ.ବୁମ୍‌ରା-୩୧, ରିକେଟଲଟନ - ବୋ. ବୁମ୍‌ରା - ୨୩, ମୁଲ୍ଡର-ଏଲ୍‌ବିଡବ୍ଲ୍ୟୁ ବୋ.କୁଲଦୀପ-୨୪, ବଭୁମା-କ୍ୟା. ଜୁରେଲ ବୋ.କୁଲଦୀପ-୩, ଡି ଜୋର୍ଜି-ଏଲ୍‌ବିଡବ୍ଲ୍ୟୁ ବୋ.ବୁମ୍‌ରା-୨୪, ଷ୍ଟବ୍ସ-ନଟ୍‌ଆଉଟ-୧୫, ଭେରିନ୍-ଏଲ୍‌ବିଡବ୍ଲ୍ୟୁ ବୋ.ସିରାଜ-୧୬, ୟାନ୍‌ସେନ୍-ବୋ. ସିରାଜ-୦, ବୋଶ୍-ଏଲ୍‌ବିଡବ୍ଲ୍ୟୁ ବୋ.ଅକ୍ଷର-୩, ହାର୍ମର-ବୋ.ବୁମ୍‌ରା-୫, ମହାରାଜ-ଏଲ୍‌ବିଡବ୍ଲ୍ୟୁ ବୋ.ବୁମ୍‌ରା-୦, ଅତିରିକ୍ତ-୧୫।

**ୱିକେଟ ପତନ:** ୧/୫୭, ୨/୬୨, ୩/୭୧, ୪/୧୧୪, ୫/୧୨୦, ୬/୧୪୬, ୭/୧୪୭, ୮/୧୫୪, ୯/୧୫୯, ୧୦/୧୫୯।

**ବୋଲିଂ ବିଶ୍ଳେଷଣ (ଭାରତ)-** ବୁମ୍‌ରା: ୧୪-୫-୨୭-୫, ସିରାଜ: ୧୨-୦-୪୭-୨, ଅକ୍ଷର: ୬-୨-୨୧-୧, କୁଲଦୀପ: ୧୪-୧-୩୬-୨, ଜାଡେଜା: ୮-୨-୧୩-୦, ସୁନ୍ଦର: ୧-୦-୩-୦।

**ଭାରତ ପ୍ରଥମ ଇନିଂସ: ୩୭/୧,** ୨୦ ଓଭର (ଜୟସ୍ୱାଲ-ବୋ.ୟାନ୍‌ସେନ୍-୧୨, ରାହୁଲ-ବ୍ୟାଟିଂ-୧୩, ସୁନ୍ଦର-ବ୍ୟାଟିଂ-୬, ଅତିରିକ୍ତ-୬।

**ୱିକେଟ ପତନ:** ୧/୧୮।

**ବୋଲିଂ ବିଶ୍ଳେଷଣ (ଦ.ଆଫ୍ରିକା)-** ୟାନ୍‌ସେନ୍: ୬-୨-୧୧-୧, ମୁଲ୍ଡର: ୫-୧-୧୫-୦, ମହାରାଜ: ୫-୧-୮-୦, ବୋଶ୍: ୩-୨-୧-୦, ହାର୍ମର: ୧-୧-୦-୦।

### ରାଇଜିଂ ଷ୍ଟାର୍ ଏସିଆ କପ୍

## ୩୨ ବଲ୍‌ରେ ସୂର୍ଯ୍ୟବଂଶୀଙ୍କ ଶତକ

ଢାକା, ୧୪।୧୧ (ଏଜେନ୍ସି): ବାଂଲାଦେଶରେ ଚାଲିଥିବା ରାଇଜିଂ ଷ୍ଟାର୍ ଏସିଆ କପ୍ ଟି-୨୦ କ୍ରିକେଟ୍‌ରେ ଭାରତର ଯୁବ ତାରକା ବୈଭବ ସୂର୍ଯ୍ୟବଂଶୀ ଏକ ବିଧ୍ୱଂସୀ ଇନିଂସ ଖେଳିଛନ୍ତି। ଶୁକ୍ରବାରୟୁଏଇଓଭାରତ-ଏମଧ୍ୟରେଖେଳାଯାଇଥିବା ମ୍ୟାଚରେ ୧୪ ବର୍ଷୀୟ ସୂର୍ଯ୍ୟବଂଶୀ ମାତ୍ର ୩୨ଟି ବଲ୍‌ରେ ଶତକ ପୂରଣ କରିଛନ୍ତି। ଏହି ଇନିଂସରେ ସେ ୩୪୨.୮୬ ଷ୍ଟ୍ରାଇକରେଟ୍‌ରେ ୪୨ ବଲରୁ ୧୪୪ ରନ କରି ଆଉଟ୍ ହୋଇଥିଲେ। ଯେଉଁଥିରେ ୧୧ ଚୌକା ଓ ୧୫ଟି ଛକା ସାମିଲ ରହିଥିଲା। ଫଳରେ ପ୍ରଥମେ ବ୍ୟାଟିଂ କରିଥିବା ଭାରତ-ଏ ୨୦ ଓଭରରେ ୪ ୱିକେଟ୍ ହରାଇ ୨୯୭ ରନର ବିଶାଳ ସ୍କୋର କରିଥିଲା। ଜବାବରେ ୟୁଏଇ ୭ ୱିକେଟ୍‌ରେ ୧୪୯ ରନ୍ କରିବା ସହ ୧୪୮ ରନରେ ପରାସ୍ତ ହୋଇଥିଲା। ଟି-୨୦ ଫର୍ମାଟ୍‌ରେ ଭାରତୀୟ ଭାବେ ଦ୍ରୁତତମ ଶତକ ହାସଲ କରିବାରେ ଋଷଭ ପନ୍ତଙ୍କ ସହ ମିଶି



ସୂର୍ଯ୍ୟବଂଶୀ ତାଲିକାର ୨ୟ ସ୍ଥାନରେ ରହିଛନ୍ତି। ୨୦୧୮ ସୟଦ ମୁସ୍ତାକ ଅଲି ଟ୍ରଫିରେ ଦିଲ୍ଲୀ ପକ୍ଷରୁ ଖେଳି ପନ୍ତ ହିମାଚଳ ପ୍ରଦେଶ ବିପକ୍ଷରେ ୩୨ ବଲରେ ଶତକ ମାରିଥିଲେ। ତେବେ ଗୁଜରାଟର ଉର୍ଭିଲ ପଟେଲ ମାତ୍ର ୨୮ ବଲରେ ଶତକ ପୂରଣ କରି ଟି-୨୦ରେ ଦ୍ରୁତତମ ଶତକ ହାସଲକାରୀ ଭାରତୀୟ ବ୍ୟାଟର୍ ହୋଇଛନ୍ତି। ଉର୍ଭିଲ ୨୦୨୪ରେ ତ୍ରିପୁରା ବିପକ୍ଷରେ ଏହି ବିଧ୍ୱଂସୀ ଇନିଂସ ଖେଳିଥିଲେ।

## ୨୧ରୁ ରାଜ୍ୟ ଟିଟି ଚାମ୍ପିଅନସିପ୍

କଟକ,୧୪।୧୧(ସମିସ): ସିଡିଏ ସେକ୍ଟର-୭ ସ୍ଥିତ ବିଜୁ ପଟ୍ଟନାୟକ ଇନଡୋର ହଲ୍‌ରେ ଆସନ୍ତା ୨୧ରୁ ୩୧ତମ ଆନ୍ତଃଜିଲ୍ଲା ଏବଂ ରାଜ୍ୟ ଟେବଲ ଟେନିସ ଚାମ୍ପିଅନସିପ୍ ଖେଳାଯିବ। ମୋଟ୍ ୧୫ଟି ଇଭେଣ୍ଟରେ ପ୍ରତିଯୋଗିତା ହେବ। ପୁରୁଷ ଏବଂ ଜୁନିୟର ବାଳକ ବିଭାଗରେ ଦଳଗତ ପ୍ରତିଯୋଗିତା ହେବ। ଅନ୍ୟ ସମସ୍ତ ବର୍ଗରେ ଏକକ ପ୍ରତିଯୋଗିତା ହେବ। ଖେଳାଳି ନାମ ପଞ୍ଜୀକରଣ ନିମନ୍ତେ ଆସନ୍ତା ୧୭ ତାରିଖ ଶେଷ ଦିନ ଧାର୍ଯ୍ୟ ହୋଇଛି। ଓଡ଼ିଶାର ଯେ କୌଣସି ଜିଲ୍ଲା କିମ୍ବା ଅନୁଷ୍ଠାନର ଖେଳାଳି ଏଥିରେ ଭାଗ ନେଇ ପାରିବେ। ପ୍ରଦର୍ଶନ ଭିତ୍ତିରେ ଆଗାମୀ ଜାତୀୟ ଚାମ୍ପିଅନସିପ ନିମନ୍ତେ ଖେଳାଳି ବଛାଯିବେ ବୋଲି ଓଡ଼ିଶା ରାଜ୍ୟ ଟେବଲ ଟେନିସ ସଂଘ ସମ୍ପାଦକ ରବୀନ୍ଦ୍ର ପରିଡା ପ୍ରେସବିବୃତ୍ତିରେ ଜଣାଇଛନ୍ତି।

### ରାଜ୍ୟସ୍ତରୀୟ ଶବର କପ ଫୁଟ୍‌ବଲ

## ଫାଇନାଲରେ ଢେଙ୍କାନାଳର ପପୁଲାର

ଯାଁଳା,୧୪।୧୧(ସମିସ): ଢେଙ୍କାନାଳର ପପୁଲାର କ୍ଲବ୍ ଓ ଜଟଣୀର ଉକ୍ରଳ ସ୍ପୋର୍ଟିଂ ମଧ୍ୟରେ ୨୭ତମ ଶବର କପ୍ ଫୁଟବଲ ଟୁର୍ଣ୍ଣାମେଣ୍ଟର ଫାଇନାଲ ମୁକାବିଲା ରବିବାର ଖେଳାଯିବ। ରାଧାଚରଣପୁର ପଡ଼ିଆରେ ଶୁକ୍ରବାର ଖେଳାଯାଇଥିବା ଦ୍ୱିତୀୟ ସେମିଫାଇନାଲରେ ପପୁଲାର କ୍ଲବ୍ ୧-୦ ଗୋଲରେ ବୌଦ୍ଧର ଗେହ୍ଲା କ୍ଲବ୍‌କୁ ହରାଇ ଦ୍ୱିତୀୟ ଦଳ ଭାବେ ଫାଇନାଲରେ ପ୍ରବେଶ କରିଥିଲା। ପୂର୍ବରୁ ଗୁରୁବାର ଖେଳାଯାଇଥିବା ପ୍ରଥମ ସେମିଫାଇନାଲରେ ଉକ୍ରଳ ସ୍ପୋର୍ଟିଂ ୪-୧ ଗୋଲରେ ଆୟୋଜକ ଶବର ସ୍ପୋର୍ଟିଂକୁ ହରାଇ ପ୍ରଥମ ଦଳ ଭାବେ ଫାଇନାଲ ଟିକଟ ହାସଲ କରିଥିଲା। ଶୁକ୍ରବାର ମୁକାବିଲାରେ ବିଜୟୀ ଢେଙ୍କାନାଳ ପକ୍ଷରୁ ଖେଳର ୬୦ତମ ମିନିଟ୍‌ରେ ସୁନୀଲ ସୋରେନ୍ ଏକମାତ୍ର ଗୋଲ ସ୍କୋର କରିଥିଲେ। ଆଜିର ମ୍ୟାଚରେ ଅତିଥି ଭାବେ ସମାଜସେବୀ ପ୍ରଦୀପ କୁମାର ପଟ୍ଟନାୟକ ଯୋଗ ଦେଇଥିଲେ। ଏହି ମ୍ୟାଚକୁ ପରିଚାଳନା କରିଥିଲେ ବିଦେଶୀ ନାଏକ, ଅବିନାଶ ପଟ୍ଟନାୟକ, ସାଇରାମ କିସକୁ ଓ ସୁବାସ ସିଂ।

## ପୁରୁଷ ଜୁନିଅର ହକି ବିଶ୍ୱକପ୍ ଦଳରେ ଓଡ଼ିଶାରୁ ୩ ଖେଳାଳି

ନୂଆଦିଲ୍ଲୀ, ୧୪।୧୧ (ଏଜେନ୍ସି): ତାମିଲନାଡୁରେ ଖେଳାଯିବାକୁ ଥିବା ଆଗାମୀ ଜୁନିଅର ପୁରୁଷ ହକି ବିଶ୍ୱକପ୍ ଲାଗି ଶୁକ୍ରବାର ୧୮ ଜଣିଆ ଭାରତୀୟ ଦଳ ଘୋଷଣା କରାଯାଇଛି। ୨୮ରୁ ଡିସେମ୍ବର ୧୦ ତାରିଖ ପର୍ଯ୍ୟନ୍ତ ଚେନ୍ନଇ ଓ ମଦୁରାଇରେ ଖେଳାଯିବ। ଦୁଇଥର ଅଲିମ୍ପିକ ପଦକ ବିଜେତା ଗୋଲ୍‌ରକ୍ଷକ ପିଆର୍ ଶ୍ରୀଜେଶ ଭାରତୀୟ ଦଳର କୋଚ୍ ରହିଛନ୍ତି।



ଅନମୋଲ୍ ଏକ୍କା



ଆଡ୍ରୋହିତ ଏକ୍କା



ରୋଶନ କୁଜୁର

ଡ୍ରାଗଫ୍ଲିକର ରୋହିତ୍‌ଙ୍କ ନେତୃତ୍ୱରେ ଭାରତୀୟ ଦଳ ଏହି ବିଶ୍ୱକପ୍ ଖେଳିବ। ଘୋଷିତ ଦଳରେ ଓଡ଼ିଶାର ୩ଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ଡିଫେଣ୍ଡର ଅନମୋଲ୍ ଏକ୍କା, ମିଡ୍‌ଫିଲ୍ଡର ଆଡ୍ରୋହିତ ଏକ୍କା ଓ ରୋଶନ କୁଜୁର। ସେହିଭଳି ଦୁଇଜଣିଆ ଅଲ୍ଟରନେଟ୍ ତାଲିକାରେ ଅନ୍ୟତମ ଓଡ଼ିଆ ଖେଳାଳି ରୋହିତ କୁଲ୍ଲୁଙ୍କୁ ନିଆଯାଇଛି। ଜୁନିଅର ପୁରୁଷ ହକି ବିଶ୍ୱକପର ଏହି ୧୪ତମ ସଂସ୍କରଣ ନଭେମ୍ବର

ଭାରତୀୟ ଦଳ: ବିକ୍ରମଜିତ୍ ସିଂହ, ପ୍ରିନ୍ସଦୀପ୍ ସିଂହ (ଉଭୟ ଗୋଲ୍‌ରକ୍ଷକ), ରୋହିତ୍, ତାଲେମ ପ୍ରିୟବ୍ରତ, ଅନମୋଲ ଏକ୍କା, ଅମିର ଅଲି, ସୁନିଲ ପଲକଶାପ୍ପା ବେନ୍ନୁର, ଶ୍ରଦ୍ଧାନନ୍ଦ ତିୱାରୀ (ସମସ୍ତେ ଡିଫେଣ୍ଡର), ଅଙ୍କିତ ପଲ୍, ଇଙ୍ଗଲେମ୍ବା ଲୁୱାଙ୍ଗ, ଆଡ୍ରୋହିତ ଏକ୍କା, ରୋଶନ କୁଜୁର, ମନମୀତ୍ ସିଂହ, ଗୁରଜୋତ୍ ସିଂହ (ସମସ୍ତେ ମିଡ୍‌ଫିଲ୍ଡର), ଅର୍ଶଦୀପ୍ ସିଂହ, ସୌରଭ ଆନନ୍ଦ କୁଶୱାହ, ଅଜିତ୍ ଯାଦବ, ଦିଲରାଜ ସିଂହ(ସମସ୍ତେ ଫରୱାର୍ଡ)। ଅଲ୍ଟରନେଟ୍ ଖେଳାଳି: ରଭନୀତ୍ ସିଂହ ଓ ରୋହିତ୍ କୁଲ୍ଲୁ।

### ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍ ଉଦ୍‌ଘାଟିତ

# ଚତୁର୍ଥ ରାଉଣ୍ଡ ସୁଦ୍ଧା ଶୀର୍ଷରେ ଭିକ୍ଟୋରିଆ ଭିକ୍ଟର୍ସ

ଭୁବନେଶ୍ୱର, ୧୪।୧୧ (ସମିସ): ଅଲ ଓଡ଼ିଶା ଚେସ୍ ଆସୋସିଏସନ (ଏଓସିଏ) ଓ ଆଇକନିକ୍ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍)ର ମିଳିତ ସହଯୋଗରେ ଆଜିଠାରୁ ଆରମ୍ଭ ହୋଇଛି ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍। ପ୍ରଥମଥର ଏପରି ଏକ ଫ୍ରାଞ୍ଚାଇଜଭିତ୍ତିକ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶାରେ ଆରମ୍ଭ ହୋଇଛି। ଏଥିରେ ୧୨ଟି ଟିମ୍ ଓ ୯୬ଜଣ ଖେଳାଳି ଅଂଶଗ୍ରହଣ କରିଛନ୍ତି। ୧୫ ମିନିଟ୍ ୧୦ ସେକେଣ୍ଡ ବିଶିଷ୍ଟ ରାଉଣ୍ଡ ରବିନ୍ ଲିଗ୍ ଭିତ୍ତିରେ ଖେଳାଯିବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟରେ ପ୍ରତ୍ୟେକ ଦଳ ୧୧ଟି ମ୍ୟାଚ୍ ଖେଳିବେ ଓ ଆସନ୍ତା ରବିବାର ଏହା ଉଦ୍‌ଯାପିତ ହେବାର କାର୍ଯ୍ୟକ୍ରମ ରହିଛି। ଟୁର୍ଣ୍ଣାମେଣ୍ଟର ପ୍ରଥମ ଦିନ ବା ଆଜି ଖେଳାଯାଇଥିବା ପ୍ରଥମ ୪ ରାଉଣ୍ଡ ଖେଳ ଶେଷରେ ୪ଟି ଦଳ ୬ ପଏଣ୍ଟ ଲେଖାଏଁ ସଂଗ୍ରହ କରିଛନ୍ତି। କିନ୍ତୁ ଟାଇବ୍ରେକରରେ ଭିକ୍ଟୋରିଆ ଭିକ୍ଟର୍ସ ପ୍ରଥମ, ବାରବାଟୀ ବ୍ୟାଟଲର୍ସ ଦ୍ୱିତୀୟ, ଗୋଲକୁଣ୍ଡା ଗାର୍ଡିଆନ୍ସ ତୃତୀୟ ଓ ମହାନଦୀ ଫାଲକନ ଚତୁର୍ଥ ସ୍ଥାନରେ ରହିଛି। ଏମାନଙ୍କ ପଛକୁ ଆଉ ୩ଟି ଦଳ ୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଛନ୍ତି। ଯଥାକ୍ରମେ ୫ମରୁ ୭ମ ସ୍ଥାନରେ ଥିବା ରାଜଧାନୀ ଚ୍ୟାଲେଞ୍ଜର୍ସ, ଚୋଲା ଚାମ୍ପିଅନ୍ସ ଓ ଅମ୍ବର ଆଭେଞ୍ଜର୍ସ ରହିଛନ୍ତି। ପୂର୍ବରୁ ଏହି ଟୁର୍ଣ୍ଣାମେଣ୍ଟର ଉଦ୍‌ଘାଟନୀ ଉତ୍ସବରେ ବିଜେପି ନେତା ଗୋଲକ ମହାପାତ୍ର, ସୋନପୁର ପରିବାର ଅଦାଲତ ବିଚାରପତି ପ୍ରଶାନ୍ତ ମିଶ୍ର, ଏସ୍‌ଆର୍‌ବି ଆସୋସିଏଟ୍ସର ରାଜୀବ ସାହୁ, ଡ. ଜ୍ୟୋତି ଦାସ, ଏସ୍. ସତ୍ୟପ୍ରଜ୍ଞ, ଆଇକନିକ୍ ସ୍ପୋର୍ଟ୍ସର ତିନି ନିର୍ଦ୍ଦେଶକ ଯଥା- ଡ. ଚିଦାମ୍ବିକା ଖଟୁଆ, ଡ. ସଞ୍ଜୟ ଚୌଧୁରୀ, ଡ. ସେକ୍ ଅବ୍‌ଦୁଲ୍ ସମିମ୍ ଅତିଥି ଭାବେ ଯୋଗ ଦେଇଥିଲେ। ଅଲଓଡ଼ିଶା ଚେସ୍ ସଂଘ ସମ୍ପାଦକ ଦେବବ୍ରତ ଭଞ୍ଜ, କର୍ମକର୍ତ୍ତା ଓ ଆଇଏସ୍‌ଏଫ୍‌ର କର୍ମକର୍ତ୍ତାମାନେ ଏହି ଉତ୍ସବରେ ଉପସ୍ଥିତ ଥିଲେ। ଟୁର୍ଣ୍ଣାମେଣ୍ଟକୁ ଆଇଏ ସୁରେଶ ସାହୁ, ଆଇଏ ତାପସ କୁମାର ମହାନ୍ତି, ଆଇଏ ସନ୍ତୋଷ ମହାପାତ୍ର, ଆଇଏ ପିଙ୍କି ମହାପାତ୍ର ଓ ଏସ୍‌ଏନ୍‌ଏ ଦିଲୀପ ରଣା ପ୍ରମୁଖ ପରିଚାଳନା କରୁଛନ୍ତି। ମୋଟ ୧୦ ଲକ୍ଷ ଟଙ୍କାର ପୁରସ୍କାର ରଖାଯାଇଛି। ଏହା ମଧ୍ୟରୁ ଚାମ୍ପିଅନ ଦଳକୁ ୫ଲକ୍ଷ ଟଙ୍କା ଓ ଟ୍ରଫି ଦିଆଯିବ।







PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS